
# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

VOLUME- 43 ◆ISSUE-156 ◆TUESDAY ◆2 DECEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୫୬ ◆ମଙ୍ଗଳବାର ◆୨ ଡିସେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦

ବିବାହ ବନ୍ଧନରେ ସାମନ୍ଥା

▶ପୃଷ୍ଠା ୧୧ ଦେଖନ୍ତୁ...

# ଆରମ୍ଭରୁ ଏସ୍ଆଇଆର୍ ତାତି

## ପ୍ରଥମ ଦିନରେ ସଂସଦ ଅଚଳ

■ ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଆଜି ଠାରୁ ଆରମ୍ଭ ହୋଇଥିବା ସଂସଦର ଶୀତକାଳୀନ ଅଧିବେଶନ ସରଗରମ ରହିଛି । ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସ୍ଆଇଆର୍‌କୁ ନେଇ ସରକାର ଏବଂ ବିରୋଧୀ ମୁହାଁମୁହିଁ ହୋଇ ରହିଥିବାରୁ ସଂସଦର ଉଭୟ ଗୃହ ପ୍ରଥମ ଦିନରୁ ଅଚଳ ହୋଇପଡ଼ିଛି । ଏସ୍ଆଇଆର୍ ଉପରେ ତୁରନ୍ତ ଆଲୋଚନା କରିବାକୁ ବିରୋଧୀ ଦଳମାନେ ଦାବି କରିଥିବା ବେଳେ ସରକାର ତୁରନ୍ତ ଆଲୋଚନା ପାଇଁ ରାଜି ହେଉ ନାହାନ୍ତି । ବିରୋଧୀ ସଭ୍ୟମାନଙ୍କ ହଟ୍ଟଗୋଳ ଯୋଗୁଁ ଉଭୟ ଲୋକସଭା ଏବଂ ରାଜ୍ୟସଭାକୁ ଆସନ୍ତାକାଲି ପର୍ଯ୍ୟନ୍ତ ମୁଲତବୀ କରିଦିଆଯାଇଛି ।

ଆଜି ସଂସଦ ବୈଠକ ଆରମ୍ଭ ହେବାମାତ୍ରେ ବିରୋଧୀ ଦଳମାନେ ଏସ୍ଆଇଆର୍ ଉପରେ ତୁରନ୍ତ ଆଲୋଚନା କରିବାକୁ ଦାବି କରିଥିଲେ । ଅଧ୍ୟକ୍ଷ ଏଥିପାଇଁ ଅନୁମତି ନଦେବାରୁ ସେମାନେ ହଟ୍ଟଗୋଳ କରିଥିଲେ । ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ କହିଥିଲେ ଯେ ଏସ୍ଆଇଆର୍ ଉପରେ ଆଲୋଚନା ପାଇଁ ସରକାର ରାଜି ଅଛନ୍ତି । କିନ୍ତୁ ଏହି ଆଲୋଚନା ବିରୋଧୀଙ୍କ ସର୍ତ୍ତ ଅନୁଯାୟୀ ହେବ ନାହିଁ । ଗତକାଲି ଅନୁଷ୍ଠିତ ସର୍ବଦଳୀୟ ବୈଠକରେ କିଛି ବିରୋଧୀ ଦଳ ଏହା ଉପରେ ଆଲୋଚନା କରିବାକୁ ପ୍ରସ୍ତାବ ଦେଇଥିଲେ । ଏହି ପ୍ରସ୍ତାବ ସରକାରଙ୍କର ବିଚାରାଧୀନ ଅଛି । ଏଥିପାଇଁ ସମୟ ଦରକାର । କିନ୍ତୁ ତୁରନ୍ତ ଆଲୋଚନା ପାଇଁ ବିରୋଧୀଙ୍କ ଦାବି ଗ୍ରହଣଯୋଗ୍ୟ ନୁହେଁ । ଆଲୋଚନା କେବେ ହେବ ଏବଂ କେତେ ସମୟ ପାଇଁ ହେବ, ତାହା କେବଳ ଗୃହ ପରିଚାଳନା କମିଟି ସ୍ଥିର କରିବ । ଗୃହରେ ଆହୁରି ଅନେକ ପ୍ରସଙ୍ଗ ରହିଥିବାରୁ ତୁରନ୍ତ ଏସ୍ଆଇଆର୍ ଉପରେ ଆଲୋଚନା ହୋଇପାରିବ ନାହିଁ ବୋଲି ରୋକଠୋକ୍ ଜଣାଇଦେଇଥିଲେ । ମନ୍ତ୍ରୀଙ୍କର ଏଭଳି ଉତ୍ତରରେ ଅସନ୍ତୋଷ ପ୍ରକାଶ କରି ବିରୋଧୀ ଦଳ ସଭ୍ୟମାନେ କକ୍ଷତ୍ୟାଗ କରିଥିଲେ ।



**ଆଲୋଚନା ପାଇଁ ସରକାର ରାଜି, କିନ୍ତୁ ବିରୋଧୀଙ୍କ ସର୍ତ୍ତରେ ନୁହେଁ: ମନ୍ତ୍ରୀ**

ବାଚସ୍ପତି ଓମ୍ ବିର୍ଲାଙ୍କ ତାଗିଦ ସତ୍ତ୍ୱେ ଲୋକସଭାରେ ବିରୋଧୀ ସଭ୍ୟମାନେ ଏସ୍ଆଇଆର୍ ଉପରେ ଆଲୋଚନା ପାଇଁ ଜିଦ୍ ଧରିଥିଲେ । ଫଳରେ ଗୃହକୁ ପ୍ରଥମେ ୧୨ଟା ପର୍ଯ୍ୟନ୍ତ, ପୁଣି ୨ଟା ପର୍ଯ୍ୟନ୍ତ ଏବଂ ଶେଷରେ ଆସନ୍ତାକାଲି ପର୍ଯ୍ୟନ୍ତ ମୁଲତବୀ କରିଦିଆଯାଇଛି । ତେବେ ଏହି ସମୟ ମଧ୍ୟରେ କେନ୍ଦ୍ର ଅର୍ଥ ମନ୍ତ୍ରୀ ନିର୍ମଳା ସୀତାରମଣ ତିନିଟି ବିଲ୍ ଆଗତ କରିଥିଲେ । ୨ଟା ପରେ ମଧ୍ୟ ହଟ୍ଟଗୋଳ ଜାରି ରହିବାରୁ ଆସନ୍ତାକାଲି ପର୍ଯ୍ୟନ୍ତ ଗୃହକୁ ମୁଲତବୀ ଘୋଷଣା କରିଥିଲେ ବାଚସ୍ପତି ।

ରାଜ୍ୟସଭାରେ ମଧ୍ୟ ଏସ୍ଆଇଆର୍ ପ୍ରସଙ୍ଗରେ ହଟ୍ଟଗୋଳ ହୋଇଥିଲା । ତେ।ବେ ଗୃହ ପ୍ରଥମେ ନବନିର୍ବାଚିତ ଉପରାଷ୍ଟ୍ରପତି ତଥା ଗୃହର ନୂଆ ଅଧ୍ୟକ୍ଷ ସିପି ରାଧାକ୍ରିଷ୍ଣନଙ୍କୁ ସବୁ ଦଳର ସଭ୍ୟମାନେ ସ୍ୱାଗତ ଜଣାଇଥିଲେ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜିର ଦିନକୁ ଐତିହାସିକ ବୋଲି କହିଥିଲେ । ବିରୋଧୀ ଦଳର ନେତା ମଲ୍ଲିକାର୍ଜୁନ ଖଡ଼ଗେ ମଧ୍ୟ ▶ପୃଷ୍ଠା-୭

## ‘ସକାଳ’ର ୫ମ ସ୍ୱନକ୍ଷତ୍ର ଦିବସ

# ୫ ସହରରେ ମିନି ମାରାଥନ୍: ଦୌଡ଼ିଲା ଓଡ଼ିଶା

■ ଭୁବନେଶ୍ୱର, ୧।୧୨ (ସମିସ): ‘ସକାଳ’ର ୫ମ ସ୍ୱନକ୍ଷତ୍ର ଅବସରରେ ରାଜଧାନୀ ଭୁବନେଶ୍ୱର, ବାଲେଶ୍ୱର, ରାଉରକେଲା, ସମ୍ବଲପୁର ଓ ଜୟପୁର ଆଦି ୫ଟି ସ୍ଥାନରେ ଅନୁଷ୍ଠିତ ହୋଇଛି ମିନି ମାରାଥନ । ସକାଳ ୬ଟାରେ ରାଜ୍ୟର ୫ ସହରରେ ଏକ ସମୟରେ ଆରମ୍ଭ ହୋଇଥିବା ମିନି ମାରାଥନରେ ବିଭିନ୍ନ ବର୍ଗର ହଜାର ହଜାର ବ୍ୟକ୍ତିବିଶେଷ ସାମିଲ ହୋଇଛନ୍ତି । ଭୁବନେଶ୍ୱରରେ ଶିଶୁଭବନ ଛକରୁ ଆରମ୍ଭ ହୋଇଥିବା ମିନି ମାରାଥନ ୟୁନିଟ୍-୩ ପ୍ରଦର୍ଶନୀ ପଡ଼ିଆ ନିକଟସ୍ଥ ଏକାମ୍ର ହାଟରେ ଶେଷ ହୋଇଛି । ପ୍ରଥମ ଓଡ଼ିଆ ମହିଳା ଗ୍ରାଣ୍ଡ ମାଷ୍ଟର କିରଣ ମନିଷା ମହାନ୍ତି, ପ୍ରଥମ ଓଡ଼ିଆ ବିଶ୍ୱ ଚେସ୍ ଚାମ୍ପିଅନ୍ ପଦ୍ମିନୀ ରାଉତ, ଓଲିଉଡ ଅଭିନେତ୍ରୀ ପୁନମ୍ ମିଶ୍ର, ଅଭିନେତ୍ରୀ ଦେବଯାନୀ, ହିରୋ ମୋଟୋ କର୍ପ ଏରିଆ ମ୍ୟାନେଜର ଉଜ୍ଜ୍ୱଳ କୋହଲି ପ୍ରମୁଖ ପତାକା ହଲାଇ ମିନି ମାରାଥନକୁ ଉଦ୍‌ଘାଟନ କରିଥିଲେ । ଉଦ୍‌ଯାପନୀରେ ମୁଖ୍ୟଅତିଥି ଭାବେ ଭୁବନେଶ୍ୱର ମେୟର ସୁଲୋଚନା ଦାସ ଯୋଗଦେଇ ‘ସକାଳ’ ଓ ‘ନନ୍ଦିଘୋଷ ଟିଭି’ର ଉଦ୍ୟମକୁ ବେଶ୍ ପ୍ରଶଂସା କରିଥିଲେ । ୫ବର୍ଷ ପୂର୍ବରୁ ଜନ୍ମ ନେଇଥିବା ‘ସକାଳ’ ଓ ‘ନନ୍ଦିଘୋଷ ଟିଭି’ ନିଛକ ଖବର ପ୍ରସାରଣ କରି କିଭଳି ଘରେ ଘରେ ପରିଚିତ ହୋଇପାରିଛି ଓ ▶ପୃଷ୍ଠା-୭




## ବାରବାଟୀ ଟି-୨୦ ଆଉ ୭ ଦିନ

# ୪୫ ମିନିଟରେ ସରିଗଲା ଅନ୍‌ଲାଇନ୍ ଟିକଟ

■ କଟକ, ୧।୧୨ (ସମିସ): ବାରବାଟୀ ଟି-୨୦କୁ ଆଉ ୭ଦି ବାକି ଥିବାବେଳେ ସୋମବାରଠାରୁ ଟିକଟ୍ ବିକ୍ରି ଆରମ୍ଭ ହୋଇଛି । ୪୫ ମିନିଟରେ ୨ହଜାର ଅନଲାଇନ ଟିକଟ ବୁକିଂ ହୋଇଗଲା । ଆଜି ଦିନ ଠିକ୍ ୨ଟାରେ ଡିଷ୍ଟ୍ରିକ୍ଟ ବାଏ ଜୋମାଟୋ ଆପ୍ଲିକେସନ୍‌ରେ ଟିକଟ ଉପଲବ୍ଧ ହୋଇଥିବା ବେଳେ ପ୍ରଥମ କିଛି କ୍ଷଣରେ ଗ୍ୟାଲେରୀ ଟିକଟଗୁଡ଼ିକ ବୁକିଂ ଶେଷ ହୋଇଯାଇଥିଲା । ଏସି ବକ୍ସ, ସ୍ପେଶିଆଲ ଏନକ୍ଲୋଜର ଭଳି ଦାମୀ ଟିକଟ ଗୁଡିକ ବିଳମ୍ବରେ ସରିଥିଲା । ତେବେ ଗତ ମ୍ୟାଚ୍ ତୁଳନାରେ ଚଳିତଥର ଅନଲାଇନ୍‌ରେ କମ୍ ସଂଖ୍ୟକ ଟିକଟ ଆଶାୟୀ ଆପ୍ଲିକେସନ୍ ହିଟ୍ କରିଥିବା ଦେଖିବାକୁ ମିଳିଥିଲା । ଏଥର ମାତ୍ର ୨ହଜାର ଟିକଟ ଅନଲାଇନ୍ ▶ପୃଷ୍ଠା-୭



**୩ରେ ଟିକଟ କିଣିବେ ଅନୁବନ୍ଧିତ ୟୁନିଟ୍**

**୫ରେ ଖୋଲିବ ୫ଟି କାଉଣ୍ଟର; ମହିଳାଙ୍କ ନିମନ୍ତେ ଦୁଇଟି**

# ଡିଜିଟାଲ ଆରେଷ୍ଟ ମାମଲାର ତଦନ୍ତ କରିବ ସିବିଆଇ

## ସମ୍ପୂର୍ଣ୍ଣ ସ୍ୱାଧୀନତା ଦେଲେ ସୁପ୍ରିମକୋର୍ଟ

■ ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ‘ଡିଜିଟାଲ ଆରେଷ୍ଟ’କୁ ନେଇ ସୁପ୍ରିମକୋର୍ଟ ଚିନ୍ତା ପ୍ରକଟ କରିଛନ୍ତି । ଦ୍ରୁତ ଗତିରେ ବଢ଼ୁଥିବା ଏଭଳି ସାଇବର କ୍ରାଇମ ଉଦବେଗଜନକ ସ୍ଥିତି ସୃଷ୍ଟି କରିଥିବାରୁ ଏହାର ତଦନ୍ତ ପାଇଁ ସର୍ବୋଚ୍ଚ ନ୍ୟାୟାଳୟ ସିବିଆଇକୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ଯାଞ୍ଚରେ ସିବିଆଇକୁ ସହଯୋଗ କରିବା ପାଇଁ ରାଜ୍ୟଗୁଡ଼ିକୁ ନିର୍ଦ୍ଦେଶ ଦେଇଛନ୍ତି । ଏଭଳି ଠକେଇରେ ବ୍ୟାଙ୍କରମାନଙ୍କ ଭୂମିକାର ମଧ୍ୟ ଯାଞ୍ଚ କରାଯିବ । ପ୍ରଥମ ଥର ପାଇଁ ସିବିଆଇ ଏଭଳି ମାମଲାର ଯାଞ୍ଚ କରିବାକୁ ଯାଉଛି । ଏଥିପାଇଁ କେନ୍ଦ୍ରୀୟ ଏଜେନ୍ସିକୁ ଅଖଣ୍ଡ କ୍ଷମତା ଦିଆଯାଇଛି । ଡିଜିଟାଲ ଆରେଷ୍ଟ ସମ୍ବନ୍ଧିତ ମାମଲାରେ ବ୍ୟାଙ୍କ ଅଧିକାରୀଙ୍କୁ ଜେରା ଏବଂ ଫୋନ ତଥ୍ୟ ▶ପୃଷ୍ଠା-୭

**ଯୋଜନା ବ୍ୟୟ ନୈରାଶ୍ୟଜନକ**

# ୭ ମାସରେ ୩୯% ଖର୍ଚ୍ଚ

■ ଭୁବନେଶ୍ୱର, ୧।୧୨ (ସମିସ): ରାଜ୍ୟରେ ବିତ୍ତୀୟ ପରିଚାଳନାରେ ଦୁର୍ବଳତାକୁ ନେଇ ବିଭିନ୍ନ ସମୟରେ ଅଭିଯୋଗ ହୋଇ ଆସୁଛି । ବିଶେଷକରି ବଜେଟ ଅର୍ଥ ଖର୍ଚ୍ଚକୁ ନେଇ ସରକାରଙ୍କ ଉପରେ ପ୍ରଶ୍ନବାଚୀ ଉଠୁଥିବା ବେଳେ ଆଜି ଗୃହରେ ଏକ ତାରକା ପ୍ରଶ୍ନର ଉତ୍ତରରେ ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ରଖିଥିବା ତଥ୍ୟ ରାଜ୍ୟର ଅର୍ଥନୀତିଜ୍ଞମାନଙ୍କୁ ନିରାଶ କରିଛି । ଗତ ୭ ମାସ ମଧ୍ୟରେ ଆର୍ଥିକ ବ୍ୟୟ ମାତ୍ର ୩୯% ରହିଥିବା ଓ ଆଗାମୀ ଦିନଗୁଡ଼ିକରେ ଯୋଜନା ବ୍ୟୟ ବୃଦ୍ଧି ପାଇବ ବୋଲି ଉଲ୍ଲେଖ କରି ଗତବର୍ଷ ତୁଳନାରେ ଚଳିତ ବର୍ଷ ଏହି ସମୟରେ ଅଧିକ ୩ ପ୍ରତିଶତ ବ୍ୟୟ ହୋଇଥିବା ଶ୍ରୀ ହରିଚନ୍ଦନ କହିଛନ୍ତି । ବିରୋଧୀ ବିଜେଡି ଓ କଂଗ୍ରେସ ରାଜ୍ୟ ସରକାରଙ୍କ ଏଭଳି ଆଭିମୁଖ୍ୟକୁ କଟୁ ସମାଲୋଚନା ସହ କ୍ଷୋଭ ପ୍ରକାଶ କରିଛନ୍ତି । ଆର୍ଥିକ ବର୍ଷ ଶେଷ ହେବାକୁ ଆଉ ମାତ୍ର କେଇମାସ ବାକିଥିବା ବେଳେ ବଜେଟ ବରାଦ ପୂର୍ଣ୍ଣ ଖର୍ଚ୍ଚ ହୋଇ ନ ପାରିବା ଆଶଙ୍କା ସୃଷ୍ଟି କରିଛି । ୨୦୨୫-୨୬ ଆର୍ଥିକ ବର୍ଷର ମାସ ୭ ମାସରେ ବଜେଟ ଅର୍ଥ ବ୍ୟୟ ମାତ୍ର ୩୯ ପ୍ରତିଶତ ମଧ୍ୟରେ ରହିବାକୁ ନେଇ ବିରୋଧୀ ପ୍ରଶ୍ନ ଉଠାଇଛନ୍ତି । ଆର୍ଥିକ ବର୍ଷ ସରିବାକୁ ହାତରେ ମାତ୍ର ଆଉ ୫ ମାସ ସମୟ ଥିବା ବେଳେ ଆଉ ମାତ୍ର ୧୫ରୁ ୨୦ ପ୍ରତିଶତ ବ୍ୟୟ ସମ୍ଭାବନା ରହିଛି, ତେଣୁ ଡବଲ ଇଞ୍ଜିନ ଓଡ଼ିଶାରେ କାମ କରୁଛି ତ ବୋଲି ବିରୋଧୀ ପ୍ରଶ୍ନ କରିଛନ୍ତି ।

**■ ଆର୍ଥିକ ପ୍ରଦର୍ଶନକୁ ନେଇ ବିରୋଧୀଙ୍କ କ୍ଷୋଭ**

**■ ୫ ମାସରେ ବ୍ୟୟ ହେବ ବଳକା ଅର୍ଥ: ମନ୍ତ୍ରୀ**

ସୋମବାର ପ୍ରଶ୍ନକାଳ ଆରମ୍ଭରେ ବଜେଟ ଅର୍ଥ ଖର୍ଚ୍ଚରେ ନୈରାଶ୍ୟଜନକ ପ୍ରଦର୍ଶନକୁ ନେଇ କ୍ଷୋଭ ପ୍ରକାଶ କରିଥିଲେ ବିଜେଡିର ବରିଷ୍ଠ ବିଧାୟକ ପ୍ରତାପ କେଶରୀ ଦେବ । ସେ ▶ପୃଷ୍ଠା-୭



**ଦୁଇ ରାଜପଥର ସଂଯୋଗସ୍ଥଳରେ ରାସ୍ତାରୋକ**

**ପ୍ରଶାସନର ପ୍ରତିଶ୍ରୁତି ପରେ ହଟିଲା ଅବରୋଧ**

## ସମ୍ବଲପୁରରେ ଧାନକିଣା ଅବ୍ୟବସ୍ଥା

# ଅର୍ଥନୈତିକ ଅବରୋଧ କଲେ ଚାଷୀ

■ ସମ୍ବଲପୁର, ୧।୧୨ (ସମିସ): ସମ୍ବଲପୁର ଜିଲ୍ଲାରେ ଖରିଫ୍ ଧାନ ସଂଗ୍ରହ ଏଯାଏଁ ଆରମ୍ଭ ହୋଇପାରିନାହିଁ । ଚଳିତବର୍ଷ ଆଗୁଆ ମୌସୁମୀ ଯୋଗୁଁ ଭଲ ଅମଳ ହୋଇଛି । ଅକ୍ଟୋବରରୁ ଚାଷୀ ଅମଳ ଆରମ୍ଭ କଲାଣି । କ୍ଷେତ ଓ ଖଳାରେ ଧାନ ଜମା ହୋଇଛି । କିନ୍ତୁ ଧାର୍ଯ୍ୟ ଦିନକୁ ୪ ଦିନ ବିତିଯାଇଥିଲେ ହେଁ ଏଯାଏଁ ଧାନ କିଣା ହୋଇନାହିଁ । ଏହାକୁ ନେଇ ଚାଷୀର ରୋଷ ସୀମା ଲଂଘିଛି । ଆଜି ଦିନ ୧୧ଟାରେ ଶହଶହ ସଂଖ୍ୟାରେ ଚାଷୀ ସକାଳ ୧୧ଟାରେ ଜାତୀୟ ରାଜପଥ-୫୩ ଓ ଜାତୀୟ ରାଜପଥ-୫୫ର ସଂଯୋଗସ୍ଥଳ ସିନ୍ଦୂରପଙ୍କ ତୁମ୍ବେସିଂହା ଛକରେ ଅର୍ଥନୈତିକ ଅବରୋଧ କରିଛନ୍ତି । ଫଳରେ ଉଭୟ ପାର୍ଶ୍ୱରେ ଶହଶହ ସଂଖ୍ୟାରେ ଟ୍ରକ୍ ଅଟକି ରହିଥିଲା । ଗୋଟିଏପଟେ ରେମେଡ୍ ଛକ ଓ ▶ପୃଷ୍ଠା-୭

## ଶତାୟୁ ଡାକ୍ତରାଣୀ ଲକ୍ଷ୍ମୀବାଇଙ୍କ ମହାନତା

# ଭୁବନେଶ୍ୱର ଏମ୍ସକୁ ଦେଲେ ୩.୪୦ କୋଟି

■ ବ୍ରହ୍ମପୁର, ୧।୧୨ (ସମିସ): ବ୍ରହ୍ମପୁରର ଖ୍ୟାତନାମା ତଥା ଅବସରପ୍ରାପ୍ତ ପ୍ରସୂତି ଓ ସ୍ତ୍ରୀ ରୋଗ ବିଶେଷଜ୍ଞ ଡାକ୍ତର ଲକ୍ଷ୍ମୀବାଇ ନିଜର ଜୀବନବ୍ୟାପୀ ସଞ୍ଚିତ ଅର୍ଥ ୩ କୋଟି ୪୦ ଲକ୍ଷ ଟଙ୍କାକୁ ଭୁବନେଶ୍ୱର ଏମ୍ସକୁ ଦାନ କରିଛନ୍ତି । ଏହି ଅର୍ଥ କର୍କଟ ରୋଗୀଙ୍କ ଉପଶମ ଉଦ୍ଦେଶ୍ୟରେ ବିନିଯୋଗ କରାଯିବାରୁ ସେ ଆଗ୍ରହ କରିଛନ୍ତି । ୧୦୦ ତମ ଜନ୍ମଦିନକୁ ସ୍ମରଣୀୟ କରିବାକୁ ସେ ଏଭଳି ନିଆରା ପଦକ୍ଷେପ ନେଇଥିବା ବେଳେ ସବୁ ମହଲରୁ ତାଙ୍କୁ ପ୍ରଶଂସା କରାଯାଉଛି ।

ଆସନ୍ତା ୫ ତାରିଖରେ ଶହେବର୍ଷରେ ପଦାର୍ପଣ କରିବେ ପ୍ରଫେସର୍ ଡା. ଲକ୍ଷ୍ମୀ ବାଇ । ୧୦୦ତମ ଜନ୍ମଦିନକୁ ସ୍ମରଣୀୟ କରିବାକୁ ଜୀବନବ୍ୟାପୀ ସଞ୍ଚିତ ପୁଞ୍ଜିକୁ ସେ ସ୍ୱାସ୍ଥ୍ୟସେବାର ବିକାଶ କ୍ଷେତ୍ରରେ ବିନିଯୋଗ କରିବା ପାଇଁ ମନସ୍ଥ କରିଛନ୍ତି । ଚଳିତ ବର୍ଷ ଏପ୍ରିଲ ୨୧ତାରିଖରେ ସେ ଜୀବନଯାକର ଜମା ପୁଞ୍ଜିକୁ ଏମ୍ସ ବ୍ୟାଙ୍କ ଏକାଉଣ୍ଟକୁ ପ୍ରଦାନ କରିଛନ୍ତି । ଭାବାନଗରସ୍ଥିତ ନିଜ ଘରକୁ ବିକ୍ରି କରି ରୋଗୀଙ୍କୁ ଉଚ୍ଚତର ସେବା ଯୋଗାଇବା ଆଶାରେ ଏହି ଅର୍ଥକୁ ସେ ଦାନ କରିଥିବା କହିଛନ୍ତି ।



**ମହିଳାଙ୍କ କର୍କଟ ରୋଗ ଓ ଯତ୍ନ କେନ୍ଦ୍ର ପ୍ରତିଷ୍ଠାରେ ହେବ ବିନିଯୋଗ**

ପ୍ରଫେସର୍ ଲକ୍ଷ୍ମୀବାଇ କଟକ ମେଡିକାଲ କଲେଜ ଓ ହସ୍ପିଟାଲର ପ୍ରଥମ ବ୍ୟାଚ୍ ଏମବିବିଏସ୍ ଛାତ୍ରୀ । ଏମ୍‌କେସିଜି ମେଡିକାଲ କଲେଜ ଓ ହସ୍ପିଟାଲରୁ ଅବସର ଗ୍ରହଣ ପରେ ସେ ସ୍ଥାନୀୟ ଭାବାନଗରସ୍ଥିତ ନିଜ ବାସଭବନରେ ରହୁଛନ୍ତି । ଜୀବନବ୍ୟାପୀ ସଞ୍ଚିତ ଅର୍ଥକୁ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ବିନିଯୋଗ ପାଇଁ ଦାନ କରି ସେ ଅତ୍ୟନ୍ତ ଖୁସି ଥିବା କହିଛନ୍ତି । ଟଙ୍କା ପଇସା ପଛରେ ନଦୌଡ଼ି ରୋଗୀଙ୍କ ଉତ୍ତମ ସ୍ୱାସ୍ଥ୍ୟସେବା ପ୍ରଦାନ କରିବାକୁ ସେ ଡାକ୍ତରମାନଙ୍କୁ ପରାମର୍ଶ ଦେଇଛନ୍ତି । ଡାକ୍ତର ଲକ୍ଷ୍ମୀବାଇ ଅବସର ପରେ ସ୍ୱାମୀ ଚିନ୍ମୟାନନ୍ଦ ମିଶନର ସଦସ୍ୟା ଭାବେ ଦୀକ୍ଷା ଗ୍ରହଣ କରିଛନ୍ତି । ଡାକ୍ତର ଲକ୍ଷ୍ମୀବାଇଙ୍କ ଛାତ୍ରୀ ତଥା ଜଣାଶୁଣା ପ୍ରସୂତି ଓ ସ୍ତ୍ରୀରୋଗ ବିଭାଗ ପ୍ରଫେସର ଡା. ▶ପୃଷ୍ଠା-୭




**ରାଜ୍ୟସ୍ତରୀୟ ବିତର୍କ ପ୍ରତିଯୋଗିତା**

# ବରିଷ୍ଠରେ ଶାଶ୍ୱତୀ, କନିଷ୍ଠରେ ଶୁଭମ୍ ପ୍ରଥମ

■ ମାଗଣା ଯୋଜନା ଲକ୍ଷ୍ୟଚ୍ୟୁତ, ଭୋଟସର୍ବସ୍ୱ
■ ପରିବେଶ ଓ ବିକାଶ ମଧ୍ୟରେ ସନ୍ତୁଳନ ଅତ୍ୟନ୍ତ ଜରୁରୀ

ଭୁବନେଶ୍ୱର, ୧।୧୨(ସମିସ): ମାଗଣା ଯୋଜନା ସମାଜର ଗରିବ ଓ ଦୁର୍ବଳ ଶ୍ରେଣୀର ଲୋକଙ୍କ ପାଇଁ ଏକ ଅନିବାର୍ଯ୍ୟ ଆବଶ୍ୟକତା; ମାତ୍ର ବର୍ତ୍ତମାନ ସମୟରେ ଏହା ଲକ୍ଷ୍ୟଚ୍ୟୁତ ଓ ଭୋଟ ସର୍ବସ୍ୱ ହୋଇଛି । ଯାହାଦ୍ୱାରା ଦେଶର ଅଭିବୃଦ୍ଧି ବାଧାପ୍ରାପ୍ତ ହୋଇଛି। ଋଣ କରି ଘିଅ ଖାଇବା ପରି ମାଗଣା ଯୋଜନା ଦେଶବାସୀ ଆର୍ଥିକ ଅସନ୍ତୁଳନର ପ୍ରମୁଖ କାରଣ ହୋଇଛି ଏବଂ ଋଣ ଭାର ବୃଦ୍ଧି ବିକାଶକୁ ବାଧାପ୍ରାପ୍ତ କରୁଛି । ସେହିପରି ପରିବେଶ ଓ ବିକାଶ ଗୋଟିଏ ମୁଦ୍ରାର ଦୁଇଟି ପାଶ୍ୱର୍ ଏବଂ ଏହା ମଧ୍ୟରେ ସନ୍ତୁଳନ ଅତ୍ୟନ୍ତ ଜରୁରୀ। ଗୋଟିଏ ପାଇଁ ଅନ୍ୟଟିକୁ ବଳି ଦିଆଯିବା ବୁଦ୍ଧିମତ୍ତାର କାର୍ଯ୍ୟ ନୁହେଁ, ତେଣୁ ବିକାଶ ପାଇଁ ପରିବେଶର ସତର୍କ ସଂରକ୍ଷଣ ଅତ୍ୟନ୍ତ ଜରୁରୀ ବୋଲି 'ସକାଳ' ୫ମ ସ୍ୱନକ୍ଷତ୍ର ଅବସରରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ବିତର୍କ ପ୍ରତିଯୋଗିତାରେ ବିଚାରକ ଅତିଥିମାନେ ମତବ୍ୟକ୍ତ କରିଛନ୍ତି ।

କନିଷ୍ଠ ବର୍ଗରେ 'ପରିବେଶ ଠାରୁ ବିକାଶକୁ ଅଧିକ ଗୁରୁତ୍ୱ ଦେବା ଉଚିତ୍ କି' ଶୀର୍ଷକ ବିତର୍କ ପ୍ରତିଯୋଗିତାରେ ବିଚାରକ ଭାବେ ଶୈଳବାଳା ମହାବିଦ୍ୟାଳୟର ପୂର୍ବତନ ପ୍ରାଧ୍ୟାପକ ନିରଞ୍ଜନ ପ୍ରସାଦ ରଥ, ଫକିରମୋହନ ବିଶ୍ୱବିଦ୍ୟାଳୟର ଅବସରପ୍ରାପ୍ତ ପ୍ରାଧ୍ୟାପକ ଡ. ମଣୀନ୍ଦ୍ର ମେହେର, ଅବସରପ୍ରାପ୍ତ ପ୍ରଫେସର ଓ ଭୂତତ୍ତ୍ୱବିତ୍ ଡ. ଜେନାମଣି ସଞ୍ଜୀବ କୁମାର ଯୋଗଦେଇ ମୂଲ୍ୟାୟନ କରିଛନ୍ତି। ସେହିପରି ବରିଷ୍ଠ ବର୍ଗ ନିମନ୍ତେ 'ଦେଶର ଅଭିବୃଦ୍ଧିରେ ବାଧକ କି ମାଗଣା ଯୋଜନା' ଶୀର୍ଷକ ବିତର୍କ ପ୍ରତିଯୋଗିତାରେ ବିଚାରକ ଅତିଥି ରୂପେ ଓଡ଼ିଶା ବିଧାନସଭାର ପୂର୍ବତନ ସଚିବ ଦାଶରଥି ଶତପଥୀ, ପଠାଣିସାମନ୍ତ ପ୍ଲାନେଟୋରିଅମ୍‌ର ପ୍ରାକ୍ତନ ନିର୍ଦ୍ଦେଶକ ବୈଜ୍ଞାନିକ ଶୁଭେନ୍ଦୁ ପଟ୍ଟନାୟକ, ପ୍ରଫେସର ଡ଼. ମଣୀନ୍ଦ୍ର ମେହେର ପ୍ରମୁଖ ଯୋଗ ଦେଇଥିଲେ। ଅବସରପ୍ରାପ୍ତ ଆଇଆର୍‌ଏସ୍ ଅଧିକାରୀ ତଥା ମୁଖ୍ୟ ଆୟକର ଆୟୁକ୍ତ ମନୋରଞ୍ଜନ ପାଣିଗ୍ରାହୀ ଏହି ଅବସରରେ ଉପସ୍ଥିତ ଥିଲେ।

କନିଷ୍ଠ ବର୍ଗରେ ଯଥାକ୍ରମେ ପ୍ରଥମ ତିନିଟି ସ୍ଥାନ ଅଧିକାର କରିଥିବା ଫୁଲବାଣୀ ପବ୍ଲିକ୍ ସ୍କୁଲ୍‌ର ସାଇ ଶୁଭମ ମହାନ୍ତି ,ଢେଙ୍କାନାଳସ୍ଥିତ ପିଏମ୍‌ଶ୍ରୀ ବ୍ରଜନାଥ ବଡଜେନା ଉଚ୍ଚ ବିଦ୍ୟାଳୟର ସୁଶ୍ରୀ ସାଗରିକା ସ୍ୱାଇଁ ଓ କଟକସ୍ଥିତ ପ୍ରଥମ ରେଭେନ୍ସା କଲେଜିଏଟ୍ ସ୍କୁଲ୍‌ର ସିଦ୍ଧାନ୍ତ କୁମାର ସାହୁଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ଅନୁରୂପ ଭାବରେ ବରିଷ୍ଠ ବର୍ଗରେ ତିନି ଶ୍ରେଷ୍ଠ ସ୍ଥାନ ଅଧିକାର କରିଥିବା ଉତ୍କଳ ବିଶ୍ୱବିଦ୍ୟାଳୟର ଛାତ୍ରୀ ଶାଶ୍ୱତୀ ପ୍ରିୟଦର୍ଶିନୀ, ନୟାଗଡ଼ ରାଜ ସୁନାଖଳା ଡିଆଇଇଟିର ଛାତ୍ର ସାଗର ବେହେରା ଓ କଳାହାଣ୍ଡି ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର ଆର୍ଯ୍ୟ ନାୟକଙ୍କୁ ମଧ୍ୟ ପୁରସ୍କୃତ କରାଯାଇଥିଲା।

ବିତର୍କ ପ୍ରତିଯେଗିତାର ପ୍ରାୟୋଜକ ତଥା ଭାରତ ମସଲା ପରିଚାଳନା ନିର୍ଦ୍ଦେଶକ ସୁକାନ୍ତ କୁମାର ପଣ୍ଡା ଓ ବିନାୟକ କନ୍‌ସେପ୍ଟ ସ୍କୁଲ୍ ନିର୍ଦ୍ଦେଶକ ତଥା ଅଧ୍ୟକ୍ଷ ସଞ୍ଜୟ ରାଜଙ୍କୁ ଏହି ଅବସରରେ ସମ୍ମାନିତ କରାଯାଇଥିଲା। ସକାଳର ସିଇଓ ସୁବ୍ରତ ଦାସ ଓ କାର୍ଯ୍ୟନିର୍ବାହୀ ସମ୍ପାଦକ ସମରେନ୍ଦୁ ଦାସ, ସକାଳ ପରିବାରର ଦିଗଦର୍ଶକ ଡ଼. ଉମାକାନ୍ତ ମିଶ୍ର ଛାତ୍ରଛାତ୍ରୀ ଓ ଅତିଥିଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ବରିଷ୍ଠ ବିଭାଗରେ 'ସକାଳ'ର ସହକାରୀ ବାର୍ତ୍ତା ସମ୍ପାଦକ ମହେଶ୍ୱର ସାହୁ ଓ କନିଷ୍ଠ ବର୍ଗରେ ବରିଷ୍ଠ ସହ-ସମ୍ପାଦକ ସଞ୍ଜୟ ସୁବୁଦ୍ଧି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ଓ ଫିଚର୍ ବିଭାଗ ବରିଷ୍ଠ ସହ ସମ୍ପାଦକ ସୁଶୀଲ କୁମାର ବାଗ୍ ସହଯୋଗ କରିଥିଲେ। କାର୍ଯ୍ୟକ୍ରମକୁ 'ସକାଳ'ର ବ୍ୟୁରୋ ମୁଖ୍ୟ ରଞ୍ଜିତ ମହାନ୍ତି, ବିଜ୍ଞାପନ ମୁଖ୍ୟ ନରୋତ୍ତମ ଗୁରୁଙ୍କ ସହ ଦିଲ୍ଲୀପ ମହାପାତ୍ର, ଅଭିଷେକ ସାହୁ ପ୍ରସାର ବିଭାଗର ପ୍ରିୟବ୍ରତ ଦାସ, ସୁଧାଂଶୁ ସାହୁ, ଚନ୍ଦନ ନାୟକ ପ୍ରମୁଖ ପରିଚାଳନା କରିଥିଲେ।












**ବ୍ୟାପକ ହେଲା ଆୟୁଷ ଡାକ୍ତରୀ ଛାତ୍ରଛାତ୍ରୀଙ୍କ ଆନ୍ଦୋଳନ**

## ଡାକରେ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ପାଖକୁ ପଠାଇଲେ 'ହ୍ୱାଇଟ୍ କୋର୍ଟ'



ବ୍ରହ୍ମପୁର, ୧।୧୨(ସମିସ): ୮ ଦଫା ଦାବିରେ ରାଜ୍ୟବ୍ୟାପୀ ଆନ୍ଦୋଳନକୁ ଓହ୍ଲାଇଛନ୍ତି ଆୟୁଷ ଡାକ୍ତରଛାତ୍ରଛାତ୍ରୀ।ଆନ୍ଦୋଳନର ୮ମ ଦିନରେ ଅର୍ଥାତ୍ ରବିବାରଠାରୁ ଅହୋରାତ୍ର ଆନ୍ଦୋଳନ କରି ସଂଘର୍ଷକୁ ବ୍ୟାପକ କରାଯାଇଛି। ଆୟୁଷ ଡାକ୍ତରଙ୍କ ପ୍ରତି ରାଜ୍ୟ ସରକାର ବୈମାତୃକ ମନୋଭାବ ପୋଷଣ କରିବା ସହ ଚରମ ଅବହେଳା ପ୍ରଦର୍ଶନ କରୁଥିବା ଆନ୍ଦୋଳନକାରୀ ଅଭିଯୋଗ କରିଛନ୍ତି। ବିଭିନ୍ନ ସମୟରେ ସରକାରଙ୍କ ପକ୍ଷରୁ ଛାତ୍ରଛାତ୍ରୀଙ୍କ ଦାବି ପୂରଣ ନେଇ ବାରମ୍ବାର ଦିଆଯାଇଥିବା ପ୍ରତିଶ୍ରୁତି ପରବର୍ତ୍ତୀ ସମୟରେ ପ୍ରତାରଣା ପାଲଟିଛି। ଏଣୁ, ଦାବି ପୂରଣ ନହେବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରଖିବାକୁ କଡା ଚେତାବନୀ ଦେଇଛନ୍ତି ଆୟୁଷ ଡାକ୍ତରୀ ଛାତ୍ରଛାତ୍ରୀ। ଏହି କ୍ରମରେ ସ୍ଥାନୀୟ ବିଜୁ ପଟ୍ଟନାୟକ ହୋମିଓପାଥିକ ମେଡିକାଲ କଲେଜ ଓ ହସ୍ପିଟାଲର ଡାକ୍ତରୀ ଛାତ୍ରଛାତ୍ରୀଙ୍କ ପକ୍ଷରୁ ନିଆରା ଢଙ୍ଗରେ ଆନ୍ଦୋଳନ କରି ପ୍ରତିବାଦ କରାଯାଇଛି। ଛାତ୍ରଛାତ୍ରୀମାନେ ସେମାନଙ୍କ ଦାବି ସହ ସରକାର ବିରୋଧୀ ପ୍ଲାକାର୍ଡ ଧରି କଲେଜରୁ ଶୋଭାଯାତ୍ରାରେ ବାହାରି ସହର ପରିକ୍ରମା କରିଥିଲେ। ପରେ ପୁରୁଣା ବସଷ୍ଟାଣ୍ଡସ୍ଥିତ ମୁଖ୍ୟ ଡାକଘର ନିକଟରେ ରାସ୍ତାରେ ବସି ପ୍ରତିବାଦ କରିଥିଲେ। ସେଠାରେ ଡାକ୍ତରୀ ଛାତ୍ରଛାତ୍ରୀମାନେ ନିଜେ ପରିଧାନ କରିଥିବା ହ୍ୱାଇଟ କୋର୍ଟ ବା ଧଳା ଆପ୍ରନକୁ ବାହାର କରି ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗଙ୍କ ଉଦ୍ଦେଶ୍ୟରେ ଡାକ ଯୋଗେ ଲୋକସେବା ଭବନକୁ ପଠାଇଛନ୍ତି। ଆନ୍ଦୋଳନକାରୀଙ୍କ ଏଭଳି ନିଆରା ପ୍ରତିବାଦ ସହରରେ ଚର୍ଚ୍ଚାର ବିଷୟ ପାଲଟିଛି।

# ଭକ୍ତଙ୍କ ଉପରେ ଦର୍ଶନ ଟିକଟ ବୋଝ

■ ଟଙ୍କା ଦେଲେ ମିଳୁଛି ପବିତ୍ର ଓ ଧାର୍ମିକସ୍ଥଳୀରେ ଦର୍ଶନ
■ ଗୁଣ୍ଡିଚା ମନ୍ଦିର ଖୋଲିଲେ ଦେବାକୁ ପଡ଼ିବ ୧୦ ଟଙ୍କା

ପୁରୀ, ୧।୧୨(ସମିସ): ଶ୍ରୀମନ୍ଦିର ପରିସର ଏବଂ ମନ୍ଦିର ବାହାରେ ଏକାଧିକ ପବିତ୍ର ପୀଠ ବା ସ୍ଥାନ ରହିଛି। ଏଗୁଡ଼ିକ ମଧ୍ୟରେ ରୋଷଘର, କୋଇଲି ବୈକୁଣ୍ଠ, ନୀଳାଚଳ ଉପବନ, ନରେନ୍ଦ୍ର ପୁଷ୍କରିଣୀ ଅନ୍ୟତମ। ଏ ସବୁ ଶ୍ରୀମନ୍ଦିର ପ୍ରଶାସନ ଅଧୀନରେ ରହିଛି। ସେହିପରି ଶ୍ରୀକ୍ଷେତ୍ରର ବେଡ଼ି ହନୁମାନ, ଲକ୍ଷ୍ମୀଙ୍କ ବାପଘର ତଥା ଚକ୍ର ନୃସିଂହ ମନ୍ଦିର ଭଳି ଏକାଧିକ ଧାର୍ମିକସ୍ଥଳୀ ରହିଛି। ଯେଉଁଠିକୁ ମହାପ୍ରଭୁଙ୍କୁ ପ୍ରତିଦିନ ଦର୍ଶନ କରିବାକୁ ଆସୁଥିବା ଶ୍ରଦ୍ଧାଳୁଙ୍କ ମଧ୍ୟରୁ ଅଧିକାଂଶ ଏହିସବୁ ସ୍ଥାନକୁ ବୁଲି ଯାଆନ୍ତି। ଆସ୍ଥା ଓ ବିଶ୍ୱାସର ଏହି ପବିତ୍ର ତଥା ଧାର୍ମିକସ୍ଥଳୀକୁ ଯିବା ପାଇଁ ଭକ୍ତଙ୍କୁ ଟଙ୍କା ଗଣିବାକୁ ପଡୁଛି। ଏବେ ପୁଣି ଗୁଣ୍ଡିଚା ମନ୍ଦିର ଖୋଲିଲେ ସେଥିପାଇଁ ବି ଦର୍ଶନ ଦେୟ ୧୦ ଟଙ୍କା ରହିବ ବୋଲି ଘୋଷଣା କରାଯାଇଛି। ଏହାକୁ ନାପସନ୍ଦ କରିଛନ୍ତି ଶ୍ରଦ୍ଧାଳୁ। ଶ୍ରୀମନ୍ଦିର ପାଇଁ ସରକାର ୫୦୦ କୋଟି ଟଙ୍କାର କର୍ପସ୍ ଫଣ୍ଡ ଏବଂ ଭକ୍ତଙ୍କୁ ମାଗଣାରେ ମହାପ୍ରସାଦ ବଣ୍ଟନ ଲାଗି ଚିନ୍ତା କରୁଥିବା ବେଳେ ଦର୍ଶନ ଟିକଟ୍ ବୋଝ କାହିଁକି ଲଦି ଦିଆଯାଉଛି, ତାହା ଶ୍ରଦ୍ଧାଳୁଙ୍କୁ ଆଶ୍ଚର୍ଯ୍ୟ କରିଛି।

ଶ୍ରୀମନ୍ଦିରକୁ ଆସୁଥିବା ଭକ୍ତମାନେ ମନ୍ଦିର ପରିସର (କୋଇଲି ବୈକୁଣ୍ଠ, ରୋଷଘର, ରୋହିଣୀକୁଣ୍ଡ, ନୀଳାଚଳ ଉପବନ ଇତ୍ୟାଦି) ବିଭିନ୍ନ ପବିତ୍ର ସ୍ଥାନ ବୁଲିଥା'ନ୍ତି। ସେହିପରି ଶ୍ରୀମନ୍ଦିର ପ୍ରଶାସନ ଅଧୀନରେ ମନ୍ଦିର ବାହାରେ ମଧ୍ୟ ଏକାଧିକ ପବିତ୍ର ପୀଠ(ଯେପରିକି ନରେନ୍ଦ୍ର ପୁଷ୍କରିଣୀ, ଶ୍ରୀଗୁଣ୍ଡିଚା ମନ୍ଦିର) ରହିଛି। ମହାପ୍ରଭୁଙ୍କ ଦର୍ଶନ ପରେ ଅଧିକାଂଶ ଶ୍ରଦ୍ଧାଳୁ ଏସବୁ ବୁଲି ଏହାର ମାହାତ୍ମ୍ୟ ଏବଂ ଇତିହାସ ସମ୍ପର୍କରେ ଅନେକ ତଥ୍ୟ ଜାଣିଥା'ନ୍ତି। ହେଲେ ଶ୍ରୀମନ୍ଦିର ପ୍ରଶାସନ ରୋଷଘର, ଲୁଣପତ୍ର, କୋଇଲି ବୈକୁଣ୍ଠ, ନରେନ୍ଦ୍ର ସଂକଳ୍ପ ଏବଂ ନୀଳାଚଳ ଉପବନକୁ ନିଲାମରେ ଦେଇଛି। ଫଳରେ ଏହିସବୁ ଜାଗା ବୁଲିବା ପାଇଁ ଚାହୁଁଥିବା ଭକ୍ତଙ୍କୁ ପ୍ରତ୍ୟେକ ସ୍ଥାନ ପାଇଁ ୧୦ ଟଙ୍କା ଲେଖାଏଁ ଦେବାକୁ ପଡୁଛି। କେବଳ ଏତିକି ନୁହେଁ, ଶ୍ରୀକ୍ଷେତ୍ରର ବେଡ଼ି ହନୁମାନ ମନ୍ଦିର, ଲକ୍ଷ୍ମୀଙ୍କ ବାପଘର ତଥା ଚକ୍ରନୃସିଂହ ମନ୍ଦିର ଭଳି ଏମିତି କିଛି ଦେବସ୍ଥଳୀ ରହିଛି, ଯେଉଁଠିକୁ ବୁଲିଗଲେ ଟଙ୍କା ଦେବାକୁ ପଡୁଛି। ଯଦିଓ ଏହି ଦେୟ ବଡ଼ଧରଣର ନୁହେଁ, କିନ୍ତୁ ଅନେକ ସମୟରେ ଏହାକୁ ନେଇ ଶ୍ରଦ୍ଧାଳୁ ଅସନ୍ତୋଷ ବ୍ୟକ୍ତ କରୁଛନ୍ତି।

ଏବେ ଗୁଣ୍ଡିଚା ମନ୍ଦିରକୁ ନେଇ ଚର୍ଚ୍ଚା, ଆଲୋଚନା ଚାଲିଛି। ଦୀର୍ଘ ୬ବର୍ଷ ଧରି ଭକ୍ତଙ୍କ ପାଇଁ ବନ୍ଦ ରହିଛି ମହାପ୍ରଭୁଙ୍କ ଜନ୍ମବେଦୀ। କୋଭିଡ୍ କଟକଣା ପରଠାରୁ ଶ୍ରଦ୍ଧାଳୁଙ୍କୁ ଗୁଣ୍ଡିଚା ମନ୍ଦିର ଭିତରକୁ ଛଡ଼ାଯାଉ ନଥିବା ବେଳେ ଏହାକୁ ଖୋଲିବା ପାଇଁ ବିଭିନ୍ନ ସମୟରେ ଦାବି ହୋଇଆସୁଛି। ତେବେ ନିକଟରେ ଅନୁଷ୍ଠିତ ପରିଚାଳନା କମିଟି ବୈଠକରେ ଗୁଣ୍ଡିଚା ମନ୍ଦିର ଖୋଲିବା ଉପରେ ନିଷ୍ପତ୍ତି ନିଆଗଲା। ଡିସେମ୍ବର ୧ରୁ ଖୋଲାଯିବ ବୋଲି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଏବଂ ଜିଲ୍ଲାପାଳ ଗଣମାଧ୍ୟମ ସମ୍ମୁଖରେ ଘୋଷଣା କଲେ। ହେଲେ ଏହି ଘୋଷଣାର ଦିନକ ପରେ ପୁଣି ମନ୍ଦିର ଖୋଲିବାକୁ ସାମୟିକ ଭାବେ ସ୍ଥଗିତ ରଖାଗଲା ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ କୁହାଗଲା। ଏଭଳି ନିଷ୍ପତ୍ତିକୁ ନେଇ ଶ୍ରଦ୍ଧାଳୁ ଅସନ୍ତୋଷ ବ୍ୟକ୍ତ କରିଥିବା ବେଳେ ଏବେ ଗୁଣ୍ଡିଚା ମନ୍ଦିର ଦର୍ଶନ ଦେୟକୁ ମଧ୍ୟ ବିରୋଧ କରାଯାଉଛି।

ଗୁଣ୍ଡିଚା ମନ୍ଦିର ଦର୍ଶନ ପାଇଁ ଦେୟ ୧୦ଟଙ୍କା ରହିବ। କିନ୍ତୁ ୫ ବର୍ଷରୁ କମ୍, ୮୦ ବର୍ଷରୁ ଉର୍ଦ୍ଧ୍ୱ ଏବଂ ଦିବ୍ୟାଙ୍ଗ ଭକ୍ତଙ୍କ ପାଇଁ କୌଣସି ଟିକଟ୍ ପଡ଼ିବ ନାହିଁ ବୋଲି ମୁଖ୍ୟ ପ୍ରଶାସକ ଘୋଷଣା କରିଛନ୍ତି। ହେଲେ ଏହାକୁ ନାପସନ୍ଦ କରିଛନ୍ତି ବୁଦ୍ଧିଜୀବୀ ଓ ଶ୍ରଦ୍ଧାଳୁ। ଏହାକୁ ପ୍ରତ୍ୟାହାର ଦାବିରେ ଭଏସ୍ ଅଫ୍ କମନ୍‌ମ୍ୟାନ୍‌ର ମୁଖ୍ୟ ହେକ୍ଟର ମିଶ୍ର ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଛନ୍ତି। କୌଣସି ଦେବାଳୟରେ ଦର୍ଶନ ଶୁଳ୍କ ନେବାର ପ୍ରଥା ନ ଥିଲା। ଏହାକୁ ଗୁଣ୍ଡିଚା ମନ୍ଦିରରେ ଲାଗୁ କରିବା ମନ୍ଦିର ସଂସ୍କୃତିକୁ ବ୍ୟାପାରୀକରଣ କରିବାର ଗନ୍ଧ ବାରି ହୋଇପଡୁଛି ବୋଲି ଶ୍ରୀ ମିଶ୍ର ଅଭିଯୋଗ କରିଛନ୍ତି।

## ସରକାର ଆଣିଲେ ଓଡ଼ିଶା ଜନ ବିଶ୍ୱାସ ବିଲ୍

ଭୁବନେଶ୍ୱର,୧।୧୨(ସମିସ): ସୋମବାର ଅପରାହ୍ଣରେ ରାଜ୍ୟ ସରକାର ବିଧାନସଭାରେ ୨ଟି ବିଲ୍ ଆଣିଛନ୍ତି। ଓଡ଼ିଶା ଜନ ବିଶ୍ୱାସ ବିଲ୍-୨୦୨୫ ସମେତ ଓଡ଼ିଶା ଦୋକାନ ଏବଂ ବାଣିଜ୍ୟିକ ପ୍ରତିଷ୍ଠାନ (ସଂଶୋଧନ) ବିଲ୍-୨୦୨୫ ବିଧାନସଭାରେ ଉପସ୍ଥାପନ ହୋଇଛି। ଉପସ୍ଥାପନ ପରେ ବିଲ୍ ଉପରେ ଆଲୋଚନା ପାଇଁ ସମୟ ନିର୍ଘଣ୍ଟ କରିବାକୁ ୨ଟି ବିଲ୍‌କୁ କାର୍ଯ୍ୟ ପରାମର୍ଶଦାତ୍ତା କମିଟିକୁ ପଠାଇ ଦିଆଯାଇଛି। ଓଡ଼ିଶା ଜନବିଶ୍ୱାସ ବିଲକୁ ଗୃହରେ ଉପସ୍ଥାପନ କରି ଶିଳ୍ପମ ନ୍ତ୍ରୀ ସମ୍ପଦ ସ୍ୱାଇଁ ଗୃହରେ କହିଛନ୍ତି ଯେ ଏହି ବିଲ୍‌ରେ ୯ ଟି ବିଭାଗର ରାଜ୍ୟର ୧୬ଟି ଆଇନରୁ ପ୍ରସଙ୍ଗ ରହିଛି। ଅପରାଧମୁକ୍ତ ଏବଂ ଯୁକ୍ତିଯୁକ୍ତ ବ୍ୟବସ୍ଥା ପାଇଁ କିଛି ଆଇନ୍‌ରେ ସଂଶୋଧନ ଆଣିବାକୁ ଏହି ବିଲ୍ ଆସିଛି। ଏହି ବିଲ୍‌କୁ ନେଇ ଆପତ୍ତି କରିଛନ୍ତି ବିଜେଡିର ବରିଷ୍ଠ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ। ଶ୍ରୀ ସ୍ୱାଇଁ କହିଛନ୍ତି ଏହି ବିଲ୍‌ରେ ଜୁଆ ଖେଳକୁ ପ୍ରୋତ୍ସାହିତ କଲା ଭଳି ବ୍ୟବସ୍ଥା ରହିଛି। ସେହିପରି, ଓଡ଼ିଶା ଦୋକାନ ଏବଂ ବାଣିଜ୍ୟିକ ପ୍ରତିଷ୍ଠାନ (ସଂଶୋଧନ) ବିଲ୍-୨୦୨୫ ଉପସ୍ଥାପନ କରି ବିଭାଗୀୟ ମନ୍ତ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ କହିଛନ୍ତି, ୨୦ଜଣ କର୍ମଚାରୀ ପର୍ଯ୍ୟନ୍ତ ନିଯୁକ୍ତି ଦେଇଥିବା ଦୋକାନ ଏବଂ ବାଣିଜ୍ୟିକ ପ୍ରତିଷ୍ଠାନଗୁଡ଼ିକୁ ଓଡ଼ିଶା ଦୋକାନ ଏବଂ ବାଣିଜ୍ୟିକ ପ୍ରତିଷ୍ଠାନ ଆଇନ, ୧୯୫୬ର ପ୍ରୟୋଗରୁ ବାଦ୍ ଦିଆଯିବ। ଏହାସହ ସର୍ବାଧିକ ଦୈନିକ କାର୍ଯ୍ୟ ଘଣ୍ଟା ୧୦ ଘଣ୍ଟାକୁ ବୃଦ୍ଧି କରିବା ସହ ଓଭରଟାଇମ୍ ସମୟକୁ ୧୪ ଘଣ୍ଟାକୁ ବୃଦ୍ଧି କରିବା ଭଳି ବ୍ୟବସ୍ଥା ରହିଛି। ଓଭରଟାଇମ୍ ସହ ସାପ୍ତାହିକ ଛୁଟି ଓ ମହିଳାଙ୍କୁ ରାତିରେ କାମରେ ନିୟୋଜିତ ଭଳି ପ୍ରସଙ୍ଗକୁ ବିଧାୟକ ଶ୍ରୀ ସ୍ୱାଇଁ ସମାଲୋଚନା କରିଛନ୍ତି।



ସୋମବାର ନବୀନ ନିବାସରେ ପୂର୍ବତନ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ୍ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ସୌଜନ୍ୟମୂଳକ ସାକ୍ଷାତ କରୁଛନ୍ତି

## ଏନ୍‌ଆରଟିଏସ୍ ପରୀକ୍ଷା ଫଳ ପ୍ରକାଶିତ

କଟକ, ୧।୧୨ (ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) ଦ୍ୱାରା ପରିଚାଳିତ ଜାତୀୟ ଗ୍ରାମାଞ୍ଚଳ ମେଧାବୃତ୍ତି(ଏନ୍‌ଆର୍‌ଟିଏସ୍) ପରୀକ୍ଷା-୨୦୨୫ର ଫଳ ଆଜି ପ୍ରକାଶ ପାଇଛି। ବୋର୍ଡ ୱେବସାଇଟରେ ପରୀକ୍ଷାର୍ଥୀମାନଙ୍କ ଫଳ ଉପଲବ୍ଧ ହୋଇଥିବା ଜଣାପଡ଼ିଛି। ଏନ୍‌ଆରଟିଏସ୍ ପରୀକ୍ଷା ରାଜ୍ୟର ମୋଟ ୩୫୫ଟି କେନ୍ଦ୍ରରେ ଗତ ସେପ୍ଟେମ୍ବର୨୫ତାରିଖରେ ଅନୁଷ୍ଠିତ ହୋଇଥିଲା। ଏଥିରେ ୫୩୮୧୦ଜଣ ପରୀକ୍ଷାର୍ଥୀ ଅବତୀର୍ଣ୍ଣ ହୋଇଥିବା ବେଳେ ୧୨୦୧ଜଣ ଅନୁପସ୍ଥିତ ରହିଥିଲେ।

### ଜଳ ପ୍ରତିରୋଧ ଓ ପ୍ରଦୂଷଣ ନିୟନ୍ତ୍ରଣ ସଂଶୋଧନ ଆଇନ ୨୦୨୪

# ବିରୋଧୀଙ୍କ ତୀବ୍ର ବିରୋଧ ସତ୍ତ୍ୱେ ବିଲ୍ ପାରିତ

ଭୁବନେଶ୍ୱର,୧।୧୨(ସମିସ): ଗତ ୨୦୨୪ ମସିହା ଫେବୃଆରୀ ୧୫ ତାରିଖରେ କେନ୍ଦ୍ର ସରକାର ଜଳ (ପ୍ରତିରୋଧ ଓ ପ୍ରଦୂଷଣ ନିୟନ୍ତ୍ରଣ) ସଂଶୋଧନ ଆଇନ୍, ୨୦୨୪ର ବିଜ୍ଞପିତ କରିଛନ୍ତି। ଏହି ସଂଶୋଧନ ପରେ ଓଡ଼ିଶାରେ ଏହାକୁ ଲାଗୁ କରିବା ପାଇଁ ରାଜ୍ୟ ସରକାର ଏହି ସଂଶୋଧନ ପ୍ରସ୍ତାବକୁ ସଂକଳ୍ପ ଆକାରରେ ସୋମବାର ଗୃହରେ ଆଗତ କରିଥିବା ବେଳେ ଏହା ପାରିତ ହୋଇଛି। ଏହି ସଂକଳ୍ପ ପାରିତ ପୂର୍ବରୁ ସଂଶୋଧନ ପ୍ରସ୍ତାବରେ ରହିଥିବା ବିଭିନ୍ନ ଦିଗକୁ ନେଇ ବିରୋଧୀ ବିଜେଡି, କଂଗ୍ରେସ ଓ ଶାସକ ବିଜେପି ମଧ୍ୟରେ ଘମାଘୋଟ୍ ବିତର୍କ ହୋଇଛି।

ଏହି ସଂକଳ୍ପ ବିରୋଧରେ ନିଜର ପକ୍ଷ ରଖି ବିଜେଡି ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଛନ୍ତି ଯେ ଏହି ସଂକଳ୍ପ ପାରିତ ହେବା ପରେ ରାଜ୍ୟ ସରକାରଙ୍କ କ୍ଷମତା ବହୁମାତ୍ରାରେ ସଂକୁଚିତ ହେବା ସହ କେନ୍ଦ୍ର ସରକାରଙ୍କ ନିଷ୍ପତ୍ତି ହିଁ ରାଜ୍ୟ ଉପରେ ଲଦି ଦିଆଯିବ। ଏହାସହିତ ଏହି ସଂକଳ୍ପରେ ପୂର୍ବରୁ ପ୍ରଦୂଷଣ ଭଳି ଏକ ଗୁରୁତ୍ୱପୂର୍ଣ୍ଣ ଘଟଣା ପାଇଁ ଫୌଜଦାରୀ ମାମଲା ସହ ଜେଲ୍ ଦଣ୍ଡାଦେଶ ବ୍ୟବସ୍ଥା ରହିଥିଲା; ମାତ୍ର ଏହି ବ୍ୟବସ୍ଥାକୁ ଉଚ୍ଛେଦ କରି ଖିଲାପକାରୀଙ୍କ ପାଇଁ କେବଳ ଜରିମାନା ବ୍ୟବସ୍ଥା କରାଯାଇଛି। ଏହା ଦ୍ୱାରା ଏଣିକି ପ୍ରଦୂଷଣ କ୍ଷେତ୍ରରେ ଶିଳ୍ପ ସଂସ୍ଥାମାନଙ୍କର ଆଦୌ ଭୟ ରହିବ ନାହିଁ ବୋଲି ଶ୍ରୀ ସ୍ୱାଇଁ ନିଜ ଯୁକ୍ତିରେ

**ସଂଶୋଧିତ ଆଇନରେ ଜେଲ୍ ବଦଳରେ ଜରିମାନା ବ୍ୟବସ୍ଥା**

ଦର୍ଶାଇଛନ୍ତି। ତେଣୁ ଏହାକୁ ଲୋକଙ୍କ ମତାମତ ଲୋଡ଼ିବା ପାଇଁ ପଠାଇବାକୁ ସେ ପ୍ରସ୍ତାବ ଦେଇଛନ୍ତି।

ସେହିପରି ବିଧାୟକ ପ୍ରତାପ ଦେବ କହିଛନ୍ତି ଯେ ସାରା ଦେଶରେ ୧୧ ପ୍ରତିଶତ ପାଣି ଓଡ଼ିଶାରେ ରହିଛି। ଏହି ସଂକଳ୍ପ ଦ୍ୱାରା ସବୁ ପାଣି କେନ୍ଦ୍ର ହାତକୁ ଚାଲିଯିବ। ଏହି ସଂକଳ୍ପ ଲାଗୁ ଦ୍ୱାରା କେନ୍ଦ୍ର ସରକାର ଚାହିଁଲେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରମ ବୋର୍ଡ ନିଷ୍ପତ୍ତିକୁ ମାନି ନ ପାରନ୍ତି। ଏହାସହିତ ଯଦି କୌଣସି ସଂସ୍ଥା ଆବଶ୍ୟକ ଅନୁମତି ନ ନେଇ ଶିଳ୍ପ କରିନ୍ତି, ତେବେ ସେମାନଙ୍କୁ ମାତ୍ର ୧୫ ଲକ୍ଷ ଜରିମାନା ଦେବାକୁ ହେବ। ସେହିପିର ଏହି ନିୟମ ସବୁ ସଂସ୍ଥାଙ୍କ ପାଇଁ ମଧ୍ୟ ଲାଗୁ ହେବ ନାହିଁ ବୋଲି ଏଥିରେ ବ୍ୟବସ୍ଥା ରହିଛି, ଯାହାକି ଗ୍ରହଣୀୟ ନୁହେଁ। ଏହି ବିଲ୍‌କୁ ଦକ୍ଷିଣ ଭାରତର ରାଜ୍ୟଗୁଡ଼ିକ ନିଜ ନିଜ ରାଜ୍ୟରେ ଲାଗୁ କରି ନ ଥିବା ବେଳେ ଓଡ଼ିଶାରେ କାହିଁକି ଏହାକୁ ଲାଗୁ କରିବାକୁ ସରକାର ତରତର ହେଉଛନ୍ତି, ତାକୁ ନେଇ ଶ୍ରୀ ଦେବ ପ୍ରଶ୍ନ କରିଛନ୍ତି।

ସେହିପରି ବିଧାୟକ ଅରବିନ୍ଦ ମହାପାତ୍ର ବଡ଼ ସଂସ୍ଥାଙ୍କ ପାଇଁ ୧୫ ଲକ୍ଷ ଜରିମାନା ଝାଲ୍‌ମୁଢ଼ି ସଦୃଶ କହି ସମାଲୋଚନା କରିଥିଲେ।

କଂଗ୍ରେସ ପକ୍ଷରୁ ବିଧାୟକ ସିଏସ୍ ରାଜନ ଏକ୍କା ସଂକଳ୍ପକୁ ବିରୋଧ କରି ରାଜ୍ୟର ନଦୀଗୁଡ଼ିକ ସ୍ଥିତି ଅତି ଖରାପ ଥିବା କହିବା ସହ ଜେଲ୍ ଦଣ୍ଡ ବଦଳରେ ଜରିମାନା ବ୍ୟବସ୍ଥାକୁ ନେଇ ପ୍ରଶ୍ନ କରିଛନ୍ତି। ଏହାସହିତ ନୂତନ ଆଇନ୍‌ରେ ଜଣେ ନ୍ୟାୟ ନିର୍ଣ୍ଣୟ ଅଧିକାରୀ ନିଯୁକ୍ତି ନେଇ ବ୍ୟବସ୍ଥା ହୋଇଥିବା ବେଳେ ଜଣେ ସଚିବ ସ୍ତରର ଅଧିକାରୀ ଏହି କାର୍ଯ୍ୟ କରିବେ। ତେଣୁ କୋର୍ଟ ପରିବର୍ତ୍ତେ ତାଙ୍କ ନିଷ୍ପତ୍ତି ସରକାରଙ୍କ ସପକ୍ଷରେ ଯିବ ବୋଲି ଦର୍ଶାଇ ଶ୍ରୀ ଏକ୍କା କହି ବିଲ୍‌କୁ ବିରୋଧ କରିଛନ୍ତି।

ବିଲ୍ ସପକ୍ଷରେ ବିଭାଗୀୟ ମନ୍ତ୍ରୀ ଶ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ କହିଛନ୍ତି, ଏହାଦ୍ୱାରା ବର୍ଷ ବର୍ଷ ଧରି କୋର୍ଟରେ ପଡ଼ି ରହିଥିବା ମାମଲାର ସମାଧାନ ହେବ। ବର୍ତ୍ତମାନ ଏ ସମ୍ପର୍କିତ ୧୭୩୭ ମାମଲା କୋର୍ଟରେ ରହିଥିବା ବେଳେ ଏଥିମଧ୍ୟରୁ ମାତ୍ର ୩୯ଟିରେ ଦଣ୍ଡ ବିଧାନ କରାଯାଇଛି। ଏହି ସଂକଳ୍ପ ଦ୍ୱାରା କୋର୍ଟକୁ ଦୌଡ଼ୁଥିବା ସଂସ୍ଥାମାନେ ଉପକୃତ ହେବେ ବୋଲି ମନ୍ତ୍ରୀ କହିଛନ୍ତି। ମନ୍ତ୍ରୀଙ୍କ ଉତ୍ତରରେ ଅସନ୍ତୁଷ୍ଟ ହୋଇ ବିରୋଧୀ ବିଜେଡି ଓ କଂଗ୍ରେସ ସଦସ୍ୟମାନେ କକ୍ଷ ତ୍ୟାଗ କରିଥିବା ବେଳେ ସଂକଳ୍ପଟି ପାରିତ ହୋଇଛି।

### କୋଣାର୍କ ଉତ୍ସବ ଉଦ୍‌ଘାଟିତ

# ଦର୍ଶକଙ୍କ ମନ ମୋହିଲା ଓଡ଼ିଶୀ ଓ ଭାରତନାଟ୍ୟମ୍

କୋଣାର୍କ, ୧।୧୨(ସମିସ): ରାଜ୍ୟ ପର୍ଯ୍ୟଟନ ବିଭାଗ, ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ଓ ଓଡ଼ିଶା ପର୍ଯ୍ୟଟନ ଉନ୍ନୟନ ନିଗମର ମିଳିତ ଆନୁକୂଲ୍ୟରେ ସୋମବାର କୋଣାର୍କସ୍ଥିତ ମୁକ୍ତାକାଶ ରଙ୍ଗମଞ୍ଚରେ ପାଞ୍ଚଦିନିଆ ୩୬ତମ କୋଣାର୍କ ଉତ୍ସବ ଓ ୧୫ତମ ଆନ୍ତର୍ଜାତିକ ବାଲୁକା କଳା ଉତ୍ସବ ଉଦ୍‌ଘାଟିତ ହୋଇଯାଇଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଉତ୍ସବକୁ ଉଦ୍‌ଘାଟନ କରିଛନ୍ତି।

ଚନ୍ଦ୍ରଭାଗା ବେଳାଭୂମିରେ ଆୟୋଜିତ ବାଲୁକା କଳା ଉତ୍ସବରେ ସ୍ପେନ୍, ରୁଷିଆ, ଜାପାନ, ପର୍ତ୍ତୁଗାଲ ଓ ଶ୍ରୀଲଙ୍କାରୁ ୫ଜଣ ବାଲୁକା ଶିଳ୍ପୀଙ୍କ ସମେତ ଭାରତର ୧୩୧ଜଣ ବାଲୁକା ଶିଳ୍ପୀ ୪୫ଟି ଷ୍ଟଲ୍‌ରେ ବାଲୁକା କଳା ପ୍ରଦର୍ଶନ କରିଛନ୍ତି। ଏଥିସହ ଦର୍ଶକଙ୍କ ମନମୁଗ୍ଧ କରିଥିଲା ଓଡ଼ିଶୀ ଓ ଭାରତନାଟ୍ୟମ୍। କୋଣାର୍କ ଉତ୍ସବର ପ୍ରଥମ ସନ୍ଧ୍ୟାର ପ୍ରଥମ ଉପସ୍ଥାପନରେ ଥିଲା ସୋନାଲି ମହାପାତ୍ରଙ୍କ ନୃତ୍ୟ ଅନୁଷ୍ଠାନ ନୃତ୍ୟ ଉପାସନା ପୀଠର ଶିଳ୍ପୀମାନଙ୍କ ଦ୍ୱାରା ଓଡ଼ିଶୀ ନୃତ୍ୟ। ସେମାନଙ୍କ ପ୍ରଥମ ପ୍ରସ୍ତୁତିରେ ଥିଲା ସନ୍ଥ ତୁଳସୀ

**ଚନ୍ଦ୍ରଭାଗା ବେଳାଭୂମିରେ ୧୩୧ଜଣ ଶିଳ୍ପୀଙ୍କ ବାଲୁକା କଳା ପ୍ରଦର୍ଶିତ**

ଦାସଙ୍କ ଦ୍ୱାରା ରଚିତ ହନୁମାନ ଚାଳୀସା। ଏହାର ସଙ୍ଗୀତ ସଂଯୋଜନା କରିଥିଲେ ଗୁରୁ ଅଭିରାମ ନନ୍ଦ ଏବଂ ନୃତ୍ୟ ସଂରଚନା କରିଥିଲେ ଗୁରୁ ସୋନାଲି ମହାପାତ୍ର। ସେମାନଙ୍କ ଦ୍ୱିତୀୟ ପ୍ରସ୍ତୁତିରେ ଥିଲା ସାରଙ୍ଗ ପଲ୍ଲବୀ। ଏହାର ନୃତ୍ୟ ସଂରଚନା କରିଛନ୍ତି ଗୁରୁ ସୋନାଲି ମହାପାତ୍ର ଏବଂ ସଙ୍ଗୀତ ଓ ତାଳ




ସଂଯୋଜନା କରିଛନ୍ତି ନିର୍ମଳ କୁମାର ମହାପାତ୍ର। ଶେଷରେ ନୃତ୍ୟ ଉପାସନା ପୀଠର ଶିଳ୍ପୀମାନଙ୍କ ପ୍ରସ୍ତୁତିରେ ଥିଲା ଚାରି ଯୁଗ ଦେବୀ। ଏଥିରେ ଦେବୀ ଦୁର୍ଗାଙ୍କ ଦିବ୍ୟ ଶକ୍ତିକୁ ବର୍ଣ୍ଣନା କରଯାଇଥିଲା। ଶାସ୍ତ୍ରୀୟ ନୃତ୍ୟ କାର୍ଯ୍ୟକ୍ରମକୁ ମଞ୍ଚରେ ସଂଯୋଜନା କରିଥିଲେ ଡ. ମୃତ୍ୟୁଞ୍ଜୟ ରଥ ଓ ନାଜିୟା ଆଲ୍ଲମ୍। ପରିଚାଳନରେ ସହଯୋଗ କରିଥିଲେ ଡ. ସଂଗୀତା ଗୋସାଇଁ। ଉତ୍ସବ ପରିଚାଳନା କରିଥିଲେ କୋଣାର୍କ ପର୍ଯ୍ୟଟନ ଅଧିକାରୀ ଅମୀୟ କୁମାର ସେଠୀ।

କାର୍ଯ୍ୟକ୍ରମରେ ଉପ-ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ଜଗତସିଂହପୁର ସାଂସଦ ବିଭୁପ୍ରସାଦ ତରାଇ, ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ, ସତ୍ୟବାଦୀ ବିଧାୟକ ଓମ୍‌ପ୍ରକାଶ ମିଶ୍ର, ବ୍ରହ୍ମଗିରି ବିଧାୟିକା ଉପାସନା ମହାପାତ୍ର, କାକଟପୁର ବିଧାୟକ ତୁଷାରକାନ୍ତି ବେହେରା, ପର୍ଯ୍ୟଟନ ବିଭାଗ ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, ପୁରୀ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ପ୍ରମୁଖ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ।

## ରାଜ ଭବନ ହେଲା 'ଲୋକ ଭବନ'

ଭୁବନେଶ୍ୱର,୧।୧୨(ସମିସ): ବଦଳିଲା ରାଜଭବନର ନାମ। ଆନୁଷ୍ଠାନିକ ଭାବେ 'ରାଜ ଭବନ'ର ନାମ ପରିବର୍ତ୍ତନ କରାଯାଇ 'ଲୋକ ଭବନ' ନାମରେ ନାମିତ କରାଯାଇଥିବା ସୋମବାର ରାଜ ଭବନ ପକ୍ଷରୁ ଏକ ବିଜ୍ଞପ୍ତି ଜାରି କରାଯାଇଛି। ଭାରତ ସରକାରଙ୍କ ସ୍ୱରାଷ୍ଟ୍ର ମନ୍ତ୍ରଣାଳୟର ନିର୍ଦ୍ଦେଶନାମା ଆଧାରରେ ଓଡ଼ିଶାର ରାଜ୍ୟପାଳ ଡ. ହରି ବାବୁ କମ୍ଭମପାଟି ଏହି ନାମକରଣକୁ ଅନୁମୋଦନ କରିଛନ୍ତି। ୨୦୨୪ ମସିହାରେ ରାଜ୍ୟପାଳମାନଙ୍କ ସମ୍ମିଳନୀ ସମୟରେ ଉପନିବେଶ ଯୁଗର ଶବ୍ଦରୁ ଦୂରେଇ ଯାଇ ଗଣତାନ୍ତ୍ରିକ ମୂଲ୍ୟବୋଧକୁ ସୁଦୃଢ଼ କରିବା ପାଇଁ ସମଗ୍ର ଭାରତରେ ରାଜ ଭବନଗୁଡ଼ିକର ନାମକୁ 'ଲୋକ ଭବନ' ନାମରେ ବଦଳାଇବାକୁ ପ୍ରସ୍ତାବ ଦିଆଯାଇଥିଲା। ରାଜ୍ୟପାଳ ଡ. କମ୍ଭମପାଟି କହିଛନ୍ତି ଯେ 'ଲୋକ ଭବନ' ସ୍ୱଚ୍ଛତା, ସୁଗମତା ଏବଂ ପ୍ରଶାସନ ଏବଂ ଲୋକଙ୍କ ମଧ୍ୟରେ ଏକ ଗଭୀର ସମ୍ପର୍କର ପ୍ରତୀକ ଅଟେ। 'ଲୋକ ଭବନ' ଜନସାଧାରଣଙ୍କ ସହଭାଗିତା ଏବଂ ପରାମର୍ଶ ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ମଞ୍ଚ ଭାବରେ କାର୍ଯ୍ୟ କରିବା ସହ ସମସ୍ତଙ୍କ ସୁଗମତା ଉପରେ ଧ୍ୟାନ ଦେବ।




# ଆଳୁ ଚାଷରୁ ମୁହଁ ଫେରାଉଛନ୍ତି ଚାଷୀ; କମୁଛି ଚାଷ



କଟକ,୧।୧୨(ସମିସ): କଟକ ଜିଲ୍ଲାରେ ଆଳୁ ଚାଷରୁ ମୁହଁ ଫେରାଉଛନ୍ତି ଚାଷୀ। ବିଗତ କିଛି ବର୍ଷ ଧରି ଏଭଳି ସ୍ଥିତି ସୃଷ୍ଟି ହୋଇଥିବା ବେଳେ ଏଥିପାଇଁ ଆଳୁ ଚାଷ ବଢ଼ିବା ପରିବର୍ତ୍ତେ କମି କମି ଯାଉଛି। ଜିଲ୍ଲା ଉଦ୍ୟାନକୃଷି ବିଭାଗ ତରଫରୁ ଯେତିକି ଲକ୍ଷ୍ୟ ଧାର୍ଯ୍ୟ କରାଯାଉଛି ସେତିକି ଅଞ୍ଚଳରେ ଆଳୁ ଚାଷ କରାଯାଇପାରୁନାହିଁ। ଏଥିପାଇଁ ଏଥର ଉଦ୍ୟାନ କୃଷି ବିଭାଗ ପକ୍ଷରୁ ଜିଲ୍ଲାରେ ଆଳୁ ଚାଷ କିଭଳି ଅଧିକରୁ ଅଧିକ ଜମିରେ କରାଯିବ ସେଥିପାଇଁ ପ୍ରସ୍ତୁତି ଆରମ୍ଭ ହୋଇଛି। ଜିଲ୍ଲାର ୧୪ଗୋଟି ବ୍ଲକ ମଧ୍ୟରୁ ସାଧାରଣତଃ ସାଲେପୁର, ମାହାଙ୍ଗା, ନିଶ୍ଚିନ୍ତକୋଇଲି, ସଦର, ବାଙ୍କୀ,ଡମପଡ଼ା,ଟିଗିରିଆ, ଆଠଗଡ଼, କଣ୍ଠାପଡ଼ା,ବାରଙ୍ଗ, ନିଆଳି ଆଦି କେତେକ ବ୍ଲକରେ ଅଧିକ ପରିମାଣରେ ଆଳୁ ଚାଷ କରାଯାଇଥାଏ। ଚଳିତ ବର୍ଷ କଟକ ଜିଲ୍ଲାରେ ପ୍ରାୟ ୮୦୦ହେକ୍ଟର ଜମିରେ ଆଳୁ ଚାଷ କରିବା ପାଇଁ ଲକ୍ଷ୍ୟ ରଖାଯାଇଛି। ହେଲେ ଏହି ଧାର୍ଯ୍ୟ ଲକ୍ଷ୍ୟ ପୂରଣ ନେଇ ଅନିଶ୍ଚିତତା ଦେଖାଦେଇଛି। ଅନେକ ଚାଷୀ ରିଆତି ଅର୍ଥ ପାଇବା ପାଇଁ ଆଳୁ ବିହନ ନେଉଥିଲେ ମଧ୍ୟ ସେତିକି ଜମିରେ ଚାଷ କରୁନାହାନ୍ତି। ସୂଚନାଥାଉକି ସରକାରଙ୍କ ପକ୍ଷରୁ ଏଥିପାଇଁ ସବସିଡି ଯୋଗାଇଦିଆଯାଇଥିଲେ ମଧ୍ୟ ଆଳୁ ଚାଷ ଜିଲ୍ଲାରେ ବ୍ୟାପକ ହୋଇପାରୁନି। ଜିଲ୍ଲାରେ ସାଧାରଣତଃ ଆଳୁ ଚାଷ ନଭେମ୍ବର ଶେଷ ସପ୍ତାହ ସୁଦ୍ଧା ହୋଇଥାଏ। ୧୦୦ରୁ ୧୨୦ ଦିନ ମଧ୍ୟରେ ଏହା ଅମଳକ୍ଷମ ହୋଇଥାଏ। ଅଧିକାଂଶ କ୍ଷେତ୍ରରେ ଖରିଫ ଧାନ ଚାଷ ହେଉଥିବା ଜମିରୁ ଧାନ କଟାଯିବା ପରେ ଆଳୁ ଚାଷ ପାଇଁ କ୍ଷେତ୍ର ପ୍ରସ୍ତୁତ ହୋଇଥାଏ। ଏଥର ଖରିଫ ଋତୁରେ ଲଗାଣ ବର୍ଷା ପାଇଁ ଏପର୍ଯ୍ୟନ୍ତ ଆଳୁ ଚାଷ ପାଇଁ କ୍ଷେତ୍ର ପ୍ରସ୍ତୁତ କରାଯାଇପାରିନାହିଁ। ଏବେ ଆଳୁ କିଲୋ ପ୍ରତି ଖୁଚୁରା ବଜାରରେ ୨୦ଟଙ୍କା ରହିଛି। ସାଧାରଣତଃ ଆଳୁ ଅମଳ ବେଳକୁ ଦର କମ ରହିଥାଏ। ଗତବର୍ଷ କ୍ୱିଣ୍ଟାଲ ପ୍ରତି ୩ହଜାରରୁ ୪ହଜାର ଟଙ୍କା ପର୍ଯ୍ୟନ୍ତ ଆଳୁ ବିହନ ବିକ୍ରି କରାଯାଉଥିଲା। ଯେଉଁଠି

### ଉନ୍ନତ କିସମର ବିହନ ଅଭାବ: ଅମଳ ବେଳେ ଅହେତୁକ ଦର ହ୍ରାସ

ବଜାରରେ ଖାଇବା ଆଳୁ ଦର କିଲୋ ପ୍ରତି ଏବେ ୧୫ରୁ ୧୭ଟଙ୍କା ମଧ୍ୟରେ ରହିଥିଲା। ତଥାପି ଗତବର୍ଷ ଜିଲ୍ଲାରେ ଆଳୁ ଚାଷ ୫୦୦ହେକ୍ଟର ଡେଇଁନଥିଲା। ଗୁରୁତ୍ୱପୂର୍ଣ୍ଣ ବିଷୟ ହେଲାକି ଚାଷୀ ମାନେ ସାଧାରଣତଃ ଖୋଲା ବଜାରରୁ ଅଧିକ ଆଳୁ ବିହନ କିଣିଥାନ୍ତି। ସରକାରୀ ସ୍ତରରେ ଆଳୁ ବିହନ ଯୋଗାଣ ସବୁ ବର୍ଷ ବିଳମ୍ବ ହେତୁ ଚାଷୀ ମାନେ ବଜାରରୁ ଚଢ଼ା ଦରରେ ଆଳୁ ମଞ୍ଜି କିଣିଥାନ୍ତି। ବଜାରରେ ଉନ୍ନତ କିସମର ବିହନ ମିଳୁନଥିବାରୁ ଉତ୍ପାଦନ ବହୁତ କମୁଥିବା ଅଭିଯୋଗ ହେଉଛି। ସେହିଭଳି ଆଳୁଅମଳ ପରେ ଶସ୍ତାରେ ନବିକି ସଂରକ୍ଷଣ ପାଇଁ ଶୀତଳଭଣ୍ଡାର ଅଭାବ ମଧ୍ୟ ଚାଷରୁ ବିମୁଖ ହେବାର ଅନ୍ୟତମ କାରଣ ବୋଲି ବିବେଚନା କରାଯାଉଛି। ସାଲେପୁର ବହୁଗ୍ରାମର ବାପୁଜି ଶୀତଳଭଣ୍ଡାର,କଟକ ସଦରର ବୟାଳିଶମୌଜା,ନିଆଳି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଲକ୍ଷେଶ୍ୱର,ବାଙ୍କୀ ଓ ଆଠଗଡ଼ରେ ବନ୍ଦ ହୋଇପଡ଼ିଛି।ଏଥର ଆଳୁ ଚାଷ ବୃଦ୍ଧି ପାଇଁ ହୋଇଥିବା ଯୋଜନା କେତେଦୂର ସଫଳ ହୋଇପାରୁଛି ତାହା ଆଗାମୀ ଦିନରେ ଜଣାପଡ଼ିବ। ଚାଷୀଙ୍କ କହିବାନୁଯାୟୀ ଗୋଟିଏ ହେକ୍ଟର ଜମିରେ ଆଳୁ ଚାଷ ପାଇଁ ଅତିକମରେ ୧୫କ୍ୱିଣ୍ଟାଲ ଆଳୁ ବିହନର ଆବଶ୍ୟକତା ରହିଛି। ଆଳୁ ବିହନ କିଲୋ ପ୍ରତି ୨୦ରୁ ୩୦ଟଙ୍କା ଦରରେ କିଣି ଚାଷ କରୁଥିବା ବେଳେ ଅମଳ ବେଳକୁ ବ୍ୟବସାୟୀଙ୍କ ହାତକୁ ୫-୧୦ଟଙ୍କା ମୂଲ୍ୟରେ ବିକ୍ରି କରୁଥିବା ଦେଖିବାକୁ ମିଳିଥାଉଛି। ଏଥିପାଇଁ ଚାଷୀ ମାନେ ଏହି ଚାଷ ପ୍ରତି ସେତେଟା ଆଗ୍ରହ ପ୍ରକାଶ କରୁନାହାଁନ୍ତି।

## ଡିଲରଙ୍କ ପାଖରୁ ମିଳୁନି ଗ୍ୟାସ ସିଲିଣ୍ଡର; ଚିନ୍ତାରେ ଉପଭୋକ୍ତା

ମାହାଙ୍ଗା,୧।୧୨(ସମିସ): ଏବେ କେବଳ ସହରରେ ନୁହେଁ, ଗ୍ରାମାଞ୍ଚଳରେ ବସବାସ କରୁଥିବା ଅଧିକାଂଶ ପରିବାର ଜାଳେଣି କାଠରେ ରୋଷେଇ କରିବା ପରିବର୍ତ୍ତେ ଗ୍ୟାସ ସିଲିଣ୍ଡର ଉପରେ ନିର୍ଭରଶୀଳ କିନ୍ତୁ ଗ୍ୟାସ କମ୍ପାନୀ ପକ୍ଷରୁ ନିଯୁକ୍ତି ପାଇଥିବା ଡିଲରମାନେ ଆବଶ୍ୟକ ମୁତାବକ ଗ୍ୟାସ ଭର୍ତ୍ତି ଟାଙ୍କି ମହଜୁଦ ନ ରଖିବାରୁ ହନ୍ତସନ୍ତ ହେଉଛନ୍ତି ହଜାର ହଜାର ଉପଭୋକ୍ତା। କଟକ ଜିଲ୍ଲାର ମାହାଙ୍ଗା ଓ ନିଶ୍ଚିନ୍ତକୋଇଲି ଅଞ୍ଚଳରେ ଏଚପି (ହିନ୍ଦୁସ୍ତାନ ପେଟ୍ରୋଲିୟମ) କମ୍ପାନୀ ଉପରେ ନିର୍ଭରଶୀଳ ହଜାର ହଜାର ଗ୍ୟାସ ଉପଭୋକ୍ତାଙ୍କୁ ଆବଶ୍ୟକ ସମୟରେ ଡିଲରମାନେ ଗ୍ୟାସ ଯୋଗାଇବାରେ ସମ୍ପୂର୍ଣ୍ଣ ବିଫଳ ବୋଲି ଅଭିଯୋଗ ହେଉଛି। କେବଳ ମାହାଙ୍ଗା, ସାଲେପୁର, ନିଶ୍ଚିନ୍ତକୋଇଲି ଅଞ୍ଚଳରେ ଏଚପି ଉପଭୋକ୍ତା ସମସ୍ୟାରେ ପଡ଼ିଛନ୍ତି, ସେକଥା ନୁହେଁ। ଏପରିକି ଜିଲ୍ଲାର ଅଧିକାଂଶ ଡିଲରମାନେ ହାତଟେକି ବସିବା ଚର୍ଚ୍ଚା ହେଉଛି। ଚାହିଦା ମୁତାବକ ରୋଷେଇ ଗ୍ୟାସ ସିଲିଣ୍ଡର ମହଜୁଦ ନ ଥିବାରୁ ଖାଉଟି ଚଢ଼ା ଦରରେ କଳା ବଜାରରୁ ଗ୍ୟାସ ଟାଙ୍କି ଆଣି ଆବଶ୍ୟକତା ପୂରଣ ପାଇଁ ବାଧ ହେଉଥିବା ଦେଖିବାକୁ ମିଳୁଛି। କାହିଁକି ଗ୍ରାମାଞ୍ଚଳର ଉପଭୋକ୍ତାଙ୍କୁ ଚାହିଦା ମୁତାବକ ଗ୍ୟାସ ଯୋଗାଣ ହୋଇପାରୁ ନାହିଁ ସେ ଦିଗରେ କୌଣସି ସନ୍ତୋଷଜନକ ଉତ୍ତର ମିଳିପାରୁ ନାହିଁ। ଗ୍ରାମାଞ୍ଚଳରେ ନିଯୁକ୍ତି ପାଇଥିବା ଏଚପି କମ୍ପାନୀର ଡିଲରମାନେ ସଠିକ ସମୟରେ ଉପଭୋକ୍ତାଙ୍କୁ ରୋଷେଇ ଗ୍ୟାସ ସିଲିଣ୍ଡର ଯୋଗାଇ ନ ଦେଲେ, ଆଗାମୀ ଦିନରେ ସାଧାରଣ ଜନତା ରାଜରାସ୍ତାକୁ ଓହ୍ଲେଇବାକୁ ବାଧ ହେବେ ବୋଲି ଚେତାବନୀ ଦେଇଛନ୍ତି।

## କଟକ ନଗର କଂଗ୍ରେସ ପକ୍ଷରୁ ମେଧା ଅନ୍ୱେଷଣ କାର୍ଯ୍ୟକ୍ରମ




କଟକ,୧।୧୨(ସମିସ): ଆଜି କଟକ ନଗର କଂଗ୍ରେସ ପକ୍ଷରୁ ସଭାପତି ଗିରିବାଳା ବେହେରାଙ୍କ ନେତୃତ୍ୱରେ ପୁରୀଘାଟ ସ୍ଥିତ କଂଗ୍ରେସ କାର୍ଯ୍ୟାଳୟ ଠାରେ ଜାତୀୟ ମେଧା ଅନ୍ୱେଷଣ କାର୍ଯ୍ୟକ୍ରମ ସମ୍ପର୍କିତ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏଆଇସିସି ଜାତୀୟ ମେଧା ଅନ୍ୱେଷଣ କାର୍ଯ୍ୟକ୍ରମ ଜରିଆରେ ଦକ୍ଷ ଓ ପ୍ରତିଭାବାନ ଉପସ୍ଥାପକ, ମୁଖପାତ୍ର, ଗଣମାଧ୍ୟମ ସଂଯୋଜକ ଓ ଗବେଷଣାତ୍ମକ ସଂଯୋଜକ ଚୟନ ପ୍ରକ୍ରିୟା ଆରମ୍ଭ ହୋଇଛି ବୋଲି ଶ୍ରୀମତୀ ବେହେରା କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ କଂଗ୍ରେସ ନେତା ଶରତ ଚନ୍ଦ୍ର ସେଠୀ, ବିଜି ଚକ୍ରବର୍ତ୍ତୀ, ଆର୍ଯ୍ୟବୀର ଲେଙ୍କା, ପୂର୍ଣ୍ଣିମା ବେହେରା, ପ୍ରଭାତୀ ପଟ୍ଟନାୟକ, ଅନିତା ବେହେରା, ରାଜଶ୍ରୀ ରାୟ, ହରେନ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ବାରବାଟୀ ପରିସରରେ ବୋଧଗୟାର ବୋଧିଦ୍ରୁମ





କଟକ,୧।୧୨(ସମିସ): ଐତିହ୍ୟ ପଦଯାତ୍ରୀ ପକ୍ଷରୁ ଆବାହକ ଡ. ଦୀପକ ସାମନ୍ତରାୟଙ୍କ ନେତୃତ୍ୱରେ ବାରବାଟୀ ବଞ୍ଚାଅ ତିନୋଟି ମୁଖ୍ୟ ସମସ୍ୟାର ସମାଧାନ ପ୍ରତି ଗୁରୁତ୍ୱ ଦିଆଯାଇଛି। ବାରବାଟୀ ଗଡଖାଇର ପୁନରୁଦ୍ଧାର, ଆଲୋକୀକରଣ ଓ ସଂଧାରେ ଶବ୍ଦ ଓ ଆଲୋକର ବ୍ୟବସ୍ଥା କରିବାପାଇଁ ସରକାରଙ୍କ ନିକଟରେ ଦାବି ରଖାଯାଇଛି। ପ୍ରାରମ୍ଭରେ ଦୁର୍ଗ ମଧ୍ୟରେ ୧୯୭୮ ମସିହାରେ ମୁଖ୍ୟମନ୍ତ୍ରୀ ନୀଳମଣି ରାଉତରାୟ, ସମାଜ ସଂପାଦକ ଡକ୍ଟର ରାଧାନାଥ ରଥ, ୟୁନିଭର୍ସିଟ ସଂପାଦକ ଗିରିଜା ଭୂଷଣ ପଟ୍ଟନାୟକ ଓ କଟକର ତତ୍କାଳୀନ ଜିଲ୍ଲାପାଳଙ୍କ ଉପସ୍ଥିତିରେ ଜାପାନର ପ୍ରଖ୍ୟାତ ଧର୍ମଗୁରୁ ଫୁଜି ମହାରାଜଙ୍କ ଦ୍ୱାରା ରୋପଣ କରାଯାଇଥିବା ବୋଧିଦ୍ରୁମର ତଳେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଉକ୍ତ ବୋଧିଦ୍ରୁମ ଓ ଓଡ଼ିଶାରେ ବୌଦ୍ଧ ଧର୍ମର ଗୁରୁତ୍ୱ ସଂପର୍କରେ ଆଲୋଚନା କରାଯାଇଥିଲା। ଡ. ହେମନ୍ତ ପରିଡ଼ା, ନିତେଶ ସେଠ୍, ଜୟନ୍ତ ସିଂହ, ପ୍ରକାଶ ସିଂହ, କିଶୋର ବିଟ୍, ଆଦିତ୍ୟପ୍ରସାଦ ଘୋଷ, ଜେକେଶ ସାହୁ, ବିଶ୍ୱରଞ୍ଜନ ଦେହୁରୀ, ଶ୍ରୀକାନ୍ତ ସିଂହ, ଶ୍ରୀତମ ରାୟ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

## ଖ୍ରୀଷ୍ଟକଲେଜ ଉଦ୍ଭିଦବିଜ୍ଞାନ ବିଭାଗର ଆଞ୍ଚଳିକ ପାଠଚକ୍ର




କଟକ,୧।୧୨(ସମିସ): ଖ୍ରୀଷ୍ଟ କଲେଜର ଉଦ୍ଭିଦବିଜ୍ଞାନ ବିଭାଗଓଓଡ଼ିଶାବଟାନିକାଲ ସୋସାଇଟିର ମିଳିତ ସହଯୋଗରେ ଏକଦିବସୀୟ ଆଞ୍ଚଳିକ ପାଠଚକ୍ର ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧ୍ୟକ୍ଷ ମଧୁମିତା ପାତ୍ର ପାଠଚକ୍ରକୁ ଉଦ୍ଘାଟନ କରି ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ପରିଚାଳନା ସମିତିର ସଭାପତି ଅନୁପମ ପାତ୍ର ପ୍ରକୃତି ସହିତ ମଣିଷର ସଂପର୍କ ଓ ଉତରଦାୟିତ୍ୱ ସଂପର୍କରେ ଆଲୋକପାତ କରିଥିଲେ। ଉଦ୍ଭିଦବିଜ୍ଞାନ ବିଭାଗର ମୁଖ୍ୟ ପ୍ରାଧ୍ୟାପକ ଶୋଭନ ପଣ୍ଡା ଅତିଥି ପରିଚୟ ପ୍ରଦାନ ସହ ପାଠଚକ୍ରର ଅଭିମୁଖ୍ୟ ସଂପର୍କରେ ସୂଚନା ପ୍ରଦାନ କରିଥିଲେ। ମୁଖ୍ୟ ଅତିଥି ଓଡ଼ିଶା ବଟାନିକାଲ ସୋସାଇଟିର ସଭାପତି ଡଃ କୁଞ୍ଜବିହାରୀ ଶତପଥୀ, ସଂପାଦିକା ଡ. ସୁଜାତା ମହାନ୍ତି, ମୁଖ୍ୟବକ୍ତା ରମାଦେବୀ ମହିଳା ମହାବିଦ୍ୟାଳୟର ସହକାରୀ ପ୍ରଫେସର ଡଃ ଅଲୋକ ପ୍ରସାଦ ଦାସ ପ୍ରମୁଖ ପର୍ବତପାର୍ଶ୍ୱୀ ପରବର୍ତ୍ତୀ ପରିବେଶ ପରିପ୍ରେକ୍ଷୀରେ ଜୈବ ମୂଲ୍ୟାୟନ ଓ ସେଥିପ୍ରତି ସାମାଜିକ ସଚେତନତା ସହିତ ବୈଜ୍ଞାନିକ ପଦ୍ଧତିରେ ପରିବେଶ ସନ୍ତୁଳନ ପାଇଁ ଜୈବ ବିବିଧତାର ଆବଶ୍ୟକତା ସମ୍ପର୍କ ଉପରେ ସାରଗର୍ଭକ ଆଲୋଚନା କରିଥିଲେ। ସ୍ନାତକୋତର ଛାତ୍ରୀ ଅନନ୍ୟା ବ୍ରହ୍ମା ଓ ସଗୁପି ବେଗମ୍ ନିବନ୍ଧ ପାଠ କରିଥିଲେ। ଅଧ୍ୟାପିକା ଡଃ କବିତା ଆଚାର୍ଯ୍ୟ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ପାଠଚକ୍ରରେ ପରିଚାଳନା ସମିତିର କର୍ମକର୍ତ୍ତା, ଉପାଧ୍ୟକ୍ଷ, ବିଭିନ୍ନ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକା ଓ ଗବେଷଣାରତ ବିଦ୍ୟାର୍ଥୀମାନେ ସକ୍ରିୟ ଅଂଶଗ୍ରହଣ କରିଥିଲେ। ଅଧ୍ୟାପକ ଡଃ ସଞ୍ଜିତ୍ ବିଶ୍ୱାସ, ଡ. ଆନନ୍ଦିନୀ ରାଉତ, ଡ. ଉଜ୍ଜିତ ପଟ୍ଟନାୟକ, ଅଧ୍ୟାପିକା ନିବେଦିତା ନାୟକ ପ୍ରମୁଖ ପାଠଚକ୍ରକୁ ପରିଚାଳନା କରିଥିଲେ।

## ଡ୍ରିମ୍ସରେ ବିଶ୍ୱ ଏଡ୍ସ ଦିବସ




କଟକ,୧।୧୨(ସମିସ): ଡ୍ରିମ୍ସ ବିଶ୍ୱବିଦ୍ୟାଳୟ ପକ୍ଷରୁ ବିଶ୍ୱ ଏଡ୍ସ ଦିବସ ପାଳିତ ହୋଇଯାଇଛି। ଡ୍ରିମ୍ସ ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତା ଅଧ୍ୟକ୍ଷ ଡ. ପ୍ରମୋଦ ଚନ୍ଦ୍ର ରଥ, କୁଳପତି ପ୍ରଫେସର ଡ. ପ୍ରକାଶ କୁମାର ହୋତା, ପ୍ରଶାସନିକ ନିର୍ଦ୍ଦେଶକ ବଳରାମ କର, ନିର୍ଦ୍ଦେଶକ ପ୍ରଦୀପ୍ତ ଚନ୍ଦ୍ର ରଥ, ନିର୍ଦ୍ଦେଶିକା ଚିନ୍ମୟୀ ରଥ, 'ଡିନ୍' ଡ. ପ୍ରଥିମା ପ୍ରକାଶମ୍, ସହକାରୀ 'ଡିନ୍' ଏନ୍ ପ୍ରେମଲତା ଦେବୀ ଆଭାସୀ ମାଧ୍ୟମରେ ବିଶ୍ୱ ଏଡ୍ସ ଦିବସ ପାଳନର ତାତ୍ପର୍ଯ୍ୟ ଉପରେ ସୂଚନା ଦେବା ସହ ଏ ଦିଗରେ ଜନ ସଚେତନତା ସୃଷ୍ଟି କରିବାରେ ନର୍ସିଂ ଛାତ୍ରଛାତ୍ରୀଙ୍କ ପ୍ରମୁଖ ଭୂମିକା ରହିଥିବା ଉଲ୍ଲେଖ କରିଥିଲେ। ଏହି ଉପଲକ୍ଷେ 'ସ୍କୁଲ ଅଫ ନର୍ସିଂ' ପକ୍ଷରୁ ଭଟିମୁଣ୍ଡା ସରକାରୀ ଜନ ଆରୋଗ୍ୟ କେନ୍ଦ୍ର ପରିସରରୁ ସଚେତନତା ଶୋଭାଯାତ୍ରା ଗ୍ରାମ ପରିକ୍ରମା କରିଥିଲା। ଜନ ଆରୋଗ୍ୟ କେନ୍ଦ୍ରର ଡାକ୍ତର ଅମୀୟ କୁମାର ଦାସ ପତାକା ଦେଖାଇ କାର୍ଯ୍ୟକ୍ରମ ଶୁଭାରମ୍ଭ କରିଥିଲେ। ଡ୍ରିମ୍ସ ବିଶ୍ୱବିଦ୍ୟାଳୟର ଲୋକ ସଂପର୍କ ଅଧିକାରୀ ନିରାକାର ସାହୁ ସମ୍ମାନିତ ଅତିଥି ଭାବରେ ଯୋଗଦେଇ ଏଡ୍ସ ନିୟନ୍ତ୍ରଣ ଓ ନିରାକରଣ ଉପରେ ବକ୍ତବ୍ୟ ପ୍ରଦାନ କରିଥିଲେ। ବିଏସ୍‌ସି ନର୍ସିଂ ଛାତ୍ରଛାତ୍ରୀ ନାଟକ ପ୍ରଦର୍ଶନ ମାଧ୍ୟମରେ ସଚେତନତା ବାର୍ତ୍ତା ପ୍ରଦାନ କରିଥିଲେ। ସହକାରୀ ପ୍ରାଧ୍ୟାପିକା ରୋଜାଲିନ୍ ଦାଶଙ୍କ ପୌରହିତ୍ୟରେ ଆୟୋଜିତ କାର୍ଯ୍ୟକ୍ରମରେ ସହକାରୀ ପ୍ରାଧ୍ୟାପିକା ମାଧୁରୀ ମେଶରମ, ଅଧ୍ୟାପିକା ଏଲ୍‌-ଏର୍ଯ୍ୟା ପ୍ରିୟଦର୍ଶିନୀ ସାମଲ, ଅଧ୍ୟାପିକା ଅମ୍ରିତା ଦାସ, ଅଧ୍ୟାପିକା ପଲ୍ଲବୀ ସୂତାର ପ୍ରମୁଖ ଯୋଗଦେଇଥିଲେ। ଛାତ୍ରୀ ଅରୁନ୍ଧତୀ ବିଶ୍ୱାଣୀ ଓ ଶ୍ରାବଣୀ ପଣ୍ଡା କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।

### ଡ୍ରିମ୍ସ ମେଡିକାଲ କଲେଜ ଓ ହସ୍ପିଟାଲ

ଡ୍ରିମ୍ସ ମେଡିକାଲ କଲେଜ ଓ ହସ୍ପିଟାଲ ପକ୍ଷରୁ ବିଶ୍ୱ ଏଡ୍ସ ଦିବସ ପାଳନ ଅବସରରେ ଅପରାହ୍ନରେ ସଚେତନତା ପଦଯାତ୍ରା କ୍ୟାମ୍ପସ ପରିକ୍ରମା କରି 'ଜଦ୍ଦିନୀ କେୟାର' ପର୍ଯ୍ୟନ୍ତ ଆସିଥିଲା। 'ଡିନ' ପ୍ରଫେସର ଡା. ବିରଞ୍ଚି ନାରାୟଣ ମହାପାତ୍ର କାର୍ଯ୍ୟକ୍ରମକୁ ଉଦ୍ଘାଟନ କରିଥିଲେ। କମ୍ୟୁନିଟି ମେଡିସିନ୍ ବିଭାଗ ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମରେ ପ୍ରଫେସର ଡା. ନଳିନୀକାନ୍ତ ତ୍ରିପାଠୀ, ଡା. ବୁଲୁ ମହାନ୍ତି, ଡା. ଦେବାଶିଷ ସ୍ୱାଇଁ, ଡା. ରଶ୍ମିରଞ୍ଜନ ବାରିକ, ଡା. ପ୍ରତିକ ରଞ୍ଜନ ନାୟକ ଡା. ସତ୍ୟବ୍ରତ ଶତପଥୀ ସମ୍ମାନିତ ଅତିଥି ଭାବରେ ଯୋଗଦେଇଥିଲାବେଳେ ଏମବିବିଏସ୍ ଛାତ୍ରଛାତ୍ରୀ ଏଥିରେ ସାମିଲ ଥିଲେ।

## କଟକ କଲେଜରେ ଏଡ୍ସ ଦିବସ




କଟକ,୧।୧୨(ସମିସ): କଟକ କଲେଜ ରେଡକ୍ରସ୍ ଓ ରେଡ୍ ରିବନ୍ କ୍ଲବ୍ ପକ୍ଷରୁ ବିଶ୍ୱ ଏଡ୍ସ ଦିବସ କଲେଜ ଅଧ୍ୟକ୍ଷ ଡ. ଶୁଭଦର୍ଶିନୀ ମହାନ୍ତିଙ୍କ ପୌରହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ପ୍ରଶାସନିକ ଅଧିକାରୀ ପ୍ରାଧ୍ୟାପକ ସ୍ୱର ପ୍ରସାଦ ତ୍ରିପାଠୀ, +୨ ଅଫିସର ପ୍ରାଧ୍ୟାପିକା ଡ. ରୁତୁବାଳା ମହାରଣା, ରେଡକ୍ରସ ଅଧିକାରୀ କୁମାର ପ୍ରଦ୍ୟୋତ୍ ମିଶ୍ର ଓ ଆରଆରସି ସଂଯୋଜିକା ଇନ୍ଦିରା ପ୍ରିୟଦର୍ଶିନୀ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସଚେତନତା ଧର୍ମୀ ବକ୍ତୃତା, ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା ସହ ଏଡସର ଭୟାବହତା, କାରଣ ଓ ନିରାକରଣ ସମ୍ପର୍କିତ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଅଧ୍ୟାପକ ଦେବେନ୍ଦ୍ର ଚନ୍ଦ୍ର ଓଝା ଓ ଅଧ୍ୟାପକ ମଣ୍ଟୁ ଜେନା ଉପସ୍ଥିତ ରହି ଏହି ରୋଗର ନିରାକରଣରେ ଯୁବ ସମାଜ ମଧ୍ୟରେ ବ୍ୟାପକ ସଚେତନତା ସୃଷ୍ଟିର ଆବଶ୍ୟକତା ରହିଛି ବୋଲି ମତବ୍ୟକ୍ତ କରିଥିଲେ। ରେଡକ୍ରସ୍ ଟିମ୍ ଲିଡର୍ ନାଜମିନ୍ ସୁଲତାନା, ସୁରଜ୍ ସ୍ୱାଇଁ ଓ ରଶ୍ମି ରଞ୍ଜନ ମହାପାତ୍ର କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ଏସିଏଫ୍ ଚୟନ ତାଲିକାର ତୃତୀୟ ସ୍ଥାନରେ ରୋଶନୀ



କଟକ,୧।୧୨(ସମିସ): ଓପିଏସ୍‌ସି ଦ୍ୱାରା ପରିଚାଳିତ ଆସିଷ୍ଟାଣ୍ଟ କଞ୍ଜରଭେଟର ଅଫ୍ ଫରେଷ୍ଟ(ଏସିଏଫ୍) ଚୟନ ପରୀକ୍ଷାରେ କଟକ ସିଡିଏବାସୀ ରୋଶନୀ ମିଶ୍ର ରାଜ୍ୟସ୍ତରରେ ତୃତୀୟ ସ୍ଥାନ ଅଧିକାର କରି କଟକ ଜିଲ୍ଲାର ଗୌରବମଣ୍ଡିତ କରିଛନ୍ତି। ସୁଶ୍ରୀ ରୋଶ୍ନି ବର୍ତ୍ତମାନ କଟକ କଲେକ୍ଟରେଟ ଜଣେ ଟ୍ରେନି ରେଭିନ୍ୟୁ ଅଫିସର ଭାବରେ ନିଯୁକ୍ତ ହୋଇ ଭୁବନେଶ୍ୱର ଗୋପଟାଣରେ ରେଭିନ୍ୟୁ ଅଫିସର ଟ୍ରେନିଂ ଇନ୍‌ଷ୍ଟିଚ୍ୟୁଟରେ ତାଲିମ ନେଉଥିବା ବେଳେ ପୁଣି ଏଭଳି ସଫଳତା ପ୍ରାପ୍ତ ହୋଇଛନ୍ତି। ଏହି ଖବର ପ୍ରଚାରିତ ହେବା ପରେ ତାଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟିଛି। ସୁଶ୍ରୀ ରୋଶ୍ନି କଟକ ସିଡିଏବାସୀ ନମିତା ମିଶ୍ର ଏବଂ ରଞ୍ଜନ ମିଶ୍ରଙ୍କ ବଡ଼ ଝିଅ ତଥା ସ୍ୱର୍ଗତ ସନାତନ ମିଶ୍ରଙ୍କ ନାତୁଣୀ ଅଟନ୍ତି।

## ପ୍ରଭାତ ବିଶ୍ୱାଳଙ୍କ ମାତୃ ବିୟୋଗ



କଟକ/ଚୌଦ୍ୱାର,୧।୧୨(ସମିସ): ପୂର୍ବତନ ବିଧାୟକ ତଥା ସମାଜସେବୀ ଓ ପ୍ରଭାତରଞ୍ଜନ ବିଶ୍ୱାଳଙ୍କ ମାତା ତଥା ଚୌଦ୍ୱାର-କଟକ ବିଧାୟକ ସୌଭିକ ବିଶ୍ୱାଳଙ୍କ ଜେଜେ ମା କ୍ଷୀରପ୍ରଭା ବିଶ୍ୱାଳଙ୍କର ୮୮ବର୍ଷ ବୟସରେ ପରଲୋକ ଘଟିଛି। ତାଙ୍କ ବିୟୋଗରେ ବିଭିନ୍ନ ମହଲରେ ଶୋକର ଛାୟା ଖେଳିଯାଇଛି। ତାଙ୍କ ଅନ୍ତିମ ଶଯ୍ୟା ନିକଟରେ ପୁତ୍ର ପ୍ରଭାତ, ପୁତ୍ରବଧୂ କଟକ ଜିଲ୍ଲା ପରିଷଦର ପୂର୍ବତନ ଅଧ୍ୟକ୍ଷା ଲକ୍ଷ୍ମୀବିକାସିନି, ପୁତ୍ର ଅଚ୍ୟୁତରଞ୍ଜନ, ହେମନ୍ତ ରଞ୍ଜନ, ନାତି ସୌଭିକ, ୩ କନ୍ୟା, ଜାମାତାଙ୍କ ସମେତ ଅନ୍ୟାନ୍ୟ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ତାଙ୍କ ବିୟୋଗ ଖବର ପ୍ରଚାରିତ ହୋଇଥିବା ମାତ୍ରେ ମେୟର ସୁବାସ ସିଂ, ଡେପୁଟି ମେୟର ଦମୟନ୍ତୀ ମାଝୀ, ଜିଲ୍ଲାପାଳ ଦତ୍ତାତ୍ରୟ ଭାଉ ସାହାବେ ଶିନ୍ଦେ, ଡିସିପି ଋଷିକେଶ ଖିଲାରୀ ଋଷିକେଶ ଜ୍ୟାନଦେଓ, ବିଧାୟକ ପ୍ରକାଶ ସେଠୀ, ବିଧାୟକ ଗଣେଶ୍ୱର ବେହେରା, ପୂର୍ବତନ ମନ୍ତ୍ରୀ ଦେବୀ ମିଶ୍ର, ପୂର୍ବତନ ବିଧାୟକ ପ୍ରଭାତ ତ୍ରିପାଠୀ, ମହମ୍ମଦ ମୋକିମ, ବିଜେଡିର ବରିଷ୍ଠ ନେତା ମଧୁସୂଦନ ସାହୁ, ସିଏମସିର ବହୁ କର୍ପୋରେଟର, ଚୌଦ୍ୱାର ମ୍ୟୁନିସିପାଲିଟିର ଅଧ୍ୟକ୍ଷା ମାନସୀ ସ୍ୱର୍ଣ୍ଣପ୍ରଭା ସାମଲ, ଉପାଧ୍ୟକ୍ଷ ଶୁଭେନ୍ଦୁ ସାମଲଙ୍କ ସହ ବହୁ କାଉନସିଲର ଓ ବିଶିଷ୍ଟ ବ୍ୟକ୍ତି ତାଙ୍କ ମହାନଦୀ ବିହାରସ୍ଥିତ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିବା ସହ ଶବଧାରରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ସୂଚନାଯୋଗ୍ୟ ଯେ, ୧୯୩୭ ମସିହା ଜୁଲାଇ ମାସ ୧୨ ତାରିଖରେ କ୍ଷୀରପ୍ରଭା ବଡ଼ୀ ଅଞ୍ଚଳର ରତାଳଙ୍ଗରେ ଜନ୍ମଗ୍ରହଣ କରିଥିଲେ। ପଟ୍ଟାମୁଣ୍ଡାଇ ପୋଷ୍ଟପାଲରେ ସ୍ୱର୍ଗତ ନୀଳମଣି ବିଶ୍ୱାଳଙ୍କୁ ବିବାହ କରିଥିଲେ। ସେ ଜଣେ ସୁଗୃହିଣୀ, ଧର୍ମପ୍ରାଣା, ପରୋପକାରୀ ଓ ସମାଜସେବିକା ଭାବେ ପରିଚିତ ଥିଲେ। ତାଙ୍କର ଆଶୀର୍ବାଦ ଯୋଗୁଁ ପୁତ୍ର ପ୍ରଭାତ ୩ଥର ବିଧାୟକ ଭାବେ ନିର୍ବାଚିତ ହୋଇଥିଲେ। କାଳିଆବୋଦା ଶ୍ମଶାନରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଛି।


## ପିକୋଲ ପଞ୍ଚାୟତରେ ମନ୍ କି ବାତ୍ କାର୍ଯ୍ୟକ୍ରମ

ସାଲେପୁର,୧।୧୨(ସମିସ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କର ୧୨୮ତମ ମନ୍‌କି ବାତ୍ କାର୍ଯ୍ୟକ୍ରମ ପିକୋଲ ପଞ୍ଚାୟତ ବହଳପା ଗ୍ରାମ ବୁଥ୍ ନଂ-୨୧୮ ମାଁ ସୁନେଇ ରୁପେଇ ମନ୍ଦିର ପ୍ରାଙ୍ଗଣରେ ବିଜେପି ସଂଗଠକ ହିମାଂଶୁ ମହାନ୍ତିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ନିରଞ୍ଜନ ପାତ୍ର, ବିକାରୀ ସିଂହ, ଜୟନ୍ତ ଭୂୟାଁ, ଗଣେଶ୍ୱର ମହାନ୍ତି, ହେମନ୍ତ ଦାସ, ଦିବାକର ପ୍ରଧାନ, ରେଣୁବାଳା ରାଉତ, ସନ୍ଧ୍ୟାରାଣୀ ଶତପଥୀ, ନିର୍ମଳା ବରାଳ, ମନୋଜ ବିଶ୍ୱାଳ, ରିତେଶ ଦାଶ, ଶଶିକାନ୍ତ ମହାନ୍ତି, ଦ୍ରୌପଦୀ ମହାରଣା, ଶଙ୍କର ବେହେରା ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

## ଦେଢ଼ବର୍ଷ ଧରି ଗୋଶାଳା ରେଳ ଓଭରବ୍ରିଜ ଅନ୍ଧାର




କଟକ,୧।୧୨(ସମିସ): କଟକ ସହରର ପୂର୍ବାଞ୍ଚଳରେ ନିର୍ମିତ ଗୁରୁତ୍ୱପୂର୍ଣ୍ଣ ଗୋଶାଳା ରେଳ ଓଭରବ୍ରିଜରେ ପ୍ରତିଦିନ ଦୁର୍ଘଟଣା ଘଟୁଛି। ଏହି ଓଭରବ୍ରିଜଟି ଦୀର୍ଘ ଦେଢ଼ ବର୍ଷ ଧରି ଅନ୍ଧାରରେ ରହିଥିବାରୁ ଏହା ଉପରେ ରାତିରେ ଚଳାଚଳ କରୁଥିବା ପଥଚାରୀ ଓ ଯାନବାହନ ଗୁଡ଼ିକ ଅନେକ ସମୟରେ ଦୁର୍ଘଟଣାର ଶିକାର ହେଉଥିବା ଦେଖିବାକୁ ମିଳୁଛି। ହେଲେ ଏହି ସେତୁର ଆଲୋକୀକରଣ କଥାକୁ ସତେ ଯେମିତି ସମ୍ପୃକ୍ତ ବିଭାଗ ଭୁଲିଯାଇଛି। ଏହି ସେତୁ ଉଦ୍ଘାଟନ ବେଳେ ଖୁବଶୀଘ୍ର ଆଲୋକୀକରଣ କରାଯିବ ବୋଲି କୁହାଯାଇଥିଲା। ଏହି ବ୍ରିଜ ଗତ ୨୦୨୪ ଡିସେମ୍ବର ୨୩ରେ ବିଭାଗୀୟ ମନ୍ତ୍ରୀ ଉଦ୍ଘାଟନ କରିଥିଲେ କିନ୍ତୁ ଏହାର ଯଥେଷ୍ଟ ପୂର୍ବରୁ ଲୋକେ ଯାତାୟତ ପାଇଁ ବ୍ୟବହାର ହୋଇଆସୁଥିଲା। କଟକ ଓ ଜଗତସିଂହପୁର ଜିଲ୍ଲାର ଯୋଗାଯୋଗକୁ ଅଧିକ ସୁଦୃଢ଼ କରିବା ସହ ଉପୁଜୁଥିବା ଟ୍ରାଫିକ୍ ସମସ୍ୟାର ସମାଧାନ ଉଦ୍ଦେଶ୍ୟରେ ନୂଆ ରେଳ ଓଭର ବ୍ରିଜ ୬୦କୋଟି ୯୩ ଲକ୍ଷ ୬୨ ହଜାର ବ୍ୟୟରେ ନିର୍ମିତ ହୋଇଥିଲା। ଏହି ସେତୁ କଟକ ସହର ଓ ଜଗତସିଂହପୁର ଜିଲ୍ଲା ମଧ୍ୟରେ ଯାତାୟତ ସମୟକୁ କମ୍ କରିବା ସହ ଟ୍ରାଫିକ୍ ନିୟନ୍ତ୍ରଣରେ ପ୍ରମୁଖ ଭୂମିକା ଗ୍ରହଣ କରିଆସୁଛି। ନୂଆବଜାର ଛକରୁ ପ୍ରେସ୍ ଛକକୁ ସଂଯୋଗ କରୁଥିବା ୫୧୧ ମିଟର ଦୈର୍ଘ୍ୟବିଶିଷ୍ଟ ଏହି ସେତୁ ଦ୍ୱାରା ବିଭିନ୍ନ ଅଞ୍ଚଳରେ ଛାତ୍ରଛାତ୍ରୀ, କର୍ମଜୀବୀ, ରୋଗୀ, ବରିଷ୍ଠ ନାଗରିକଙ୍କ ଗମନାଗମନ ସୁଗମ କରିବା ସହ ବ୍ୟବସାୟିକ କାରବାରକୁ ସହଜ କରିଛି। ଏହି ସେତୁ ଦ୍ୱାରା ଦୈନିକ ପ୍ରାୟ ୫୦ହଜାର ଲୋକ ଉପକୃତ ହେଉଛନ୍ତି। ରେଳବାଇ ଓ ପୂର୍ତ୍ତ ବିଭାଗର ଅନୁଦାନରେ ଏହି ସେତୁ ନିର୍ମାଣ କରାଯାଇଥିବା ବେଳେ ଆଲୋକୀକରଣ ପାଇଁ ବିଭାଗ ପକ୍ଷରୁ ୬୨ ଲକ୍ଷ ଟଙ୍କାର ବ୍ୟୟ ଅଟକଳ କରାଯାଇଥିଲେ ସୁଦ୍ଧା ଏହି କାର୍ଯ୍ୟ ଏଯାବତ କରାଯାଇପାରି ନ ଥିବା ଜଣାପଡ଼ିଛି।ଅପରପକ୍ଷରେ ଏହି ସେତୁଟି ଗୋଶାଳା ନିକଟରେ ନୂଆବଜାର ଫ୍ଲାଏଓଭର ବ୍ରିଜକୁ ସଂଯୋଗ କରୁଛି। ଉଭୟ ସେତୁର ଗତାଣିଆ ସ୍ଥାନ ଏହି ସ୍ଥାନରେ ସଂଯୋଗ ହୋଇଛି। ଏହି ସ୍ଥାନରେ ଆଲୋକ ନ ଥିବାରୁ ରାତି ବେଳା ଅପରପାର୍ଶ୍ୱରୁ ଆସୁଥିବା ଯାନବାହନ ଗୁଡ଼ିକ ନୂତନ ବ୍ରିଜରୁ ତଳକୁ ଗଡୁଥିବା ଯାନବାହନ ସହ ମୁହାଁମୁହିଁ ହୋଇ ଦୁର୍ଘଟଣା ଘଟୁଛି।



■ ଲଙ୍କାପୁଟ ଉଚ୍ଚ ବିଦ୍ୟାଳୟ ହଷ୍ଟେଲରେ ଅଘଟଣ

# ରାତିରେ ହଷ୍ଟେଲ ଛାଡ଼ି ଜଙ୍ଗଲକୁ ପଳାଇଲେ ୨୦ ଛାତ୍ର

କୋରାପୁଟ, ୧।୧୨(ସମିସ): ରାତିରେ ଘନ ଅନ୍ଧାରରେ ହଷ୍ଟେଲ ଛାଡ଼ି ୨୦ ଜଣ ଛାତ୍ର ପଳାଇବା ଓ ସକାଳେ ଜଙ୍ଗଲରୁ ଉଦ୍ଧାର ହେବା ଘଟଣା କୋରାପୁଟ ଜିଲ୍ଲାରେ ଆଲୋଡ଼ନ ସୃଷ୍ଟି କରିଛି। କୋରାପୁଟ ବ୍ଲକ୍ ଅନ୍ତର୍ଗତ ଲଙ୍କାପୁଟ ସରକାରୀ ଉଚ୍ଚ ବିଦ୍ୟାଳୟ



ହଷ୍ଟେଲରେ ଏହି ଘଟଣା ଘଟିଛି। କେଉଁ କାରଣରୁ ଛାତ୍ରମାନେ ଏଭଳି ଦୁଃସାହସିକ ପଦକ୍ଷେପ ନେଲେ, ତାହା ଜଣାପଡ଼ିନାହିଁ। ଅପରପକ୍ଷେ, ଏହି ଘଟଣା ପରେ ଅଭିଭାବକମହଲରେ ଚିନ୍ତା ବଢ଼ି ଯାଇଛି। ଏହି ଘଟଣାରେ ଅଭିଭାବକମାନେ ସ୍କୁଲ କର୍ତ୍ତୃପକ୍ଷଙ୍କୁ ଦାୟୀ କରିବା ସହ ତଦନ୍ତ ଦାବି କରିଛନ୍ତି।

ସୂଚନାନୁଯାୟୀ, ଲଙ୍କାପୁଟ ଉଚ୍ଚ ବିଦ୍ୟାଳୟରେ ହଷ୍ଟେଲରେ ପ୍ରଥମରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ବହୁ ଛାତ୍ର ରହୁଛନ୍ତି। ସେଥିମଧ୍ୟରୁ ୨୦ଛାତ୍ର ଗତ ରାତିରେ ହଷ୍ଟେଲ ପାଚେରି ଡେଇଁ ପାଖ ଜଙ୍ଗଲକୁ ପଳାଇଥିଲେ। ଆଜି ସକାଳୁ ହଷ୍ଟେଲ କର୍ତ୍ତୃପକ୍ଷ ଏ ସଂପର୍କରେ ଜାଣିବା ପରେ ସେମାନଙ୍କ ଅଭିଭାବକମାନଙ୍କୁ ଖବର ଦେଇଥିଲେ। ମଧ୍ୟାହ୍ନରେ ହଷ୍ଟେଲ ସମ୍ମୁଖରେ ଅଭାବନୀୟ ପରିସ୍ଥିତି ଦେଖିବାକୁ ମିଳିଥିଲା। ନିଖୋଜ ଥିବା ଛାତ୍ରଙ୍କ ଅଭିଭାବକମାନେ ହଷ୍ଟେଲରେ ପହଞ୍ଚି କନ୍ଦାକଟା କରିଥିଲେ। ଅଭିଭାବକମାନଙ୍କ କହିବାନୁଯାୟୀ, ଗତରାତିଠାରୁ ସେମାନଙ୍କ ପିଲା ହଷ୍ଟେଲରେ ନାହାନ୍ତି ବୋଲି ସ୍କୁଲ ପକ୍ଷରୁ ସେମାନଙ୍କୁ ଫୋନ୍‌ରେ ଜଣାଯାଇଥିଲା। ଏ

■ ୯ କିମି ଦୂର ଜଙ୍ଗଲରୁ ଉଦ୍ଧାର ହେଲେ
■ ସ୍କୁଲ ସାମ୍ନାରେ ଅଭିଭାବକଙ୍କ କାନ୍ଦବୋବାଳି

ସଂପର୍କରେ ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ମଧ କୌଣସି ସନ୍ତୋଷଜନକ ଉତ୍ତର ଦେଇପାରିନଥିଲେ। ପରେ ଅଭିଭାବକ ଓ ସ୍କୁଲର ରୋଷେୟା ନିକଟସ୍ଥ ଜଙ୍ଗଲ ଓ ଗ୍ରାମରେ ଖୋଜାଖୋଜି କରିଥିଲେ। ସ୍କୁଲଠାରୁ ୯କିମି ଦୂର ପଣ୍ଡି ଜଙ୍ଗଲ ନିକଟରେ ନିଖୋଜ ପିଲାମାନଙ୍କୁ ଠାବ କରାଯାଇଥିଲା। ପରେ ସେମାନଙ୍କୁ ସ୍କୁଲକୁ ଅଣାଯାଇଥିଲା। କେଉଁ କାରଣରୁ ସେମାନେ ଏପରି ପଦକ୍ଷେପ ନେଲେ, ତାହା ଜଣାପଡ଼ିନାହିଁ। ଅପରପକ୍ଷେ, ଖବର ପାଇ କୋରାପୁଟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଦେବାଶିଷ ଗୌଡ଼ ଓ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ସ୍କୁଲରେ ପହଞ୍ଚି ପିଲାଙ୍କୁ ଭେଟିବା ସହ କେଉଁ କାରଣରୁ ସେମାନେ ଏଭଳି ପଦକ୍ଷେପ ନେଇଥିଲେ, ସେ ସଂପର୍କରେ ଅନୁସନ୍ଧାନ କରୁଥିବା ଜଣାପଡ଼ିଛି।

# ବାଂଲାଦେଶୀଙ୍କୁ ବାରିପାରୁନି ପୁଲିସ!

ଭୁବନେଶ୍ୱର, ୧।୧୨ (ସମିସ): ରାଜ୍ୟରେ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ନେଇ ସମସ୍ତେ ଚିନ୍ତିତ। ଉପକୂଳବର୍ତ୍ତୀ ଜିଲ୍ଲା କେନ୍ଦ୍ରାପଡ଼ା, ଜଗତସିଂହପୁର, ଭଦ୍ରକ, ବାଲେଶ୍ୱରରେ ହଜାର ହଜାର ବାଂଲାଦେଶୀ ଅନୁପ୍ରବେଶକାରୀ ରହୁଛନ୍ତି ବୋଲି କୁହାଯାଉଛି। ଏପରିକି, କେନ୍ଦ୍ରାପଡ଼ା, ଭଦ୍ରକ ଏବଂ ପାରାଦୀପରେ ସ୍ୱତନ୍ତ୍ର ଭାବେ ବାଂଲାଦେଶୀଙ୍କ ଗାଁ ଓ ବସ୍ତି ରହିଛି ବୋଲି ବିଭିନ୍ନ ସମୟରେ ଚର୍ଚ୍ଚା ହୋଇଥାଏ। କିନ୍ତୁ, ଏତେ ବଡ଼ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗକୁ ଓଡ଼ିଶା ପୁଲିସ ଗୁରୁତ୍ୱର ସହ ନେଉନାହିଁ। ନିଜ ଲୋକ ଓ ବାଂଲାଦେଶୀଙ୍କ ମଧ୍ୟରେ ଫରକ୍ ବାରିପାରୁନି ପୁଲିସ। ବାଂଲାଦେଶୀ ଚିହ୍ନଟ ସଂଖ୍ୟା ଉପରେ ଆଖି ପକାଇଲେ, ଏହା ଜଳଜଳ। ରାଜ୍ୟରେ ଏ ପର୍ଯ୍ୟନ୍ତ ମାତ୍ର ୫୧ଜଣ ବାଂଲାଦେଶୀଙ୍କୁ ଚିହ୍ନଟ କରାଯାଇଛି। ଏହି ତଥ୍ୟ ଉପରେ ମୋହର ମାରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ବିଧାନସଭାରେ ଏକ ପ୍ରଶ୍ନର ଉତ୍ତର ରଖି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଏହି ତଥ୍ୟ ଦେଇଛନ୍ତି।

ବାଂଲାଦେଶୀଙ୍କୁ ଚିହ୍ନଟ କରିବାରେ ପୁଲିସ ଏତେ ଦୁର୍ବଳ ଯେ ସନ୍ଦେହରେ ଅଟକ ରଖିଥିବା ଲୋକଙ୍କ ମଧ୍ୟରୁ ଅଧିକ ଭାରତୀୟ କମ୍ ବାଂଲାଦେଶୀ। ୧୭୬୮ଜଣ ସନ୍ଦିଗ୍ଧଙ୍କ ମଧ୍ୟରୁ ମାତ୍ର ୫୧ଜଣ ବାଂଲାଦେଶୀ ବାହାରିଲେ। ୧୬୭୬ଜଣ ଭାରତୀୟ ନିଜ ଦେଶରେ କେବଳ ବାଂଲାଦେଶୀ ସନ୍ଦେହରେ ଦିନ ଦିନ ଧରି ଅଟକ ରହିଲା ପରେ ମୁକ୍ତ ହୋଇଛନ୍ତି।

କେନ୍ଦ୍ର ଗୃହ ମନ୍ତ୍ରାଳୟର ୨୫ ମେ' ନିର୍ଦ୍ଦେଶ ଅନୁଯାୟୀ ଓଡ଼ିଶାର ସମସ୍ତ ଜିଲ୍ଲାରେ ଅବୈଧ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ଚିହ୍ନଟ କରାଯାଉଛି। ଅଟକ ଏବଂ ଦେଶାନ୍ତରୀକରଣ ପାଇଁ 'ସ୍ୱତନ୍ତ୍ର କାର୍ଯ୍ୟ ବାହିନୀ' ଗଠନ କରାଯାଇଛି। ସମସ୍ତ ଜିଲ୍ଲାର ଆରକ୍ଷୀ ଅଧୀକ୍ଷକମାନଙ୍କୁ ନିୟମିତ ଭାବେ କେନ୍ଦ୍ର ଗୃହ ମନ୍ତ୍ରଣାଳୟ ନିର୍ଦ୍ଦେଶାବଳୀ ଅନୁଯାୟୀ ଅନୁପ୍ରବେଶକାରୀଙ୍କ ଚିହ୍ନଟ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାକୁ ଦିଆଯାଇଥିବା ନିର୍ଦ୍ଦେଶ ଅନୁଯାୟୀ ସମସ୍ତ ଆରକ୍ଷୀ ଅଧୀକ୍ଷକମାନେ କାର୍ଯ୍ୟ କରୁଛନ୍ତି। ଏ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଜିଲ୍ଲାରେ ୨ ରାଜ୍ୟସ୍ତରୀୟ ଏବଂ

■ ସନ୍ଦିଗ୍ଧ ଅଧିକ, ଚିହ୍ନଟ ମାତ୍ର ୫୧
■ ରାଜଧାନୀରୁ ସର୍ବାଧିକ ୨୪ ଚିହ୍ନଟ
■ ଅଟକ ଏବଂ ଦେଶାନ୍ତରୀକରଣ ପାଇଁ 'ସ୍ୱତନ୍ତ୍ର କାର୍ଯ୍ୟ ବାହିନୀ'

୧୮ ଜିଲ୍ଲା ସ୍ତରୀୟ ଅଟକ କେନ୍ଦ୍ର ରହିଛି। ମୋଟ ୨୦ ଅନୁପ୍ରବେଶକାରୀ ଅଟକ କେନ୍ଦ୍ର ଖୋଲାଯାଇଛି। ଚିହ୍ନଟ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ଦେଶାନ୍ତର ପର୍ଯ୍ୟନ୍ତ ସେଠାରେ ରଖାଯାଉଛି। ଏହି ଚିହ୍ନଟ ପ୍ରକ୍ରିୟା ଦ୍ୱାରା ସମୁଦାୟ ୧୭୬୮ ଜଣ ସନ୍ଦିଗ୍ଧ ବ୍ୟକ୍ତିଙ୍କ ଯାଞ୍ଚ କରାଯାଇଛି। ସେମାନଙ୍କ ମଧ୍ୟରୁ ୧୬୭୬ଜଣଙ୍କୁ ଭାରତୀୟ ଭାବେ ଚିହ୍ନଟ କରାଯାଇ ମୁକ୍ତ କରାଯାଇଥିବା ବେଳେ ୫୧ଜଣଙ୍କୁ ଅବୈଧ ବାଂଲାଦେଶୀ ପ୍ରବାସୀ ଭାବେ ଚିହ୍ନଟ କରାଯାଇଛି।

ରାଜଧାନୀ ଭୁବନେଶ୍ୱରେ ସର୍ବାଧିକ ବାଂଲାଦେଶୀ ଚିହ୍ନଟ ହୋଇଛନ୍ତି। ପୁଲିସର ତଥ୍ୟ ଅନୁଯାୟୀ, ଭୁବନେଶ୍ୱର ସହରାଞ୍ଚଳ ପୁଲିସ ଜିଲ୍ଲାରେ ୨୪ ବାଂଲାଦେଶୀଙ୍କୁ ଚିହ୍ନଟ କରାଯାଇଛି। କଟକରେ ୧୫, ବ୍ରହ୍ମପୁର ୬, ଗଞ୍ଜାମରେ ୧, କନ୍ଧମାଳରେ ୪ ଓ କୋରାପୁଟ ଜଣେ ମାତ୍ର ଚିହ୍ନଟ ହୋଇଛନ୍ତି। ପ୍ରାୟ ସମସ୍ତ ଅନୁପ୍ରବେଶକାରୀଙ୍କୁ ଦେଶାନ୍ତର କରାଯାଇଥିଲା ବେଳେ ଗଞ୍ଜାମ ଏବଂ କନ୍ଧମାଳ ଜିଲ୍ଲାରେ ୨ଜଣ ନକଲି ଭାରତୀୟ ପାସପୋର୍ଟ ତିଆରି କରିଥିବାରୁ ସେମାନଙ୍କ ବିରୋଧରେ ମକଦ୍ଦମା ରୁଜୁ ହୋଇଛି। ଏଣୁ, ସେମାନଙ୍କୁ ଦେଶାନ୍ତର କରାଯାଇନାହିଁ। ୫୦ଜଣଙ୍କ ପରିଚୟପତ୍ର ଯାଞ୍ଚ କରାଯାଇଛି।

# 'ସୋଲେ'ର ନୂତନ ସଂସ୍କରଣରେ ଗବର୍ ସିଂହର ମୃତ୍ୟୁ: ଜାଭେଦ ଅଖତର

ଭୁବନେଶ୍ୱର, ୧।୧୨ (ସମିସ): କ୍ଲାଇମାକ୍ସରେ ପରିବର୍ତ୍ତନ ସହ ଖୁବ୍‌ଶୀଘ୍ର ଭାରତର ବିଭିନ୍ନ ସିନେମା ହଲ୍‌ରେ ମୁକ୍ତିଲାଭ କରିବାକୁ ଯାଉଛି ପ୍ରସିଦ୍ଧ ହିନ୍ଦୀ ବ୍ଲକ୍‌ବଷ୍ଟର୍ ସିନେମା 'ସୋଲେ'। ପ୍ରଖ୍ୟାତ କବି, ଗୀତିକାର ଓ ସଂଳାପ ଲେଖକ ଜାଭେଦ ଅଖତର ଏହି ସୂଚନା ଦେଇଛନ୍ତି। ଶିକ୍ଷା ଓ ଅନୁସନ୍ଧାନ (ସୋଆ) ବିଶ୍ୱବିଦ୍ୟାଳୟ ପକ୍ଷରୁ ଆୟୋଜିତ ତୃତୀୟ ସୋଆ ସାହିତ୍ୟ ଉତ୍ସବ ଅବସରରେ ପ୍ରଥମ ସୋଆ ସାହିତ୍ୟ ସମ୍ମାନରେ ସମ୍ମାନ ଗ୍ରହଣ କରିବା ସହ ଅଭିନେତ୍ରୀ ତଥା ପ୍ରଯୋଜିକା ବାନୀ ତ୍ରିପାଠୀଙ୍କ ସହ ଭାରତୀୟ ଚଳଚ୍ଚିତ୍ରର ବିକାଶ ସମ୍ପର୍କିତ ପ୍ରଶ୍ନର ଉତ୍ତର ଦେଇ ଅଖତର ଏହି ସୂଚନା ଦେଇଥିଲେ। ସେ କହିଥିଲେ ଯେ ସିନେମା ହେଉଛି ସମାଜର ବ୍ୟାଧିର ଲକ୍ଷଣ। ମାତ୍ର ଏହା ବ୍ୟାଧି ନୁହେଁ।

ଭାରତୀୟ ସିନେମା ଇତିହାସରେ ସବୁଠାରୁ ପ୍ରଖ୍ୟାତ ଚଳଚ୍ଚିତ୍ର ବୋଲାଉଥିବା 'ସୋଲେ'ରେ ପୁଲିସ୍ ଅଫିସର ଠାକୁର ବଳଦେବ ସିଂ (ସଞ୍ଜୀବ କୁମାର)ଙ୍କ ସହ ଗବର ସିଂ (ଅମ୍‌ଜାଦ ଖାନ୍)ଙ୍କର ମୁହାଁମୁହିଁ ହେଉଥିବାର ଦେଖିବାକୁ ମିଳିଥିବା ବେଳେ ଶେଷରେ ପୁଲିସ ଦ୍ୱାରା ଗବରକୁ ଗିରଫ କରାଯିବାର ସିନ୍ ରଖାଯାଇଥିଲା। ତେବେ ରିଲିଜ ହେବାକୁ ଥିବା ଚଳଚ୍ଚିତ୍ରର ମୂଳ କାହାଣୀ ଅନୁସାରେ ଠାକୁର ବଳଦେବ ସିଂ ଗବରକୁ ହତ୍ୟା କରୁଥିବା ସିନେପ୍ରେମୀ ଦେଖିବାକୁ ପାଇବେ। ଏହା ସେମାନେ ପୁରୁଣା ସୋଲେରେ ଦେଖି ନଥିଲେ। ଏଥର କିନ୍ତୁ 'ସୋଲେ'ରେ ଦର୍ଶକ ଫିଲ୍ମର କ୍ଲାଇମାକ୍ସରେ ଗବର ସିଂର ମୃତ୍ୟୁ ହେବାର ଦେଖିବାକୁ ପାଇବେ। ସୋଲେ ଫିଲ୍ମର ନିର୍ମାଣ, ଚରିତ୍ର ପ୍ରସ୍ତୁତି, ସିନ୍ କ୍ରିଏସନ୍ ଏବଂ ସଂଳାପ ଲେଖାରେ ଏକ ବଡ଼



ଭୂମିକା ବହନ କରିଥିବା ଅଖତର କହିଛନ୍ତି ଯେ ୧୯୭୫ ମସିହାରେ ଜରୁରୀକାଳୀନ ପରିସ୍ଥିତି ରହିଥିବା ବେଳେ ସୋଲେର ଶେଷ ସିନ୍‌ରେ ଗବରର ମୃତ୍ୟୁକୁ ନେଇ ସେନ୍‌ସର ବୋର୍ଡ ଅନୁମତି ଦେଇ ନଥିଲା। ତେଣୁ ସିନେମାରେ ଏହି ସିନ୍‌କୁ ବଦଳାଇ ଦିଆଯାଇଥିଲା। ଏହି ପ୍ରଖ୍ୟାତ ଚଳଚ୍ଚିତ୍ର ମୁକ୍ତିଲାଭ କରିବାର ୫୦ ବର୍ଷ ପୂର୍ତ୍ତି ଉପଲକ୍ଷେ ଏହାର ମୂଳ ସଂସ୍କରଣ ସହ ପୁଣିଥରେ ସିନେମା ହଲ୍‌ରେ 'ସୋଲେ' ପ୍ରଦର୍ଶିତ ହେବ ବୋଲି ଅଖତର କହିଛନ୍ତି।

ସେହିପରି ଦିଲୀପ କୁମାର ଅଭିନୀତ ୧୯୫୫ମସିହାରେ ନିର୍ମିତ 'ଦେବଦାସ' ଚଳଚ୍ଚିତ୍ରର ଉଦାହରଣ ଦେଇ ସେ କହିଥିଲେ ଯେ ଆଜି ଆଉ 'ଦେବଦାସ' ପରି ଚଳଚ୍ଚିତ୍ର ପ୍ରସ୍ତୁତ ହେଲେ ଚାଲିବ ନାହିଁ। ଗୋଟିଏ ସମୟ ଥିଲା, ଯେତେବେଳେ ବଲିଉଡ୍ ସିନେମାରେ 'ବିଦ୍ରୋହ' କୁ ନେଇ ଚଳଚ୍ଚିତ୍ର ନିର୍ମାଣ ହେଉଥିଲା। ପରବର୍ତ୍ତୀ କାଳରେ 'ଆଙ୍ଗ୍ରି ୟଙ୍ଗମ୍ୟାନ୍' ଚରିତ୍ରକୁ ନେଇ ସିନେମା ନିର୍ମିତ ହେଲା। ସେହିପରି ସିନେମା ଏବଂ ସଙ୍ଗୀତରେ ଏଆଇର ପ୍ରଭାବ ସମ୍ପର୍କିତ ପ୍ରଶ୍ନର ଉତ୍ତର ଦେଇ ଅଖତର କହିଥିଲେ ଯେ ସେ ଗାୟକ ତଥା ସଙ୍ଗୀତ ନିର୍ଦ୍ଦେଶକ ଶଙ୍କର ମହାଦେବନ୍‌ଙ୍କ ସହ ୨୦୦ରୁ ଊର୍ଦ୍ଧ୍ୱ ସଙ୍ଗୀତରେ କାର୍ଯ୍ୟ କରିଛନ୍ତି। ଏଥିମଧ୍ୟରୁ ବହୁ ଚର୍ଚ୍ଚିତ 'ବ୍ରେଥ୍‌ଲେସ୍' ଅନ୍ୟତମ। ତେବେ ବର୍ତ୍ତମାନ କ'ଣ ମୋର ଶବ୍ଦ ଏବଂ ମହାଦେବନ୍‌ଙ୍କ ସ୍ୱରକୁ ନେଇ ଏଆଇ ବ୍ରେଥଲେସ୍ ପ୍ରସ୍ତୁତ କରିପାରିବ? ଏହା କେବେ ବି ସମ୍ଭବ ନୁହଁ। ବର୍ତ୍ତମାନ ସମୟରେ ଏଆଇ ତା'ର ଚେଷ୍ଟା ଜାରି ରଖିଛି। ଅବଶ୍ୟ ଭବିଷ୍ୟତରେ ଏହାର ରୂପରେଖ କ'ଣ ହେବ ତାହା ଆମେ କହିପାରିବା ନାହିଁ। ଏହି ଅବସରରେ ଅନୀଲ କପୁର ଏବଂ ମନୀଷା କୋଇରାଲା ଅଭିନୀତ ୧୯୯୪ ମସିହାର ଚଳଚ୍ଚିତ୍ର 'ନାଇନ୍‌ଟିନ୍ ଫୋର୍ଟି ଟୁ: ଏ ଲଭ୍ ଷ୍ଟୋରୀ'ର ଏକ ପ୍ରସିଦ୍ଧ ସଙ୍ଗୀତ ରଚନା ସମ୍ପର୍କରେ ନିଜର ଅନୁଭୂତି ବଖାଣି ଥିଲେ ଅଖତର।

ଦୁର୍ନୀତିଖୋର୍‌ଙ୍କୁ ଭିଜିଲାନ୍ସ ଛାଟ

# ଦେଢ଼ ବର୍ଷରେ ଧରାପଡ଼ିଛନ୍ତି ୨୭୦ ସରକାରୀ ବାବୁ

ଭୁବନେଶ୍ୱର, ୧।୧୨ (ସମିସ): ନୂଆ ସରକାର କ୍ଷମତାକୁ ଆସିବା ପରେ ଦୁର୍ନୀତି ବିରୋଧରେ କଡ଼ା ପଦକ୍ଷେପ ନିଆଯାଇଛି। ୨୦୨୪ ମସିହା ଜୁନରୁ ଡିସେମ୍ବର ୨୦୨୫ ପର୍ଯ୍ୟନ୍ତ ରାଜ୍ୟରେ ମୋଟ ୨୭୦ଜଣ ସରକାରୀ ଓ ଚୁକ୍ତିଭିତ୍ତିକ କର୍ମଚାରୀଙ୍କୁ ଭିଜିଲାନ୍ସ ଗିରଫ କରିଛି। ଏହି ସମୟ ଭିତରେ ୩୧ଜଣ ଅଧିକାରୀଙ୍କ ବିରୋଧରେ ଏକାଧିକଥର ଭିଜିଲାନ୍ସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ସୋମବାର ବିଧାନସଭାରେ କଂଗ୍ରେସ ବିଧାୟକ କାଡ୍ରାକା ଅପଲାସ୍ୱାମୀଙ୍କ ଏକ ପ୍ରଶ୍ନର ଲିଖିତ ଉତ୍ତରରେ ମୁଖ୍ୟମନ୍ତ୍ରୀ ତଥା ଗୃହ ଓ ସାଧାରଣ ପ୍ରଶାସନ ମନ୍ତ୍ରୀ ମୋହନ ଚରଣ ମାଝୀ ଏହି ତଥ୍ୟ ପ୍ରକାଶ କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି, ଏହି ସମୟ ମଧ୍ୟରେ ଭିଜିଲାନ୍ସ କୋର୍ଟରେ ମୋଟ ୧୮୭ଜଣ ସରକାରୀ କର୍ମଚାରୀ ଦୋଷୀ ସାବ୍ୟସ୍ତ ହୋଇ ଦଣ୍ଡିତ ହୋଇଛନ୍ତି। ଦଣ୍ଡ ପରେ ୩୪ ଜଣ ସରକାରୀ କର୍ମଚାରୀଙ୍କୁ ଚାକିରିରୁ ବରଖାସ୍ତ କରାଯାଇଛି ଏବଂ ୬୫ ଜଣଙ୍କର ପେନସନ ସମ୍ପୂର୍ଣ୍ଣ ବନ୍ଦ କରାଯାଇଛି। କଂଗ୍ରେସ ବିଧାୟକ ପବିତ୍ର ସାଉଁନ୍ତାଙ୍କ ଅନ୍ୟ ଏକ ପ୍ରଶ୍ନର ଉତ୍ତରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଜୁନ ୨୦୨୪ଠାରୁ ଏପର୍ଯ୍ୟନ୍ତ ଭିଜିଲାନ୍ସ ବିଭାଗ ମୋଟ ୩୧୮ ଟି ଦୁର୍ନୀତି ମାମଲା ରୁଜୁ କରିଛି। ଏଥିମଧ୍ୟରୁ ଆୟ ବହିର୍ଭୂତ ସମ୍ପତ୍ତି ମାମଲାରେ ୮୨ଜଣ ସରକାରୀ ଅଧିକାରୀଙ୍କ ଘର, ଅଫିସରେ ଚଢ଼ଉ କରି ମୋଟ ୨୦୮.୨୪ କୋଟି ଟଟଙ୍କାର ସମ୍ପତ୍ତି ଜବତ କରାଯାଇଛି। ଏହି ଅଭିଯାନରେ ୨୬୬ ଜଣ ସରକାରୀ ଅଧିକାରୀ-କର୍ମଚାରୀ, ୧୨ ଜଣ ଲୋକସେବକ ଏବଂ ୩୮ ଜଣ ସାଧାରଣ ନାଗରିକଙ୍କୁ ଗିରଫ କରାଯାଇଛି।

# ଓଟିଇଟି ପ୍ରଶ୍ନପତ୍ର ଲିକ୍‌ର ତଦନ୍ତକାରୀ ଅଧିକାରୀଙ୍କ ଜୀବନ ପ୍ରତି ବିପଦ

ଭୁବନେଶ୍ୱର, ୧।୧୨ (ସମିସ): ବହୁଚର୍ଚ୍ଚିତ ଓଟିଇଟି ପ୍ରଶ୍ନପତ୍ର ଲିକ୍ ଘଟଣାର ତଦନ୍ତକାରୀ ଅଧିକାରୀ କ୍ରାଇମ୍‌ବ୍ରାଞ୍ଚ ଡିଏସ୍‌ପି ସରୋଜ କୁମାର ମହାନ୍ତଙ୍କୁ ସ୍ୱେଚ୍ଛାକୃତ ଅବସର ନେବା(ଭିଆରଏସ୍) ପାଇଁ ବାଧ କରାଯିବା ଏବଂ ତାଙ୍କ ଜୀବନ ପ୍ରତି ବିପଦ ଥିବା ଦର୍ଶାଇ ଜଣାଶୁଣା ମାନବାଧିକାର କର୍ମୀ ଜୟନ୍ତ ଦାସ ଜାତୀୟ ମାନବାଧିକାର

**ଏନ୍‌ଏଚ୍‌ଆର୍‌ସିର ଦ୍ୱାରସ୍ଥ ହେଲେ ମାନବାଧିକାର କର୍ମୀ**

କମିସନ (ଏନ୍‌ଏଚ୍‌ଆର୍‌ସି)ଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଏହି ଘଟଣାରେ ତ୍ୱରିତ ପଦକ୍ଷେପ ନେବାକୁ ସେ କମିସନଙ୍କୁ ଅନୁରୋଧ କରିଛନ୍ତି। ଅଭିଯୋଗରେ ଜୟନ୍ତ ଦର୍ଶାଇଛନ୍ତି ଯେ ଡିଏସ୍‌ପି ଶ୍ରୀ ମହାନ୍ତ ଓଟିଇଟି ପ୍ରଶ୍ନପତ୍ର ଲିକ୍ ମାମଲାର ତଦନ୍ତ କରୁଥିଲେ। କିନ୍ତୁ ଏହି ମାମଲାରେ କିଛି ଅଭିଯୁକ୍ତଙ୍କୁ ସୁରକ୍ଷା ଦେବା ପାଇଁ ଉପରିସ୍ଥ ଅଧିକାରୀ ତାଙ୍କୁ ବାରମ୍ବାର ଚାପ ପକାଇଥିଲେ। ଏପରିକି ତାଙ୍କୁ ସ୍ୱେଚ୍ଛାକୃତ ଅବସର ନେବାକୁ ବାଧ୍ୟ କରାଯାଇଥିଲା। ଶ୍ରୀ ମହାନ୍ତ ଭିଆର୍‌ଏସ୍ ପାଇଁ ଆବେଦନ କରିବା ପରେ ତାଙ୍କୁ ଓ ତାଙ୍କ ପରିବାରବର୍ଗଙ୍କୁ ଧମକ ଦିଆଯାଇଛି। ସେମାନଙ୍କ ଜୀବନ ପ୍ରତି ବିପଦ ରହିଛି। ଏହା ସମ୍ବିଧାନର ଧାରା ୨୧ର ପୂର୍ଣ୍ଣ ଉଲ୍ଲଂଘନ। ତେଣୁ କମିସନ ଏହା ଉପରେ ଦୃଷ୍ଟି ଦେବାକୁ ମାନବାଧିକାର କର୍ମୀ ଶ୍ରୀ ଦାସ ଅଭିଯୋଗରେ ଦର୍ଶାଇଛନ୍ତି।

# ମୁଖ୍ୟ ଶାସନ ସଚିବଙ୍କ ଦ୍ୱାରା ଡ. ଗୀତାଞ୍ଜଳି ମିଶ୍ରଙ୍କ ଲିଖିତ ଦୁଇଟି ପୁସ୍ତକ ଉନ୍ମୋଚିତ

ଭୁବନେଶ୍ୱର,୧।୧୨(ସମିସ): ବିଶିଷ୍ଟ ଲେଖିକା ଡ. ଗୀତାଞ୍ଜଳି ମିଶ୍ରଙ୍କ ଲିଖିତ ଦୁଇଟି ଇଂରାଜୀ ପୁସ୍ତକ 'କନଭରଜେନ୍ସ ଆଣ୍ଡ ଡେଭେଲପମେଣ୍ଟ ଇନ୍ ଇଣ୍ଡିଆ' ଏବଂ 'ଆବିଲିଟି ବିୟଣ୍ଡ ଡିଜାବିଲିଟି'କୁ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଲୋକାର୍ପଣ କରିଛନ୍ତି। ଏହି ପୁସ୍ତକ ଗବେଷକ, ନୀତି ନିର୍ଦ୍ଧାରକ, ଯୋଜନା ପ୍ରଣୟନକାରୀ ଏବଂ ଛାତ୍ରଛାତ୍ରୀମାନଙ୍କ ପାଇଁ ଅତ୍ୟନ୍ତ ଉପାଦେୟ ଓ ପ୍ରେରଣାଦାୟକ ହେବ ବୋଲି ମୁଖ୍ୟ ଶାସନ ସଚିବ ଶ୍ରୀ ଆହୁଜା ପ୍ରକାଶ କରିଛନ୍ତି। ପ୍ରଥମ ପୁସ୍ତକରେ ଡ. ମିଶ୍ର ଓଡ଼ିଶାରେ ବିଭିନ୍ନ ବିଭାଗର ସମନ୍ୱୟ (କନଭରଜେନ୍ସ)ରେ କରାଯାଉଥିବା ବିକାଶମୂଳ କାର୍ଯ୍ୟ ସହିତ ବିଭିନ୍ନ ରାଜ୍ୟରେ ହେଉଥିବା କାର୍ଯ୍ୟର ତୁଳନାତ୍ମକ ଉପସ୍ଥାପନ, ସଫଳ କାହାଣୀ ଓ ପ୍ରସ୍ତାବ ଉଲ୍ଲେଖ କରିବା ସହ ରାଜ୍ୟର ୨୩ଟି ପ୍ରଦେଶ ଗସ୍ତ କରି ତାଙ୍କର ବିଷୟ ସଂପର୍କିତ ଅଭିଜ୍ଞତା, ଅନୁଭୂତି ଓ ପ୍ରସ୍ତାବନା ରଖିଛନ୍ତି। ସେହିପରି ଡ. ମିଶ୍ରଙ୍କର ୨ୟ ପୁସ୍ତକରେ ବିଭିନ୍ନପ୍ରକାର ଭିନ୍ନକ୍ଷମ, ଭିନ୍ନକ୍ଷମମାନଙ୍କର ସାମାଜିକ, ଅର୍ଥନୈତିକ ପ୍ରଗତି ପାଇଁ ଲକ୍ଷ୍ୟଭିତ୍ତିକ ନୀତି, ଗୋଷ୍ଠୀ ସଂପୃକ୍ତି ଏବଂ ସାମୂହିକ ଦାୟିତ୍ୱବୋଧ କିପରି ସେମାନଙ୍କର ଜୀବନଧାରଣମାନରେ ଆଖିଦୃଶିଆ ପରିବର୍ତ୍ତନ ଆଣି ପାରିବ, ତାହା ସ୍ଥାନୀତ ହୋଇଛି।



ସୋମବାର ଲୋକସେବା ଭବନସ୍ଥିତ କାର୍ଯ୍ୟାଳୟରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ, ମୁଖ୍ୟ ଶାସନ ସଚିବଙ୍କ ସ୍ୱତନ୍ତ୍ର ଭାରପ୍ରାପ୍ତ ଅଧିକାରୀ, ରାଜ୍ୟ ଯୋଜନା ଓ ପରିସଂଖ୍ୟାନ ବିଭାଗର ନିର୍ଦ୍ଦେଶକ ଡ. ବିଜୟଭୂଷଣ ନନ୍ଦ ପ୍ରମୁଖ ଉପସ୍ଥିତ ଥିଲେ।

# ଚିପିଲିମା ଜଳ ବିଦ୍ୟୁତ୍ କେନ୍ଦ୍ର ପାୱାର ହାଉସରେ ଅଗ୍ନିକାଣ୍ଡ

ସମ୍ବଲପୁର,୧।୧୨(ସମିସ): ଓଡ଼ିଶା ଜଳ ବିଦ୍ୟୁତ୍ ନିଗମ ଅଧୀନ ସମ୍ବଲପୁର ଜିଲ୍ଲା ଚିପିଲିମା ଜଳ ବିଦ୍ୟୁତ୍ କେନ୍ଦ୍ରର ପାୱାର ହାଉସ ସ୍ୱିଚୟାର୍ଡ ସେକ୍ସନରେ ସର୍କିଟ ହୋଇ ୨ ଟି ସିଟି (କରେଣ୍ଟ ଟ୍ରାନ୍ସଫର୍ମର )ଫାଟିବାରୁ ଭୟଙ୍କର ଅଗ୍ନିକାଣ୍ଡ ଘଟି ସ୍ୱିଚୟାର୍ଡର ଭିତରେ ବିଛା ଯାଇଥିବା କେବୁଲ ତାର ପୋଡି ନଷ୍ଟ ହୋଇଯାଇଛି। ଅଗ୍ନିକାଣ୍ଡ ଏତେ ଭୟଙ୍କର ଥିଲା ଯେ ସମଗ୍ର ଅଞ୍ଚଳ ଆଲୋକମୟ ହୋଇପଡ଼ିଥିଲା। ସ୍ୱିଚୟାର୍ଡରେ ଥିବା କେବୁଲ ଟ୍ରେଞ୍ଚରେ ନିଆଁ ଲାଗି ବିଭିନ୍ନ କେବୁଲ ଗୁଡ଼ିକ ତଥା ବିଭିନ୍ନ ଯନ୍ତ୍ରାଂଶ ଜଳି ଯାଇଥିଲା।

# ଚଳନ୍ତା ଟ୍ରେନ୍‌ରୁ ଖସି ପଣ୍ଡିତ ମୃତ

ଝାରସୁଗୁଡ଼ା, ୧।୧୨ (ସମିସ): ଚଳନ୍ତା ଟ୍ରେନ୍‌ରେ ଚଢ଼ିବା ବେଳେ ଗୋଡ଼ ଖସିଯିବାରୁ ସୋମବାର ଜଣେ ବୃଦ୍ଧଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ, ପଣ୍ଡିତ ବି. ଶିବଶଙ୍କର ସାହୁ (୬୫)। ଶନିବାର ଏକ ବିବାହରେ ପୂଜା କରିବା ପାଇଁ ବରଗଡ଼ ଜିଲ୍ଲା ମେଲଛାମୁଣ୍ଡା ଥାନା ଅଧୀନ ସାରଙ୍ଗପୁର ଗାଁର ପଣ୍ଡିତ ବି. ଶିବଶଙ୍କର ଝାରସୁଗୁଡ଼ା ଆସିଥିଲେ। ରବିବାର ସେ ଝାରସୁଗୁଡ଼ା ବିଟିଏମ ଅଞ୍ଚଳରେ ରହୁଥିବା ଜଣେ ଶିଷ୍ୟଙ୍କ ଘରେ ରାତ୍ରିଯାପନ କରିଥିଲେ। ସୋମବାର ସକାଳେ ଘରକୁ ଫେରିବା ବେଳେ ଝାରସୁଗୁଡ଼ା ଷ୍ଟେସନ୍‌ରେ ଏହି ଅଘଟଣ ଘଟିଥିଲା। ପ୍ଲାଟଫର୍ମ ୧ରେ ଲାଗିଥିବା ଜ୍ଞାନେଶ୍ୱରୀ ଏକ୍ସପ୍ରେସ୍‌ରେ ସେ ଆସବାବପତ୍ର ରଖୁରଖୁ ଟ୍ରେନ୍‌ଟି ଗଡ଼ିଥିଲା। ଏହା ଦେଖି ଶ୍ରୀ ସାହୁ ଚଳନ୍ତା ଟ୍ରେନ୍‌ରେ ଚଢ଼ିବାକୁ ଚେଷ୍ଟା କରିବାରୁ ତାଙ୍କର ଗୋଡ଼ ଖସି ଯାଇଥିଲା। ସେ ଏକ୍ସପ୍ରେସ ଓ ପ୍ଲାଟଫର୍ମ ସନ୍ଧିରେ ଚାପି ହୋଇଯାଇଥିଲେ। ଏହା ଦେଖି ରେଲୱେ ପୁଲିସ ଓ ଯାତ୍ରୀ ଲୋକୋପାଇଲଟ୍‌ଙ୍କୁ ଖବର ଦେବା ପରେ ଟ୍ରେନ୍‌ଟି ଅଟକିଥିଲା। କିନ୍ତୁ, ସେତବେଳକୁ ଶ୍ରୀ ସାହୁଙ୍କ ଜୀବନ ଚାଲି ଯାଇଥିଲା। ମୃତ ବି.ଶିବଶଙ୍କରଙ୍କ ପରିବାର ଲୋକଙ୍କୁ ଦୁର୍ଘଟଣା ନେଇ ଖବର ଦିଆଯାଇଥିବା ବେଳେ ପୋଷ୍ଟମର୍ଟମ ପରେ ପରିବାରକୁ ମୃତଦେହ ହସ୍ତାନ୍ତର କରାଯିବା ନେଇ ରେଲୱେ ପୁଲିସ ପକ୍ଷରୁ ସୂଚନା ଦିଆଯାଇଛି।

# ୫.୯୩ କୋଟି ଟଙ୍କାରେ ହେବ ପୁଲିସ ମୁଖ୍ୟାଳୟ ଉନ୍ନତୀକରଣ

କଟକ,୧।୧୨(ସମିସ): କଟକ ବକ୍ସିବଜାରସ୍ଥିତ ରାଜ୍ୟ ପୁଲିସ ମୁଖ୍ୟାଳୟର ନବୀକରଣ ଏବଂ ଉନ୍ନତିକରଣ କରାଯିବା ପାଇଁ ପଦକ୍ଷେପ ନିଆଯାଇଛି ବୋଲି ଆଜି ବିଧାନସଭାରେ ତଥ୍ୟ ଉପସ୍ଥାପନ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ବାରବାଟୀ-କଟକ ବିଧାୟିକା ସୋଫିଆ ଫିର୍‌ଦୋସଙ୍କ ପକ୍ଷରୁ ପଚରାଯାଇଥିବା ପ୍ରଶ୍ନର ଉତ୍ତରରେ ଏହା କୁହାଯାଇଛି। ରାଜ୍ୟ ପୁଲିସ ମୁଖ୍ୟାଳୟର ନବୀକରଣ ଏବଂ

**ବିଧାନସଭାରେ ସୋଫିଆଙ୍କ ପ୍ରଶ୍ନର ଉତ୍ତର ରଖିଲେ ମୁଖ୍ୟମନ୍ତ୍ରୀ**

ଉନ୍ନତିକରଣର ବର୍ତ୍ତମାନର ସ୍ଥିତି ତଥା ଗତ ୨୦୨୩-୨୪, ୨୦୨୪-୨୫ ବର୍ଷରେ ମଞ୍ଜୁର ଏବଂ ବ୍ୟବହୃତ ହୋଇଥିବା ପାଣ୍ଠି ଏବଂ ପୁଲିସ ମୁଖ୍ୟାଳୟର ସମ୍ପ୍ରସାରଣ ନେଇ ସରକାର ବିଚାର କରୁଛନ୍ତି କି ନାହିଁ ସେ ସଂକ୍ରାନ୍ତରେ ସୋଫିଆ ପ୍ରଶ୍ନ ପଚାରିଥିଲେ। ରାଜ୍ୟ ଯୋଜନା ଅଧୀନରେ ୨୦୨୩-୨୪ ବର୍ଷରେ ରାଜ୍ୟ ପୁଲିସ ମୁଖ୍ୟାଳୟର ଉନ୍ନତିକରଣ ପାଇଁ ୫.୯୩ କୋଟି ଟଙ୍କା ମଞ୍ଜୁର କରାଯାଇଛି। ସେଥି ମଧ୍ୟରୁ ୨ କୋଟି ଟଙ୍କା ଓଡିଶା ପୁଲିସ ଗୃହ ନିର୍ମାଣ ସଂସ୍ଥାକୁ ଦିଆସରିଛି ବୋଲି ସରକାର ଉତ୍ତର ରଖିଛନ୍ତି। ସେହିଭଳି ୨୦୨୩-୨୪ ଏବଂ ୨୦୨୪-୨୫ ଆର୍ଥିକ ବର୍ଷରେ, ରାଜ୍ୟ ପୁଲିସ ମୁଖ୍ୟାଳୟର ମରାମତି ଏବଂ ରକ୍ଷଣାବେକ୍ଷଣ ପାଇଁ ୧୪୫୮.୬୯ ଲକ୍ଷ ଟଙ୍କା (ଆବାସିକ ଏବଂ ଅଣ-ଆବାସିକ) ଯୋଗାଇ ଦିଆଯାଇଥିଲା ବେଳେ ରକ୍ଷଣାବେକ୍ଷଣ କାର୍ଯ୍ୟ ସମାପ୍ତ ହୋଇଛି। ରାଜ୍ୟ ପୁଲିସ ମୁଖ୍ୟାଳୟରୁ ପୁଲିସ ବାରାକ, କ୍ୱାର୍ଟର ସହ ବକ୍ସି ବଜାରରେ ସମନ୍ୱିତ ଏବଂ ସମ୍ପ୍ରସାରିତ ପୁଲିସ ମୁଖ୍ୟାଳୟ ପାଇଁ ପ୍ରସ୍ତାବ ମିଳିବା ପରେ, ସମ୍ବଳର ଉପଲବ୍ଧତାକୁ ଦୃଷ୍ଟିରେ ରଖି ଏହା ଉପରେ ବିଚାର କରାଯିବ ବୋଲି ସରକାରଙ୍କ ପକ୍ଷରୁ ବିଧାନସଭାରେ ଉତ୍ତର ରଖାଯାଇଛି।

# ପରକୀୟା ପ୍ରୀତି ସନ୍ଦେହରେ ସ୍ତ୍ରୀକୁ ହତ୍ୟା

ପାଲଲହଡ଼ା, ୧।୧୨(ସମିସ): ଅନୁଗୋଳ ଜିଲ୍ଲା ପାଲଲହଡ଼ା ଉପଖଣ୍ଡ ଖମାର ଥାନା ଅନ୍ତର୍ଗତ ସିଆରିମାଳିଆ ଗ୍ରାମ ବରସାହିରେ ପରକୀୟା ପ୍ରୀତି ସନ୍ଦେହରେ ସ୍ତ୍ରୀକୁ ହତ୍ୟା କରିଛି ସ୍ୱାମୀ। ମୃତ ମହିଳା ହେଲେ, ଗ୍ରାମର ସୁଦର୍ଶନ ହେମ୍ବ୍ରମଙ୍କ ସ୍ତ୍ରୀ



ମଞ୍ଜୁ ହେମ୍ବ୍ରମ। ହତ୍ୟାକାଣ୍ଡ ଘଟାଇବା ପରେ ସୁଦର୍ଶନ ସମ୍ପର୍କୀୟ ଶଳାକୁ ଫୋନରେ ସୂଚନା ଦେଇ ଫେରାର୍ ହୋଇଯାଇଛି।

ସୂଚନାନୁଯାୟୀ, ସୁଦର୍ଶନ ପାଲଲହଡ଼ା ଥାନା ହାତୀମୁଣ୍ଡ ଗ୍ରାମର ମଞ୍ଜୁଙ୍କୁ ବିବାହ କରିଥିଲେ। ବିବାହର କିଛିବର୍ଷ ପରେ ଦୁହିଁଙ୍କ ମଧ୍ୟରେ ମନୋମାଳିନ୍ୟ ଘଟିଥିଲା। ମଞ୍ଜୁଙ୍କ ପରପୁରୁଷ ସହ ସଂପର୍କ ଥିବା ସୁଦର୍ଶନ ସନ୍ଦେହ କରୁଥିଲେ। ଏହାକୁ ନେଇ ଦୁହିଁଙ୍କ ମଧ୍ୟରେ ପ୍ରାୟ ସମୟ କଳହ ହେଉଥିଲା। ଏପରିକି, ସୁଦର୍ଶନ ମଞ୍ଜୁଙ୍କୁ ମାରପିଟ୍ ମଧ କରୁଥିଲେ। ରବିବାର ମଞ୍ଜୁ ହାଟକୁ ଆସିଥିବା ବେଳେ ଜଣେ ସମ୍ପର୍କୀୟ ଯୁବକଙ୍କ ସହ କଥା ହେଉଥିଲେ। ସୁଦର୍ଶନ ଏହା ଦେଖିଥିଲେ। ଏହାକୁ କେନ୍ଦ୍ର କରି ବିଳମ୍ବିତ ରାତିରେ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ସୁଦର୍ଶନ ଉତ୍ତ୍ୟକ୍ତ ହୋଇ ମଞ୍ଜୁଙ୍କୁ ନିସ୍ତୁକ ମାଡ଼ ମାରିବା ସହ ଏକ ନିଆଁ କାଠରେ ତାଙ୍କ ଶରୀରର ବିଭିନ୍ନ ଅଙ୍ଗକୁ ଚେଙ୍କ ଦେଇଥିଲା। ଫଳରେ ମଞ୍ଜୁଙ୍କ ମୃତ୍ୟୁ ହୋଇଥିଲା। ସୋମବାର ସକାଳେ ସୁଦର୍ଶନ ନିଜ ସମ୍ପର୍କୀୟ ଶଳାକୁ ଫୋନ ଯୋଗେ ସବୁ ଘଟଣା କହିବା ପରେ ଫେରାର ହୋଇଯାଇଛି। ମଞ୍ଜୁଙ୍କ ଭାଇ ଏ ନେଇ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ପୁଲିସ ମୃତଦେହ ଜବତ କରି ତଦନ୍ତ ଆରମ୍ଭ କରିଛି।

# ମହିଳାଙ୍କ ସନ୍ଦେହଜନକ ମୃତ୍ୟୁ

ଅନୁଗୋଳ,୧।୧୨(ସମିସ): ନାଲକୋ ଥାନା ଅନ୍ତର୍ଗତ ନାଲକୋ କଲୋନୀରେ ଜଣେ ମହିଳାଙ୍କ ସନ୍ଦେହଜନକ ମୃତ୍ୟୁ ହୋଇଛି। ମୃତ ମହିଳା ହେଲେ, କାର୍ତ୍ତିକେଶ୍ୱର ପ୍ରଧାନଙ୍କ ସ୍ତ୍ରୀ ମଧୁସ୍ମିତା ପ୍ରଧାନ (୩୫)। କାର୍ତ୍ତିକେଶ୍ୱର ନାଲକୋ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ବ୍ୟକ୍ତିଗତ ସହାୟକ ଭାବେ କାର୍ଯ୍ୟ କରନ୍ତି। ସବୁଦିନ ପରି ସୋମବାର ସକାଳେ ସେ ଡ୍ୟୁଟିକୁ ଯାଇଥିଲେ। ଅପରାହ୍ଣ ୧ଟା ୪୦ରେ ଝିଅକୁ ସ୍କୁଲରୁ ଧରି ଘରକୁ ଫେରିଥିଲେ। ସାମ୍ନା କବାଟ ବନ୍ଦ ଥିବାରୁ ପଛ ପଟରେ ଘର ଭିତରକୁ ପ୍ରବେଶ କରିବା ବେଳକୁ ମଧୁସ୍ମିତା ତଳେ ନିଶ୍ଚଳ ଅବସ୍ଥାରେ ପଡ଼ିଥିବା ଦେଖିଥିଲେ। ତାଙ୍କୁ ତୁରନ୍ତ ନାଲକୋ ମେଡିକାଲରେ ଭର୍ତ୍ତି କରାଇଥିଲେ ହେଁ ଡାକ୍ତର ସେଠାରେ ମୃତ ଘୋଷଣା କରିଥିଲେ। ଅନୁଗୋଳ ଏସ୍‌ଡିପିଓ, ନାଲକୋ ଥାନା ଅଧିକାରୀ ଓ ନାଲକୋ ଘରୋଇ ସୁରକ୍ଷା କର୍ମୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରୁଛନ୍ତି।


# ବିଶ୍ୱବିଜୟିନୀ ଦୃଷ୍ଟିହୀନ ମହିଳା କ୍ରିକେଟର୍‌ଙ୍କୁ ହାଇଟେକ୍‌ରେ ସମ୍ବର୍ଦ୍ଧନା



ଭୁବନେଶ୍ୱର, ୧।୧୨ (ସମିସ): ଶ୍ରୀଲଙ୍କାରେ ଶେଷ ହୋଇଥିବା ପ୍ରଥମ ମହିଳା ଦୃଷ୍ଟିହୀନ ଟି-୨୦ କ୍ରିକେଟ୍‌ରେ ଭାରତ ଚାମ୍ପିଅନ ହୋଇ ଇତିହାସ ରଚିଛି। ଏହି ବିଶ୍ୱବିଜୟିନୀ ଦଳରେ ସଦସ୍ୟା ରହିଥିବା ଓଡ଼ିଶାର ୪ଜଣ ଖେଳାଳି ଫୁଲ ସୋରେନ, ବାସନ୍ତୀ ହାଁସଦା, ଯମୁନାରାଣୀ ଟୁଡୁ ଓ ପାର୍ବତୀ ମାରାଣ୍ଡିଙ୍କୁ ସୋମବାର ହାଇଟେକ୍ ମେଡିକାଲ କଲେଜରେ ସମ୍ବର୍ଦ୍ଧିତ କରାଯାଇଥିଲା। ପାରଳାଖେମୁଣ୍ଡି ବିଧାୟକ ଇଂ ରୂପେଶ କୁମାର ପାଣିଗ୍ରାହୀ ୪ଜଣ କ୍ରିକେଟର୍‌ଙ୍କୁ ଉତ୍ତରୀୟ ଓ ମାନପତ୍ର ପ୍ରଦାନ କରି ସମ୍ବର୍ଦ୍ଧିତ କରିଥିଲେ। ଆଗାମୀ ଦିନରେ ଏହି ଖେଳାଳିଙ୍କୁ ସମସ୍ତ ସାହାଯ୍ୟ ସହଯୋଗର ହାତ ବଢ଼ାଇବାକୁ ଘୋଷଣା କରିଛନ୍ତି। ସେହିଭଳି ଦୃଷ୍ଟିହୀନ କ୍ରିକେଟ୍ ଖେଳାଳିଙ୍କୁ ରହିବା, ଖାଇବା ସହ ସମସ୍ତ ପ୍ରୋତ୍ସାହନ ଯୋଗାଇ ଦେଇଆସୁଥିବାବେଳେ ଆଜି ସେମାନଙ୍କ ସଫଳତା ତାଙ୍କୁ ଅଧିକ ଉଲ୍ଲସିତ କରିଥିବା ହାଇଟେକ୍ ଗ୍ରୁପ୍‌ର ପ୍ରତିଷ୍ଠାତା ଅଧ୍ୟକ୍ଷ ଡ. ତିରୁପତି ପାଣିଗ୍ରାହୀ କହିଛନ୍ତି। ଏହି ଅବସରରେ ଓଡ଼ିଶା ସରକାରଙ୍କ ଦୃଷ୍ଟିବାଧିତ ବିଭାଗର ସନ୍ନ୍ୟାସ କୁମାର ବେହେରା, ରାଜ୍ୟ ଦୃଷ୍ଟିବାଧିତ କ୍ରିକେଟ୍ ସଂଘର ସଭାପତି ଜାଫର ଇକବାଲ ପ୍ରମୁଖ ଉପସ୍ଥିତ ଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ନ୍ୟାୟର ଅର୍ଥ ବିବେକ, କିନ୍ତୁ ବ୍ୟକ୍ତିଗତ ନୁହେଁ, ସାରା ମାନବଜାତିର ବିବେକ !
-ଆଲେକଜାଣ୍ଡର ସୋଲଝେନିତସିନ

## ସମୃଦ୍ଧିର ନୂଆ ଦିଗନ୍ତ

ଦେଶର ଅର୍ଥନୀତି ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ଗତିଶୀଳତାର ଶିଖର ଛୁଇଁବାକୁ ଯାଉଛି । ଏହା ସ୍ପଷ୍ଟ ହୋଇଛି ଅର୍ଥନୀତିର ଦ୍ୱିତୀୟ ତ୍ରୟମାସିକ ରିପୋର୍ଟରୁ । ୨୦୨୫-୨୬ ଆର୍ଥିକ ବର୍ଷର ଜୁଲାଇରୁ ସେପ୍ଟେମ୍ବର ମଧ୍ୟରେ ମୋଟ ଘରୋଇ ଉତ୍ପାଦନ ୮.୨ ପ୍ରତିଶତ ଭଳି ଉଚ୍ଚ ଅଙ୍କରେ ଅଭିବୃଦ୍ଧି ହାସଲ କରିଛି । ଏସଂକ୍ରାନ୍ତରେ ସବୁ ଅର୍ଥନୀତିଜ୍ଞ ଏପରିକି ରିଜର୍ଭ ବ୍ୟାଙ୍କ ଆକଳନ ଭୁଲ ପ୍ରମାଣିତ ହେଇଛି । ଯେତେଦୂର ମନେ ହୁଏ ଚଳିତ ଆର୍ଥିକ ବର୍ଷର ହାରାହାରି ଜିଡିପି ୭ ପ୍ରତିଶତ ଅତିକ୍ରମ କରିବ । ସୂଚନାଯୋଗ୍ୟ ଯେ ପୂର୍ବ ଆର୍ଥିକ ବର୍ଷର ଦ୍ୱିତୀୟ ତ୍ରୟମାସିକ ରିପୋର୍ଟରେ ଜିଡିପି ହାର ୫.୬ ପ୍ରତିଶତ ନେଇ ବିଭିନ୍ନ ମହଲରେ ଯେଉଁ ନୈରାଶ୍ୟ ସୃଷ୍ଟି ହୋଇଥିଲା ସେଥିରୁ ବର୍ତ୍ତିବା ପାଇଁ ସରକାରଙ୍କ ପକ୍ଷରୁ ଗ୍ରହଣ କରାଯାଇଥିବା ସଂସ୍କାରମୂଳକ ପଦକ୍ଷେପରୁ ସୁଫଳ ମିଳିଛି । ଆଗାମୀ ଦିନରେ ବିଶ୍ୱରେ ଭାରତ ଦ୍ରୁତ ଅଭିବୃଦ୍ଧିଶୀଳ ରାଷ୍ଟ୍ରର ମାନ୍ୟତା ପୂର୍ବଭଳି ବଜାୟ ରଖିବ । ଆସନ୍ତା ଅର୍ଥିକ ବର୍ଷ ଶେଷ ସୁଦ୍ଧା ଆମ ଦେଶ ୫ଟ୍ରିଲିୟନ ଅର୍ଥନୀତିର ମାନ୍ୟତା ହାସଲ କରିବା ସହ ପରବର୍ତ୍ତୀ ଦୁଇବର୍ଷ ମଧ୍ୟରେ ବିଶ୍ୱର ତୃତୀୟ ଅର୍ଥନୀତି ହେବାର ଯେଉଁ ଲକ୍ଷ୍ୟ ରଖାଯାଇଛି ତାହା ଏହି ଗତିଶୀଳତା ଜାରି ରହିଲେ ପୂରଣ ହେବା କିଛି ବିଚିତ୍ର ନୁହେଁ ।

ସରକାରଙ୍କ ପକ୍ଷରୁ ଦର୍ଶାଯାଇଥିବା ଏହି ରିପୋର୍ଟ ଅନୁଯାୟୀ ବିନିର୍ମାଣ କ୍ଷେତ୍ରରେ ଅଭିବୃଦ୍ଧି ୯.୧, ନିର୍ମାଣରେ ୭.୨ ଏବଂ ଆର୍ଥିକ, ରିଅଲ ଇଷ୍ଟେଟ୍, ପେସାଦାର ସେବା ଅଭିବୃଦ୍ଧି ହାର ୧୦.୨ ପ୍ରତିଶତ ହୋଇଛି । ତେବେ କୃଷି କ୍ଷେତ୍ରର ଅଭିବୃଦ୍ଧି ହାର ୩.୫ ପ୍ରତିଶତରେ ସୀମିତ ରହିଛି । ଦର୍ଶାଯାଇଥିବା ଏହି ହିସାବରୁ ସରକାରଙ୍କ ଅଗ୍ରାଧିକାର କ୍ଷେତ୍ର ଆକଳନ କରାଯାଇପାରେ । ଏହି ପରିସଂଖ୍ୟାନ ଆଧାରରେ ରିଜର୍ଭବ୍ୟାଙ୍କ ଆଗାମୀ ଦିନରେ ମୁଦ୍ରା ପ୍ରଚଳନକୁ ଅଧିକ ମୁକ୍ତ କରିବା ସମ୍ଭାବନା ଅଛି । ମୁଦ୍ରାନୀତି ନିର୍ଦ୍ଧାରଣ କମିଟି ରେପୋ ରେଟ ହ୍ରାସ ମାଧ୍ୟମରେ ବ୍ୟାଙ୍କ ଋଣଗ୍ରହୀତାଙ୍କ ପାଇଁ ନୂଆ ସୁଯୋଗ ସୃଷ୍ଟି କରିବେ । ଅର୍ଥନୀତିର ଏହି ଅନୁକୂଳ ଦିଗ ସଂପର୍କରେ ତର୍ଜମା କଲା ବେଳେ ସ୍ୱତଃ ମନରେ ଉଙ୍କିମାରେ ବିଶ୍ୱ ବାଣିଜ୍ୟ କାରବାରରେ ପରିଲକ୍ଷିତ ଶିଥିଳତାକୁ ଲକ୍ଷ୍ୟ କରି ଏକ ଭୟାଙ୍କର ମାନ୍ଦାବସ୍ଥା ମାଡ଼ି ଆସୁଛି ବୋଲି ଅର୍ଥନୀତି ବିଶାରଦମାନେ ସତର୍କ କରାଇଛନ୍ତି । ଆମ ଦେଶର ପରିସ୍ଥିତି ସେଭଳି ସକାରାତ୍ମକ ସ୍ଥିତିରେ ନାହିଁ ଯେ ପରିଲକ୍ଷିତ ବାଣିଜ୍ୟ ନିଅଣ୍ଟିକୁ ଏତେ ସହଜରେ ଅତିକ୍ରମ କରି ହେବ । ତେଣୁ ଆନ୍ତର୍ଜାତିକ ମୁଦ୍ରାପାଣ୍ଠି ଦର୍ଶାଇଥିବା କେତେକ ତ୍ରୁଟିକୁ ଏଡ଼ାଇଯିବା ଏତେ ସହଜ ନୁହେଁ । ଦେଶର ଜାତୀୟ ଆକାଉଣ୍ଟ ତଥ୍ୟର ଆକଳନକୁ ମୁଦ୍ରାପାଣ୍ଠି ସି ଗ୍ରେଡ ଦେଇଛି । ସେମାନଙ୍କ କହିବା କଥା ହେଲା, ଜିଡିପି ଓ ଜିଭିଏ ଭଳି ପ୍ରମୁଖ ପରିସଂଖ୍ୟାନ ନିର୍ଦ୍ଧାରଣରେ ଜାତୀୟ ଆକାଉଣ୍ଟର ପଦ୍ଧତିଗତ ତ୍ରୁଟି ରହିଛି । ସେହିଭଳି ଉପଭୋକ୍ତା ମୂଲ୍ୟସୂଚକାଙ୍କ ନିର୍ଦ୍ଧାରଣ ପ୍ରକ୍ରିୟାକୁ ମଧ୍ୟ ବି ଗ୍ରେଡ ଦିଆଯାଇଛି । ମୁଦ୍ରାପାଣ୍ଠିର ଏହି ପ୍ରତିକୂଳ ମତାମତ ସତ୍ତ୍ୱେ ବିଶ୍ୱ ଅର୍ଥନୀତିରେ ପରିଲକ୍ଷିତ ମାନ୍ଦାବସ୍ଥା ପ୍ରଭାବରୁ ଆମେ ମୁକ୍ତ ଓ ଗତଶୀଳତା ଅବ୍ୟାହତ ରହିଥିବା କେହି ଅସ୍ୱୀକାର କରିପାରିବେନି ।

ବଜାର ଅର୍ଥନୀତିରେ କ୍ରେତାଙ୍କୁ ପ୍ରାଧାନ୍ୟ ଦିଆଯାଉଥିବା ବେଳେ ମୁଦ୍ରାସ୍ଫୀତି ହ୍ରାସରୁ ସ୍ପଷ୍ଟ ଯେ କ୍ରୟଶକ୍ତିରେ ଦୁର୍ବଳତା ରହିଛି । ଏହା କୌଣସି ପରିସ୍ଥିତିର ଅଭିବୃଦ୍ଧି କାରକ ନୁହେଁ । ସେହିଭଳି ବର୍ଷକ ମଧ୍ୟରେ ଭାରତୀୟ ମୁଦ୍ରା ୪.୨ ପ୍ରତିଶତ ଡଲାର ତୁଳନାରେ ଅଧିକ ଦୁର୍ବଳ ହୋଇଛି । ଏହି ଦୁଇଟି ପ୍ରସଙ୍ଗକୁ ଜିଡିପି ଆକଳନ ବେଳେ ଗୁରୁତ୍ୱ ଦେବାର ଆବଶ୍ୟକତା ରହିଛି ।

## ବିକାଶ-ମାନବ ସମ୍ବଳ-ଶିକ୍ଷା

ଆମ ରାଜ୍ୟର ସରକାରୀ ବିଦ୍ୟାଳୟ ଅବସ୍ଥା ଏତେ ଶୋଚନୀୟ ହୋଇପଡ଼ିଛି ଯେ ଯେତେଯାହା କଲେ ମଧ୍ୟ ଅଭିଭାବକଙ୍କ ଆଉ ଭରସାଯୋଗ୍ୟ ହୋଇପାରୁନି । ଛାତ୍ରଛାତ୍ରୀ ମଧ୍ୟ ଏକ ଅନିଶ୍ଚିତ ଭବିଷ୍ୟତ ମଧ୍ୟରେ ଅଧାରୁ ପାଠ ଛାଡୁଛନ୍ତି । ଅଧିକାଂଶ ଅଭିଭାବକଙ୍କ ଭରସାଯୋଗ୍ୟ ହୋଇଛି ଘରୋଇ ବିଦ୍ୟାଳୟ । ସରକାରୀ ଶିକ୍ଷା ବ୍ୟବସ୍ଥାରେ କେଉଁଠି ନିରାପଦ ବିଦ୍ୟାଳୟଗୃହ ନାହିଁ ତ କେଉଁଠି ଶିକ୍ଷକ ନାହାନ୍ତି । ଶିକ୍ଷକଙ୍କ ଦାବିକୁ ନେଇ ବର୍ଷତମାମ ଆନ୍ଦୋଳନ ଚାଲିଛି । ବିଭିନ୍ନ ଗଣମାଧ୍ୟମରେ ଶିରୋନାମା ମଣ୍ଡନ କରୁଛି । ରାଜ୍ୟ ସରକାରୀ ବିଦ୍ୟାଳୟରେ ଅଧାରୁ ପାଠ ଛାଡ଼ିଛନ୍ତି ୧ ଲକ୍ଷ ୨୩ ହଜାର ପିଲା ଏବଂ ନବମରେ ସାଢ଼େ ୧୩ ହଜାର ପିଲା ଅକୃତକାର୍ଯ୍ୟ । ଶିକ୍ଷାକ୍ଷେତ୍ରରେ ଯେତେ ସମସ୍ୟା ମୁଣ୍ଡ ଟେକିଛି ସେ ନେଇ ପ୍ରଶ୍ନ କଲେ ସରକାରଙ୍କ ନିକଟରେ ଉତ୍ତର ଅଭାବ ନାହିଁ । କିନ୍ତୁ ସମସ୍ୟା ଯେଉଁଠି ସେଇଠି ଅଟକି ରହିଛି ।

ପ୍ରାଥମିକ ବିଦ୍ୟାଳୟ ସ୍ତରରେ ଚାଲିଥିବା ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା ଆହୁରି ଉପର ଶ୍ରେଣୀକୁ ବଢ଼ି ଚାଲିଛି । ରାଜ୍ୟର ନବମ ଓ ଦଶମ ଶ୍ରେଣୀର ୧୦ ଲକ୍ଷ ୮୦ ହଜାର ପିଲାଙ୍କୁ ସିଏମ ପୋଷଣ କାର୍ଯ୍ୟକ୍ରମ ମାଧ୍ୟମରେ ମାଧ୍ୟାହ୍ନ ଭୋଜନ ଦିଆଯିବାର ବ୍ୟବସ୍ଥା ହୋଇଛି । ସେହିପରି ଏକାଦଶ ଶ୍ରେଣୀ ଏସଟି ପିଲାଙ୍କୁ ବର୍ଷକୁ ୫ ହଜାର ଟଙ୍କା ଲେଖାଏଁ ସହାୟତା ରାଶି ଦିଆଯାଇଛି । ଶିକ୍ଷକମାନେ ପାଠପଢ଼ା ଛାଡୁଥିବା ପିଲାଙ୍କ ଅଭିଭାବକଙ୍କୁ ବୁଝାଇ ସେମାନଙ୍କ ବିଦ୍ୟାଳୟକୁ ଫେରାଇ ଅଣାଯିବାର ବ୍ୟବସ୍ଥା କରାଯାଇଛି । ମଧ୍ୟାହ୍ନଭୋଜନ, ୟୁନିଫର୍ମ ଓ ପାଠ୍ୟବସ୍ତୁ ଯୋଗାଇ ଦେବାର ମଧ୍ୟ ବ୍ୟବସ୍ଥା ହୋଇଛି । ସରକାରଙ୍କ ଏହି ସ୍ପଷ୍ଟୀକରଣ କେତେଦୂର କାର୍ଯ୍ୟକାରୀ ହେଉଛି ତାହା ଭିନ୍ନ କଥା । ଶିକ୍ଷା ବର୍ଷ ଶେଷ ହେବାକୁ ବସିଥିଲେ ମଧ୍ୟ କେଉଁଠି ୟୁନିଫର୍ମ ମିଳିନି ତ ଓ କେଉଁଠି ପାଠ୍ୟ ପୁସ୍ତକ ନାହିଁ । ଅସଲରେ ବ୍ୟବସ୍ଥାର ଉନ୍ନତି ଆଣିବାରେ ସରକାରଙ୍କ ଏହି ଘୋଷଣା କେତେଦୂର ସହାୟକ ହେବ ସେନେଇ ସନ୍ଦେହ ରହିଛି । ପିଲାଙ୍କ ଅସ୍ଥାଭାଜନ ହେଲା ଭଳି ବିଦ୍ୟାଳୟରେ ଶିକ୍ଷା ପରିବେଶ ଏ ପର୍ଯ୍ୟନ୍ତ ସୃଷ୍ଟି ହୋଇନାହିଁ । ଏପରିକି ରାଜ୍ୟରେ ସ୍ୱତନ୍ତ୍ର ପତିଆରା ସୃଷ୍ଟି କରିଥିବା ବିଦ୍ୟାଳୟଗୁଡ଼ିକରେ ମଧ୍ୟ ଛାତ୍ରଛାତ୍ରୀ ସଂଖ୍ୟା ହ୍ରାସ ପାଉଥିବାର ଲକ୍ଷ୍ୟ କରାଯାଉଛି । ଉଚ୍ଚମାନର ଶିକ୍ଷାପ୍ରଦାନ ପାଇଁ ସୁଯୋଗ୍ୟ ଶିକ୍ଷକ ନିଯୁକ୍ତିକୁ ଏପର୍ଯ୍ୟନ୍ତ ଗୁରୁତ୍ୱ ଦିଆଯାଇନାହିଁ । ବିଭିନ୍ନ ବିଷୟରେ ପାଠ ପଢ଼ାଇବା ସକାଶେ ବିଷୟ ଭିତ୍ତିକ ଶିକ୍ଷକ ନିଯୁକ୍ତି ଦିଆଯାଉନାହିଁ । ସବୁଚାଲିଛି କାମଚଳା ଅବସ୍ଥାରେ । ଏଭଳି ପରିବେଶରେ ବିଜ୍ଞାନ ଅଧ୍ୟୟନ ସକାଶେ ଲାବୋରାଟୋରୀ, କମ୍ପ୍ୟୁଟର ଓ ପୁସ୍ତାକାଗାର ଆଶା କରିବା ବୃଥା । ତେଣୁ ଯେଉଁ ବିକାଶ କଥା କୁହାଯାଉଛି ତାହା ଶିକ୍ଷା ଭିତ୍ତିଭୂମି ସୁଦୃଢ଼ ବିନା କିପରି ସମ୍ଭବ, ସନ୍ଦେହ ସୃଷ୍ଟି ହେଉଛି ।

## ଅବସରପ୍ରାପ୍ତ ଅଧ୍ୟାପକ ନିଯୁକ୍ତି କେତେ ଯୁକ୍ତିଯୁକ୍ତ

ଶ୍ରୀବତ୍ସ ନାୟକ

ଉଚ୍ଚଶିକ୍ଷା ବିଭାଗରେ ଅବସରପ୍ରାପ୍ତ ଅଧ୍ୟାପକ ଓ ପ୍ରାଧ୍ୟାପକମାନଙ୍କୁ ପୁନଃ ନିଯୁକ୍ତି ଦେବାକୁ ସ୍ଥିର କରିଛନ୍ତି ଓଡ଼ିଶା ସରକାର । ଚଳିତ ଶିକ୍ଷା ବର୍ଷରୁ ସରକାରୀ ଅନୁଦାନପ୍ରାପ୍ତ (୪୮୮ ବର୍ଗ) ଓ ବେସରକାରୀ ଅନୁଦାନପ୍ରାପ୍ତ (୬୬୨ ବର୍ଗ) ମହାବିଦ୍ୟାଳୟଗୁଡ଼ିକରେ ଶିକ୍ଷାଦାନ ପ୍ରକ୍ରିୟାରେ ସିଧାସଳଖ ଯୋଡ଼ି ହେବେ ଅବସରପ୍ରାପ୍ତ ଅଧ୍ୟାପକ ଓ ପ୍ରାଧ୍ୟାପକ । ଏଥିସହିତ ଖୁବଶୀଘ୍ର ସ୍ଥାୟୀ ଅଧ୍ୟାପକ ମଧ୍ୟ ନିଯୁକ୍ତି କରିବା ପାଇଁ ନିଷ୍ପତ୍ତି ନେଇଛନ୍ତି ରାଜ୍ୟ ସରକାର । ଫଳରେ ଉଚ୍ଚଶିକ୍ଷା ବିଭାଗରେ ଦୀର୍ଘଦିନ ଧରି ଖାଲି ପଡ଼ିଥିବା ପଦବୀ ପୂରଣ ହେବା ସହ ଶିକ୍ଷାଦାନରେ ଉପୁଜିଥିବା ସମସ୍ୟା ସମାଧାନ ହେବ । ଏହା ନିଶ୍ଚିତଭାବେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ ।

ଉଚ୍ଚଶିକ୍ଷା ବିଭାଗର ପତ୍ରସଂଖ୍ୟା ୫୭୧୯୮ ତା ୨୩.୧୦.୨୫ ରିଖ ଅନୁଯାୟୀ ମହାବିଦ୍ୟାଳୟରେ ସ୍ଥାୟୀ ଅଧ୍ୟାପକ ନିଯୁକ୍ତି ହେବା ପର୍ଯ୍ୟନ୍ତ ଅବସରପ୍ରାପ୍ତ ଅଧ୍ୟାପକମାନଙ୍କୁ ନେଇ ଶିକ୍ଷାଦାନ ଚାଲିବ । ଏମିତିକି ଅତିଥି ଅଧ୍ୟାପକ ନିଯୁକ୍ତି ନେଇ ଯୋଗ୍ୟତା ଓ ମାପଦଣ୍ଡ କ'ଣ ରହିବ ତା' ମଧ୍ୟ ନିୟମାବଳୀରେ ଉଲ୍ଲେଖ ରହିଛି । ସହକାରୀ ପ୍ରଫେସର ପାଇଁ ଦରମା ୨୫ ହଜାର ଟଙ୍କାରୁ ଆରମ୍ଭ କରି ପ୍ରଫେସରଙ୍କ ଦରମା ୫୦ ହଜାର ଟଙ୍କା ପର୍ଯ୍ୟନ୍ତ ରହିଛି । ତେବେ ଏଥିପାଇଁ ଅତିକମ୍‌ରେ ୫୦ଟି କ୍ଲାସ କରିବା ବାଧ୍ୟତାମୂଳକ । ଯଦି ତା'ଠୁ କମ୍ ହୁଏ ତା'ହାଲେ ପାରିଶ୍ରମିକ କମିବ । ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ପ୍ରକାଶିତ ମାର୍ଗଦର୍ଶିକାରେ କୁହାଯାଇଛି ଅତିଥି ଅଧ୍ୟାପକମାନେ ବର୍ଷକୁ ୧୦ ଦିନର ଛୁଟି ପାଇବେ । ଚାକିରି ଛାଡ଼ିବା ଆଗରୁ ୩୦ ଦିନର ନୋଟିସ୍ ଦେବେ ।

ତେବେ ଅବସରପ୍ରାପ୍ତମାନଙ୍କୁ ପୁନଃନିଯୁକ୍ତି କ୍ଷେତ୍ରରେ ଅନେକ ପ୍ରଶ୍ନ ସାଧାରଣରେ ଉଙ୍କିମାରେ । ଶିକ୍ଷକତା କେବଳ ଏକ ବୃତ୍ତି ନୁହଁ, ବରଂ ଶିକ୍ଷାଦାନ ହେଉଛି ଶିକ୍ଷକ ଜୀବନର ବ୍ରତ । ଶିକ୍ଷକ କେବେ ଅବସର ନେଇପାରେ ନାହିଁ । ବିପଥଗାମୀ ସମାଜକୁ ସଜାଡ଼ିବାରେ ସେମାନଙ୍କର ଭୂମିକା ଅବର୍ଣ୍ଣନୀୟ । କିନ୍ତୁ ସରକାରଙ୍କର ବିଧିବିଧାନ ଅନୁସାରେ ଶାରୀରିକ ଅକ୍ଷମତା ଦୃଷ୍ଟିରୁ ଶିକ୍ଷକମାନଙ୍କୁ ୬୦ ବର୍ଷ ବୟସରେ ଶିକ୍ଷକତା ବୃତ୍ତିରୁ ଅବସର ଦିଆଯାଏ ଏବଂ ଅବଶିଷ୍ଟ ଜୀବନ ଆତ୍ମସମ୍ମାନର ସହ ବଞ୍ଚିବା ପାଇଁ ସରକାର ପେନସନ୍ ମଧ୍ୟ ଦେଇଥା'ନ୍ତି । ଏଠି ପ୍ରଶ୍ନ ଉଠୁଛି ବୟସାଧିକ୍ୟ କାରଣରୁ ଯାହାକୁ ଅବସର ଦେଲେ ତାଙ୍କୁ ପୁଣି କାର୍ଯ୍ୟକୁ ନିମନ୍ତ୍ରଣ କରିବା ତାଙ୍କ ପାଇଁ ଅସମ୍ମାନ ନୁହେଁ କି? ଯଦି ସେମାନେ ନିଯୁକ୍ତି ହୁଅନ୍ତି ସେମାନେ ଶାରୀରିକ ଓ ମାନସିକ ଭାବେ ଶିକ୍ଷାଦାନ କରିବା ପାଇଁ ପ୍ରସ୍ତୁତ ଥିବେ ତ? ଯଦି ସେମାନେ ଏବେ ପାଠ ପଢ଼େଇବାକୁ ସକ୍ଷମ, ତା' ହେଲେ ସରକାର ତାଙ୍କୁ ଅବସର ଦେଉଛନ୍ତି କାହିଁକି?

ସ୍ଥାୟୀ ଅଧ୍ୟାପକ ନିଯୁକ୍ତି ନହେବା ପର୍ଯ୍ୟନ୍ତ ଅବସରପ୍ରାପ୍ତ ଅଧ୍ୟାପକ, ଯାହାଙ୍କର ବୟସ ସୀମା ୬୦ ରୁ ୬୯ ମଧ୍ୟରେ ହୋଇଥିବ ସେମାନେ ଶିକ୍ଷାଦାନ କରିବେ । ଅର୍ଥାତ୍ ପାଖାପାଖି ଏକ ଦଶନ୍ଧି ଧରି ସରକାର ବୋଧହୁଏ ସ୍ଥାୟୀ ନିଯୁକ୍ତି କରିବେ ନାହିଁ! ବେକାରୀ ସମସ୍ୟା ଉତ୍କଟ ହେବ । ଓଡ଼ିଶା ରାଜ୍ୟ ଏମ୍ପ୍ଲୟମେଣ୍ଟ ଏକ୍ସଚେଞ୍ଜର ତଥ୍ୟ ଅନୁସାରେ ୨୦୨୫ ବର୍ଷ ଆରମ୍ଭରୁ ରାଜ୍ୟରେ ୪୮, ୬୭୮ ଜଣ ସ୍ନାତକୋତ୍ତର ଅଧ୍ୟାପକ ନିମନ୍ତେ ଯୋଗ୍ୟ ଥିଲେ ମଧ୍ୟ ନିଯୁକ୍ତି ନ ପାଇ ବେକାର ଅଛନ୍ତି । ଦିନକୁ ଦିନ ଏହି ଶିକ୍ଷିତ ଯୁବ ବେକାରୀଙ୍କ ସଂଖ୍ୟା ବୃଦ୍ଧି ପାଇବ ବୋଲି ଅନୁମାନ କରାଯାଉଛି । ସେମାନଙ୍କ ପାଇଁ ସରକାର କ'ଣ ସବୁ ରୂପରେଖ ପ୍ରସ୍ତୁତ କରିଛନ୍ତି, ତାହା ସାର୍ବଜନୀନ ହେବା ନିହାତି ଜରୁରୀ ।

୧୯୮୮ ମସିହାରୁ ୨୦୧୬ ମସିହା ପର୍ଯ୍ୟନ୍ତ ସରକାରୀ ଅନୁଦାନପ୍ରାପ୍ତ ମହାବିଦ୍ୟାଳୟରେ ସରକାର ସ୍ଥାୟୀ ଅଧ୍ୟାପକ ନିଯୁକ୍ତି କରିପାରିଲେ ନାହିଁ । ଫଳରେ ସେ ସମୟରେ ଅନେକ ଯୁବ ଅଧ୍ୟାପକ ମହାବିଦ୍ୟାଳୟର ପରିଚାଳନା ସମିତି ଅଧୀନରେ ରହି ଶିକ୍ଷାଦାନ କଲେ । ଯେଉଁମାନଙ୍କ ମଧ୍ୟରୁ କେତେଜଣ ସରକାରୀ ବ୍ୟବସ୍ଥାର ଚରମ ଅବହେଳାର ଶିକାର ହୋଇ ରିକ୍ତ ହସ୍ତରେ ଅବସର ନେଇ ସାରିଲେଣି ତ କେତେଜଣ ଅବସର ନେବାକୁ ପ୍ରସ୍ତୁତ ହେଲେଣି । ଦୀର୍ଘ ଦିନ ଅଧ୍ୟାପନା କଲା ପରେ ମଧ୍ୟ ସେମାନଙ୍କୁ କୌଣସି ଚାକିରି ସର୍ତ୍ତାବଳୀ ମିଳିଲା ନାହିଁ । ସରକାରୀ ଚାକିରିର କୌଣସି ସୁବିଧା ସେମାନେ ପାଇଲେ ନାହିଁ । ପଦୋନ୍ନତି ଓ ପେନସନ୍ ସହିତ ଚାକିରି ସର୍ତ୍ତାବଳୀ ନିମନ୍ତେ ଗୁହାରି କଲେ ମଧ୍ୟ ସରକାର ପ୍ରତ୍ୟାଖାନ କଲେ । ସେମାନଙ୍କର ଅତୀତ ଅଭିଶପ୍ତ, ବର୍ତ୍ତମାନ ରୁଗ୍ଣ ଓ ଭବିଷ୍ୟତ ଅନ୍ଧକାରମୟ । ସରକାର ସେମାନଙ୍କ ପ୍ରତି ଦୟା ମନୋଭାବ ପୋଷଣ କରିବା ଉଚିତ ।

ଏ କ୍ଷେତ୍ରରେ ପୂର୍ବ ତ୍ରୁଟିବିଚ୍ୟୁତି ସଂଶୋଧନପୂର୍ବକ ତୁରନ୍ତ ସଂସ୍କାର ଆଣି ବିହିତ ପଦକ୍ଷେପ ନ ନେଇ ଅବସରଙ୍କୁ ପୁନଃନିଯୁକ୍ତି କେତେ ଯୁକ୍ତିଯୁକ୍ତ? ଅବସରପ୍ରାପ୍ତ ଅଧ୍ୟାପକ ଅଭିଜ୍ଞ, କିନ୍ତୁ ଭାରତୀୟ ଲୋକାଚାର ଉପରେ ଆଧାରିତ ଏକ ଶିକ୍ଷା ବ୍ୟବସ୍ଥାର ପରିକଳ୍ପନା କରି ଭାରତ ସରକାର ଶିକ୍ଷା ବ୍ୟବସ୍ଥାରେ ସଂସ୍କାର ଆଣି ଯେଉଁ ସୁଚିନ୍ତିତ, ସୁଦୃଢ଼, ସୁ-ସଙ୍ଗଠିତ ଶିକ୍ଷାନୀତି (ଜାତୀୟ ଶିକ୍ଷାନୀତି ୨୦୨୦) ପ୍ରଣୟନ କରିଛନ୍ତି, ସେଥିନିମନ୍ତେ ସେମାନେ କେତେ ଯୋଗ୍ୟ ତାହା ସରକାରଙ୍କୁ ଜଣା । କହିବା ବାହୁଲ୍ୟ ଯେ ଏକବିଂଶ ଶତାବ୍ଦୀର ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟାର ଯୁଗରେ ଯେତେବେଳେ ସରକାର ଶିକ୍ଷାରେ ଆଧୁନିକୀକରଣ କରିଛନ୍ତି ସେତେବେଳେ ଅବସରପ୍ରାପ୍ତ ଶିକ୍ଷକମାନେ ସେହି ପାରମ୍ପରିକ ଶୈଳୀରେ ରହିଯାଇଛନ୍ତି, ଯାହା ଜାତୀୟ ଶିକ୍ଷାନୀତିର ମୌଳିକତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିପାରେ । ସରକାର ଗୋଟେ ପଟେ ଅଭିନବ ଶିକ୍ଷାନୀତିର କଥା କହୁଥିବା ବେଳେ ପୁଣି ପୁରୁଣାଙ୍କୁ ମନେପକାଇବା କେତେ ସମୀଚୀନ? ବାର୍ଦ୍ଧକ୍ୟରେ ଯୌବନର ଉତ୍ସାହ କାହୁଁ ଆସିବ?

ଅନ୍ୟପକ୍ଷରେ ଦେଖିଲେ କୌଣସି କ୍ଷେତ୍ରରେ ପୁରୁଖାମାନେ କାହିଁକି ଯୁଗାନ୍ତକାରୀ ପରିବର୍ତ୍ତନର ସ୍ୱପ୍ନ ଦେଖିବେ? ଆମ ଦେଶର ଶିକ୍ଷା ପ୍ରଣାଳୀରେ ଯେଉଁଭଳି ଯୁଗୋପଯୋଗୀ ସଂସ୍କାରମାନ ଆସୁଛି ସେଥିପାଇଁ ସଦ୍ୟତମ ଯୁବ ଉଦ୍ଦୀପନାର ଆବଶ୍ୟକତା ରହିଛି । ନୂତନ ପିଢ଼ିଙ୍କର ନିଯୁକ୍ତି ସୁସ୍ଥ ସାମାଜିକ ବ୍ୟବସ୍ଥା ପାଇଁ ଏକ ସାଧନା । ଯୁବ ଅଧ୍ୟାପକମାନଙ୍କର ଲମ୍ବା ଚାକିରି ସମୟ ସୀମା ଥିବାରୁ ସେମାନେ ଉତ୍ସାହର ସହିତ ଶିକ୍ଷାଦାନରେ ନିଜକୁ ସାମିଲ୍ କରିପାରିବେ । ସରକାର ଅନ୍ତତଃପକ୍ଷେ ଏ ସବୁ ବିଷୟ ପ୍ରତି ଦୃଷ୍ଟି ଦେବାର ଥିଲା । ଅଧୁନା ଶିକ୍ଷା ବ୍ୟବସ୍ଥାର ଗୁରୁତ୍ୱପୂର୍ଣ୍ଣ ସମସ୍ୟା ହେଉଛି ଶିକ୍ଷକମାନଙ୍କର ଜାତିଭେଦ । ମହାବିଦ୍ୟାଳୟରେ ଅଧ୍ୟାପକମାନଙ୍କୁ ସରକାର ବିଭିନ୍ନ ଶ୍ରେଣୀରେ ବିଭାଜିତ କରିଛନ୍ତି । ସମାନ କାମକୁ ସମାନ ଦରମାର ନାରା ଦେଉଥିବା ସରକାର ଶିକ୍ଷକମାନଙ୍କୁ ୟୁଜିସି ଅଧ୍ୟାପକ, ଏସଏସବି ଅଧ୍ୟାପକ, ଗ୍ରାଣ୍ଟ ଇନ୍ ଏଡ ଅଧ୍ୟାପକ, ବ୍ଲକ ଗ୍ରାଣ୍ଟ ଅଧ୍ୟାପକ, ମ୍ୟାନେଜମେଣ୍ଟ ଅଧ୍ୟାପକ, ଠିକା ଅଧ୍ୟାପକ, ଅତିଥି ଅଧ୍ୟାପକ ଆଦି ଶ୍ରେଣୀରେ ବିଭକ୍ତ କରି ଭିନ୍ନ ଭିନ୍ନ ବେତନ ଦେଇଥା'ନ୍ତି । ଗୋଟିଏ ବୃତ୍ତିରେ ଥାଇ ସମାନ କାମ କରି ଭିନ୍ନ ଭିନ୍ନ ବେତନ ପାଉଥିବାରୁ ଅଧ୍ୟାପକମାନେ ହୀନ ମାନସିକତାର ଶିକାର ହେଉଛନ୍ତି । ଏଥିପାଇଁ ଅଧ୍ୟାପକମାନେ ବାରମ୍ବାର ଗୁହାରି କରୁଛନ୍ତି; କିନ୍ତୁ ଫଳ ଶୂନ୍ୟ । ଫଳରେ ସ୍ୱଳ୍ପ ବେତନ ପାଉଥିବା ଅଧ୍ୟାପକମାନେ ନାନା ଦୁଶ୍ଚିନ୍ତା ଭିତରେ ରହିଥା'ନ୍ତି, ଯାହାର ପ୍ରତିକୂଳ ପ୍ରଭାବ ସମଗ୍ର ଶିକ୍ଷା ଉପରେ ପଡ଼ିଥାଏ । ଯେଉଁ ଅଧ୍ୟାପକମାନେ ବେତନ ଦାବି କରୁଛନ୍ତି ସେମାନଙ୍କୁ ରାଜ୍ୟ ସରକାର ଉପଯୁକ୍ତ ବେତନ ନ ଦେଇ ଅବସରପ୍ରାପ୍ତ ଅଧ୍ୟାପକଙ୍କୁ ପେନସନ ସହିତ ଅତିଥି ଅଧ୍ୟାପକର ବେତନ ଦେବା ତେଲିଆ ମୁଣ୍ଡରେ ତେଲ ସଦୃଶ ।

ଶିକ୍ଷା ବ୍ୟବସ୍ଥାକୁ ନ ସୁଧାରିଲେ ସାମାଜିକ ସୁଧାର ବିଳମ୍ବିତ ହୋଇଥାଏ । ସାମାଜିକ ସଦଭାବ ପାଇଁ କରାଯାଉଥିବା ପ୍ରୟାସ ମଧ୍ୟ ବାଧାପ୍ରାପ୍ତ ହୋଇଥାଏ । ଏହାଦ୍ୱାରା ସମାନତାର ଅବସର ପ୍ରଦାନ କରିବାର ସାମ୍ବିଧାନିକ ଆଶ୍ୱାସନା ଉଲ୍ଲଙ୍ଘନ ହୋଇଥାଏ । ଭାରତର ମନୀଷୀମାନଙ୍କର ସ୍ୱପ୍ନ ଥିଲା ଯେ ଶିକ୍ଷାର ବିକାଶରେ ଭାରତର ସୁନେଲି ସକାଳ ଅଣାଯାଇପାରିବ । କିନ୍ତୁ ସରକାରଙ୍କର କେତେକ ନିଷ୍ପତ୍ତି ଯୋଗୁଁ ଉଚ୍ଚଶିକ୍ଷା ଅସ୍ତଗାମୀ ସୂର୍ଯ୍ୟ ସଦୃଶ ପ୍ରତୀୟମାନ ହେଲାଣି । ଶିକ୍ଷା ପ୍ରଶାସନ ଶିକ୍ଷାବିତ୍‌ଙ୍କ ହାତରେ ରହିବା ସହିତ ଶିକ୍ଷା ସମ୍ବନ୍ଧୀୟ କୌଣସି ନିଷ୍ପତ୍ତି ନେବା ପୂର୍ବରୁ ଏହି ବ୍ୟବସ୍ଥା ସହ ଜଡ଼ିତ ଥିବା ମହଲର ମତାମତ ନେଲେ କିଛି ସୁଫଳ ଆଶା କରାଯାଇପାରେ । ଜାତୀୟ ଶିକ୍ଷାନୀତି ୨୦୨୦ ଶିକ୍ଷକମାନଙ୍କର ଦକ୍ଷତା, ଅଭିକ୍ଷମତା, ଉତ୍କର୍ଷ ଓ ପାରଦର୍ଶିତା ଆଦି ପ୍ରତି ଗୁରୁତ୍ୱାରୋପ କରୁଥିବା ବେଳେ ଓଡ଼ିଶା ସରକାର କେଉଁଭଳି ପରିସ୍ଥିତିରେ ଅବସରପ୍ରାପ୍ତମାନଙ୍କୁ ନିଯୁକ୍ତି ଦେବେ ତାହା ଚିନ୍ତାର ବିଷୟ ହୋଇଛି । ଯୁବ ଶକ୍ତି ରାଷ୍ଟ୍ର ଶକ୍ତି । ଯୁବକମାନଙ୍କୁ ବେକାର ରଖି କେତେ ଯୁକ୍ତିଯୁକ୍ତ ତାହା ବିଚାର କରିବାର ଆବଶ୍ୟକତା ରହିଛି ।

(ଅଧ୍ୟାପକ, ବାଣିଜ୍ୟ ବିଭାଗ)
କଟକ, ମୋ: ୯୪୩୮୦୭୦୮୪୯

## ଧୈର୍ଯ୍ୟହରା ଯୁବସମାଜ ଓ ଆତ୍ମବିଶ୍ୱାସର ପରିବେଶ

ଡ.ବିମଳ ଷଡ଼ଙ୍ଗୀ

ବିଜ୍ଞାନର ଅଗ୍ରଗତି ସହିତ ଆଜିର ଯୁବପିଢ଼ିର ସବୁଠୁ ବଡ଼ ସମସ୍ୟା ହେଉଛି ଡିଜିଟାଲ ନିର୍ଭରତା । ଘଣ୍ଟାଘଣ୍ଟା ଧରି କମ୍ପ୍ୟୁଟର ଗେମ୍, କ୍ରିକେଟ, ସିନେମା, ରିଲ୍ସ, ସାମାଜିକ ଗଣମାଧ୍ୟମ, ନିରନ୍ତର ଡୋପାମିନର ଆସକ୍ତି ଆଦିରୁ ଜାତ ଅତ୍ୟଧିକ ଚାପ ଯୁବସମାଜର ଧ୍ୟାନଶକ୍ତି କମାଇ ଧୈର୍ଯ୍ୟକୁ ନଷ୍ଟ କରୁଛି । ଜୀବନର ଲକ୍ଷ୍ୟରୁ ଭ୍ରମିତ କରୁଛି । ଆଜିର ଯୁବସମାଜ ଚାହାନ୍ତି ତୁରନ୍ତ ସଫଳତା । କିନ୍ତୁ ସଫଳତାକୁ ପାଇବାକୁ ହେଲେ ପରିଶ୍ରମ, ଶିଷ୍ଟାଚାର, ସହନଶୀଳତା, ଧୈର୍ଯ୍ୟ ଆଦି ଗୁଣର ଆବଶ୍ୟକତାକୁ ଭୁଲିଯାଆନ୍ତି ସେମାନେ । ଅନୁକରଣର ସଂସ୍କୃତି ସେମାନଙ୍କୁ ବିପଥଗାମୀ କରିଛି । ସାମାଜିକ ଗଣମାଧ୍ୟମ, ଗ୍ଲାମର୍, ଧନ, ଚାକଚକ୍ୟ ଜୀବନଶୈଳୀ, ନୀତିହୀନ ସେବା ଓ ତ୍ୟାଗହୀନ ଓ ଜ୍ଞାନହୀନ ତତ୍ତ୍ୱ ସେମାନଙ୍କ ଆଦର୍ଶ ହୋଇଯାଇଛି । ଚରିତ୍ର ଓ ନୀତିର ଅଭାବ ହେତୁ ଅନେକ ସ୍ଥାନରେ ଅସତ୍ୟ, ଠକେଇ, ଭ୍ରଷ୍ଟାଚାର, ଦୁର୍ନୀତି ଆଦି ଯୁବସମାଜକୁ ଆକର୍ଷିତ କରୁଛି । ଅନୁଶାସନହୀନତା ସହିତ ଅନିୟମିତ ଜୀବନଶୈଳୀ, ଅପପୁଷ୍ଟିକର ଖାଦ୍ୟର ଲାଳସା ଆଦି ସେମାନଙ୍କ ମନ ଓ ଦେହକୁ ଦୁର୍ବଳ କରୁଛି । ଶଠତାପୂର୍ଣ୍ଣ ନେତୃତ୍ୱ ଓ ଅପସଂସ୍କୃତି ଆଜି ଯୁବସମାଜକୁ ଉଦ୍‌ଭ୍ରାନ୍ତ କରୁଛି ।

୨୦୦୦ ମସିହା ପରଠାରୁ ଭାରତରେ ଜନ୍ମିତ ପିଲାମାନେ ପିଲାଦିନରୁ ଅପେକ୍ଷାକୃତ ଆରାମଦାୟକ ପରିବେଶରେ ବଢ଼ି ଆସିଛନ୍ତି । ଅଧିକାଂଶ ପିଲା ଜନ୍ମରୁ ଅଭାବ ଓ ସଂଘର୍ଷ କ'ଣ ଜାଣିବାର ସୁଯୋଗ ପାଇ ନାହାନ୍ତି । ଡିଜିଟାଲ୍ ଯୁଗରେ ସେହି ପିଲାମାନେ ଆଜି ଯୁବାବସ୍ଥାରେ ପହଞ୍ଚିଛନ୍ତି । ରାଜନୈତିକ ଦଳମାନେ ସ୍ୱାର୍ଥ ପାଇଁ ସେମାନଙ୍କୁ ମଦ, ମାଂସ ଓ ବିଭିନ୍ନ ଅନୀତିକର କାର୍ଯ୍ୟ ଦ୍ୱାରା ନିୟୋଜିତ କରନ୍ତି ଏବଂ ସେମାନଙ୍କ ପାଇଁ ଏକ ଅସୁରକ୍ଷିତ ଭବିଷ୍ୟତର ଆଚ୍ଛାଦନ ସୃଷ୍ଟି କରନ୍ତି । ସହଜଲବ୍ଧ ସାମାଜିକ ଗଣମାଧ୍ୟମ ପ୍ରଭାବରେ ଅନ୍ୟମାନଙ୍କ ସହ ତୁଳନାରେ ନିଜକୁ ହେୟ ଭାବିବା ସହିତ ନିଜ ଭିତରେ କ୍ଷୋଭ, ଚିଡ଼ିଚିଡ଼ା ପଣ, କ୍ରୋଧ, ପ୍ରତିକ୍ରିୟା ଓ ଧୈର୍ଯ୍ୟ ହ୍ରାସ ଆଦି ସ୍ୱଭାବ ସୃଷ୍ଟି ହୋଇଛି । ଆଜିର ପିଲାମାନଙ୍କ ଭିତରେ କୌଣସି କାର୍ଯ୍ୟକ୍ଷେତ୍ରରେ ସେମାନଙ୍କର ଆତ୍ମୀୟତା ପରିଲକ୍ଷିତ ହୁଏ ନାହିଁ । ଏହା 'ଜବ ହୋପିଙ୍ଗ' ସଂସ୍କୃତି ନାମରେ ବେଶ ଆଦୃତ । ନିଜର ପିତାମାତାଙ୍କ ସହିତ ସେମାନଙ୍କର ସମ୍ପର୍କ ବିବାହ ପରେ ସଂକୀର୍ଣ୍ଣ ହୋଇଥାଏ । ସେହି ମନୋବୃତ୍ତିରୁ ସେମାନଙ୍କ ବୈବାହିକ ସମ୍ପର୍କ ମଧ୍ୟ କ୍ଷଣସ୍ଥାୟୀ ହୋଇଥାଏ । କ୍ରମଶଃ ଏକ ନିଃସଙ୍ଗ ଚାପଗ୍ରସ୍ତ ଜୀବନଶୈଳୀର ସାଥୀ ହୋଇ ସମାଜର ଦୁର୍ଗତିର କାରଣ ହୁଅନ୍ତି ।

ଆମର ପ୍ରଥମ କର୍ତ୍ତବ୍ୟ ଯୁବସାମାଜଙ୍କ ସମସ୍ୟାକୁ ଭଲଭାବରେ ଶୁଣିବା ଓ ବୁଝିବା । କାରଣ ଆମେ ସେମାନଙ୍କୁ ତୁରନ୍ତ ପରାମର୍ଶ ଦେଲେ ସେମାନେ ଆମକୁ ଅନୁସରଣ କରିବେ ନାହିଁ । ଯେତେବେଳେ ସେମାନେ ଆପଣଙ୍କୁ ବୁଝିପାରିବେ ସେତେବେଳେ ସେମାନେ ମାର୍ଗଦର୍ଶନ ପାଇଁ ଆପଣଙ୍କର ସାହାଯ୍ୟ ନେବେ । ସେମାନଙ୍କୁ ସମ୍ମାନ ମାଧ୍ୟମରେ ବିଶ୍ୱାସ ସୃଷ୍ଟି କରିବାକୁ ପଡ଼ିବ । କେବେବି ସେମାନଙ୍କୁ ଅପମାନ, ତୁଳନା କିମ୍ବା ଲଜ୍ଜିତ କରିବା ଠିକ ନୁହେଁ । ଉଦାହରଣ ସ୍ୱରୂପ ଆମକୁ କହିବାକୁ ପଡ଼ିବ 'ମୁଁ ବୁଝିପାରୁଛି ତୁମେ କେଉଁ ସମସ୍ୟା ଦେଇ ଗତି କରୁଛ', 'ଆମେ ଏହାକୁ ଏକାଠି ସମାଧାନ କରିପାରିବା' ଇତ୍ୟାଦି । ସମ୍ମାନ, ଧୈର୍ଯ୍ୟ, ଗଠନମୂଳକ ଚିନ୍ତାଧାରା ସହିତ ସମସ୍ୟା ସମାଧାନର ଦ୍ୱାର ଖୋଲିଥାଏ । ସୁବିଧା, ଅସୁବିଧା କ'ଣ ସେମାନଙ୍କୁ ବୁଝାନ୍ତୁ । କେବଳ ନିୟମ ନୁହେଁ, ଆଜିର ଯୁବସମାଜ ଯେତେବେଳେ ନିଜର ଲାଭକୁ ପାଇବା ଅନୁଭବ କରନ୍ତି ସେତେବେଳେ ସେମାନେ ନିୟମ ପାଳନ କରନ୍ତି । ସେହିପରି ମୋବାଇଲ ଫୋନ୍ ବ୍ୟବହାର ହ୍ରାସ କରିବାକୁ ପରାମର୍ଶ ପରିବର୍ତ୍ତେ ଆପଣ କହିପାରନ୍ତି 'ଯଦି ତୁମେ ପ୍ରତିଦିନ ଗୋଟିଏ ଘଣ୍ଟା ପାଇଁ ଫୋନ୍ ବ୍ୟବହାର ହ୍ରାସ କର ତେବେ ତୁମର ଏକାଗ୍ରତା ବୃଦ୍ଧି ପାଇବ ଏବଂ ତୁମେ କମ୍ ଚାପ ଅନୁଭବ କରିବ ।'

ଛୋଟ ଛୋଟ ସଫଳତା ପାଇବାକୁ ଉତ୍ସାହିତ କରନ୍ତୁ । ବଡ଼ ପରିବର୍ତ୍ତନ ପାଇଁ ବାଧ କରନ୍ତୁ ନାହିଁ । ସରଳ ଅଭ୍ୟାସ ସହିତ ସେମାନଙ୍କୁ ପରାମର୍ଶ ଦିଅନ୍ତୁ । ଯେପରି, ଦିନକୁ ବାହାରେ ୧୦ ମିନିଟ୍ ଚାଲିଲେ ଆତ୍ମବିଶ୍ୱାସ ଓ ଧୈର୍ଯ୍ୟ ବୃଦ୍ଧି ହୁଏ । ଅନ୍ୟ ସହିତ ତୁଳନା କରିବା ବନ୍ଦ କରନ୍ତୁ । ଏହା ଚାପ ହ୍ରାସ କରେ ଏବଂ ଧୈର୍ଯ୍ୟ ବୃଦ୍ଧି କରେ । ଏକ ସହାୟକ ପରିବେଶ ସୃଷ୍ଟି କରନ୍ତୁ । ପରିବେଶ ପରାମର୍ଶ ଅପେକ୍ଷା ଆଚରଣକୁ ଅଧିକ ଆକାର ଦିଏ । ବାସ୍ତବ ଜୀବନ କାର୍ଯ୍ୟକଳାପକୁ ଉତ୍ସାହିତ କରନ୍ତୁ । କ୍ରୀଡ଼ା, ଚାଲିବା, ଯୋଗ, ଯେକୌଣସି ହବି ଯଥା - ସଙ୍ଗୀତ, କଳା, ପଠନ ଆଦି କାର୍ଯ୍ୟକଳାପଗୁଡ଼ିକ ସ୍ୱାଭାବିକ ଭାବରେ ଧୈର୍ଯ୍ୟ ଓ ଶୃଙ୍ଖଳା ଶିଖାଏ । ସେମାନଙ୍କର ପ୍ରତ୍ୟେକ ଛୋଟ ଉନ୍ନତିକୁ ପ୍ରଶଂସା କରନ୍ତୁ । ପ୍ରଶଂସା ପ୍ରେରଣା ବଢ଼ାଏ ଆଉ ପ୍ରେରଣା ଧୈର୍ଯ୍ୟ ବଢ଼ାଏ । ଆପଣ ନିଜେ ଏକ ଆଦର୍ଶ ହୁଅନ୍ତୁ । ଆପଣ ମଧ୍ୟ ମୋବାଇଲ ଫୋନ ଓ ଟିଭିରୁ ମନ ହଟାଇବାକୁ ଚେଷ୍ଟା କରନ୍ତୁ । କାରଣ ସେମାନେ ଆପଣଙ୍କ ପରାମର୍ଶ ଅପେକ୍ଷା ଆପଣଙ୍କୁ ନିରୀକ୍ଷଣ କରି ଅଧିକ ଶିଖନ୍ତି । ଯଦି ଆପଣ ଶାନ୍ତ ରୁହନ୍ତି ଏବଂ ଧୈର୍ଯ୍ୟର ସହିତ ସମସ୍ୟାଗୁଡ଼ିକୁ ପରିଚାଳନା କରନ୍ତି ତେବେ ସେମାନେ ତାହାକୁ ଅନୁକରଣ କରିବେ ।

ଧୈର୍ଯ୍ୟ ଗୋଟିଏ ଅଭ୍ୟାସ । ନିୟମିତ ସଠିକ ମାର୍ଗଦର୍ଶନ, ଶାନ୍ତ ପରିବେଶ ଓ ସକାରାତ୍ମକ ମନୋଭାବ ଦ୍ୱାରା ବୃଦ୍ଧି ହେବାକୁ ସମୟ ଲାଗେ । ଯଦି ଯୁବସମାଜ ଧୈର୍ଯ୍ୟଶୀଳ ହେବେ, ତେବେ ନିଜ ଜୀବନ, ସମାଜ ଓ ଦେଶ ଅଧିକ ସୁଦୃଢ଼ ହେଇପାରିବ । ସାମାଜିକ ଓ ରାଜନୈତିକ ବ୍ୟବସ୍ଥାରେ ଉନ୍ନତି ସହିତ ସଚ୍ଚୋଟତା, ଉତ୍କୃଷ୍ଟ ଶିକ୍ଷାପ୍ରଣାଳୀ, ପରିବାର ସହାୟତା ଓ ଶାସନ ବ୍ୟବସ୍ଥାରେ ସ୍ୱଚ୍ଛତା, ସର୍ବୋପରି ସାମୂହିକ ପ୍ରୟାସ ଦ୍ୱାରା ଯୁବସମାଜ ନିଜର ଜୀବନକୁ ଧୈର୍ଯ୍ୟ, ସହିଷ୍ଣୁତା ଓ ଶାନ୍ତିପୂର୍ଣ୍ଣ ଦିଗକୁ ନେଇଯିବାକୁ ସମର୍ଥ ହୋଇପାରିବେ ।

ଭୁବନେଶ୍ୱର, ମୋ: ୯୪୩୭୧୨୩୮ ୯୨

## ଦୀପ୍ତିମାନ ଗଛ

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

କେତେକ ଜୀବଙ୍କର ଶୀତଳ ଆଲୋକ ବିକିରଣକାରୀ ଗୁଣ ରହିଛି । ଏହା ସେମାନଙ୍କ ଜୀବନଯାତ୍ରା ପ୍ରକ୍ରିୟାର ଏକ ଅଂଶ ବିଶେଷ । ଏହି ଆଲୋକକୁ ଜୀବୀପ୍ତି ବା ବାୟୋଲୁମିନ୍ନେନ୍ସ (Bioluminerscence) ବୋଲି କୁହାଯାଏ । ଜୁଳୁଜୁଳିଆ ପୋକ ତାହାର ତଳିପେଟରେ ଥିବା ଏକ ବିଶଷ ଅଙ୍ଗରୁ ଏହା କରେ । ତାର ଯୌନ ସାଥୀ ଏବଂ ଶିକାରକୁ ଆକୃଷ୍ଟ କରିବାରେ ଏହା ସହାୟକ ହୁଏ । ସେହିପରି ଅଙ୍ଗାରମାଛ (Angles fish) ର ପାଟି ଆଗକୁ ଥିବା ଏକ ଅଙ୍ଗରୁ ଏପରି ଅଲୋକ ବାହାରି ତା' ଶିକାରକୁ ଆକୃଷ୍ଟ କରେ । କେତେକ ଶ୍ରେଣୀର ସ୍କୁଇଡ (Squid)ଙ୍କର ବି ଆଲୋକ ସୃଷ୍ଟିକାରୀ ଅଙ୍ଗର ରହିଛି । ସେମାନେ ସେଥିରୁ ଆଲୋକର ବାଦଲ ନିର୍ଗତ କରିପାରନ୍ତି, ଯାହାକି ସେମାନଙ୍କ ଶିକାରୀଜୀବମାନଙ୍କୁ ଭୟଭୀତ କରେ । ଅନ୍ୟ ପକ୍ଷରେ କେତେକ ସମୁଦ୍ରବାସୀ ପ୍ଲାଙ୍କଟନ୍ (Plankrun) ଅଜ୍ଞାତ ପରିବେଶର ସମ୍ମୁଖୀନ ହେଲେ ଶରୀରରୁ ଆଲୋକ ସୃଷ୍ଟି କରନ୍ତି । ଏହା ତାଙ୍କ ଜୀବକୋଷ ମଧ୍ୟରେ ସୃଷ୍ଟି ହୁଏ ଏବଂ ଚତୁଃପାର୍ଶ୍ୱକୁ ଆଲୋକିତ କରେ । କେତେକ ଶ୍ରେଣୀର କବକ ବା ଫଙ୍ଗସ୍ (Fungus) ମଧ୍ୟ ଏପରି କରିପାରନ୍ତି । ଏହାକୁ ଫକ୍ସ ଫାୟାର୍ (Fox fine) ବୋଲି କୁହାଯାଏ । ଏହି ଜୀବୀପ୍ତ ସେମାନଙ୍କଠାରେ ଥିବା ଲ୍ୟୁସିଫେରିନ୍ (Luciferin) ନାମକ ଏକ ଜୈବରାସାୟନିକ ପଦାର୍ଥ ଏବଂ ଲ୍ୟୁମିସିଫେରେଜ (Luciferase) ନାମକ ଏନଜାଇମ ମଧ୍ୟରେ ପ୍ରତିକ୍ରିୟା ଯୋଗୁଁ ସୃଷ୍ଟିହୁଏ ।

ଗଛଲତାମାନଙ୍କଠାରେ ସାଧାରଣତଃ ଏପରି ହେବାର ଦେଖାଯାଏ ନାହିଁ । ତେବେ ନିକଟରେ ବୈଜ୍ଞାନିକମାନେ 'ବାୟୋଲୁମିନ୍ନେନ୍ସ) କବକମାନ ବ୍ୟବହାର କରି ଏମାନଙ୍କୁ ଦୀପ୍ତିମାନ କରିବା ଏବଂ ତାଙ୍କଠାରୁ ଦୀପ୍ତିମାନ କାଠ ଉତ୍ପାଦନ କରିବାକୁ ସମର୍ଥ ହୋଇଛନ୍ତି । ଏହି ପ୍ରକିୟାରେ ସେମାନେ ଗଛମାନଙ୍କ ଦେହରେ ଏହି ଜାତୀୟ କବକ ଏବଂ ତା'ର ଅଭବୃଦ୍ଧିରେ ସହାୟତା କରୁଥିବା କେତେକ ପୁଷ୍ଟି ଇଜେକ୍ସନ ଆକାରରେ ଦେଉଛନ୍ତି । ଫଳରେ ସେଗୁଡ଼ିକ ସେଥିରେ ବଂଶବିସ୍ତାର କରି ଶୀତଳ ନୀଳ ଆଲୋକ ଉତ୍ପନ୍ନ କରୁଛନ୍ତି । ଏପରିକି ଗଛର ମୃତ୍ୟୁପରେ ମଧ୍ୟ ଦୀର୍ଘକାଳ ଧରି ତାହା ତହିଁରୁ ନିର୍ଗତ ହେଉଛି ।

ଆଶାକରାଯାଉଛି ଯେ ଏପ୍ରକାର ନୂତନତା ପ୍ରବର୍ତ୍ତନକାରୀ ସଫଳତା ପରିବେଶ ଅନୁକୂଳ ଆଲୋକର ଉତ୍ସ ରୂପେ କାର୍ଯ୍ୟ କରିପାରିବ । ଅତଏବ ପାରମ୍ପରିକ ବିଦ୍ୟୁତ୍ ଶକ୍ତିର ବ୍ୟବହାର ହ୍ରାସ ପାଇବ । ଏହି ଶକ୍ତିର ପ୍ରାୟ ୭୦ ଶତାଂଶ ଉତ୍ପନ୍ନ ହୋଇଥାଏ କୋଇଲା ଆଦି ଜୀବାଶ୍ମ ଇନ୍ଧନର ବ୍ୟବହାରରେ । ଫଳରେ ତହିଁରୁ ନିର୍ଗତ ହୁଏ ପ୍ରଚୁର ଅଙ୍ଗାରକାମ୍ଳ ତଥା ଅନ୍ୟାନ୍ୟ ପ୍ରଦୂଷଣକାରୀ ପଦାର୍ଥ । ବର୍ତ୍ତମାନର ନୂତନ ପ୍ରକ୍ରିୟାଟି ବହୁଳ ଭାବେ ବ୍ୟବହାରକ୍ଷମ ହୋଇପାରିଲେ ଏ ସମସ୍ୟା ଲାଘବ ହେବ ।

ବୈଜ୍ଞାନିକମାନେ ଜଙ୍ଗଲ ତଥା ନିର୍ଜନ ରାସ୍ତାଘାଟ କଡ଼ରେ ଥିବା ଗଛଲତାଙ୍କଠାରେ ଏହା ପ୍ରୟୋଗ କରିବା କଥା ଚିନ୍ତା କରୁଛନ୍ତି । ଅତଏବ ସେସବୁ ସ୍ଥାନ ଆଲୋକିତ ଓ ବିପଦମୁକ୍ତ ହୋଇପାରିବ । ପୁନଶ୍ଚ ଏବର ପ୍ରାକୃତିକ ଆଲୋକ ଜୀବଜନ୍ତୁମାନଙ୍କ ପାଇଁ ଅଧିକ ଗ୍ରହଣୀୟ ହେବ । ଅନ୍ୟପକ୍ଷରେ, ଏପ୍ରକାର ଗଛରେ କାଠରେ ଘରୋଇ ଉପକରଣମାନ ତିଆରି କରାଗଲେ ବିଦ୍ୟୁତ୍ ଆଦି କୃତ୍ରିମ ଆଲୋକର ଆବଶ୍ୟକତା ହ୍ରାସ ପାଇବ । ପୁନଶ୍ଚ ମନ୍ଦିର, ବିବାହ ମଣ୍ଡପ ଆଦିର ସାଜସଜାରେ ମଧ୍ୟ ଏହାର ବ୍ୟବହାର ହୋଇପାରିବ ।

ଏଭଳି ବାୟୋଲୁମିନ୍ନେନସ ଉତ୍ପାଦନକାରୀ କବକ ବ୍ୟବହାର କରି ଦୀପ୍ତିମାନ ଗଛଲତା ଓ କାଠ ଉତ୍ପନ୍ନ କରିବା ଏକ ଅତ୍ୟନ୍ତ ସହନୀୟ ପ୍ରକ୍ରିୟା ହୋଇପାରିବ । ଏଥିରେ ବିଦ୍ୟୁତ୍ ଉତ୍ପାଦନ ପାଇଁ ତାପଜ ବିଦ୍ୟୁତ୍ କେନ୍ଦ୍ର ବା ଜଳ ବିଦ୍ୟୁତ୍ କେନ୍ଦ୍ରମାନ ସ୍ଥାପନର ଆବଶ୍ୟକତା ହ୍ରାସ ପାଇବ । ଅତଏବ ଅଙ୍ଗାରକାମ୍ଳ ତଥା ଅନ୍ୟାନ୍ୟ ପ୍ରଦୂଷକମାନଙ୍କ ନିର୍ଗମନ ତଥା ବନ ଧ୍ୱଂସ ଆଦି ସୀମିତ ହେବ । ପୁନଶ୍ଚ ଏହି ପରିବେଶ ଅନୁକୂଳ ଆଲୋକ ମଧ୍ୟ ମଣିଷ ଏବଂ ଅନ୍ୟାନ୍ୟ ଜୀବଜନ୍ତୁମାନଙ୍କ ସ୍ୱାସ୍ଥ୍ୟ ଅନୁକୂଳ ବୋଲି ମନେ କରାଯାଉଛି । ତେବେ ଏ ପ୍ରକ୍ରିୟାର ବ୍ୟାପକ ବ୍ୟବହାର ଲାଗି ଲୋଡ଼ା ଆହୁରି ଅନେକ ପରୀକ୍ଷା ନିରୀକ୍ଷା ଏବଂ ତାହାର ଅଧିକ ବିକାଶ ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯ ୯୩୭୩୦୧୪୬୦

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ । ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ । ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୂନ ୧୫ ଦିନ ରହିବ ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର । ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ । ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆରମ୍ଭରୁ ଏସ୍ଆଇଆର୍...

ରାଧାକ୍ରିଷ୍ଣନଙ୍କୁ ସ୍ୱାଗତ କରି ଆଶା ପ୍ରକାଶ କରିଥିଲେ ଯେ ସେ ଗୃହ ପରିଚାଳନାରେ ନିରପେକ୍ଷତା ଅବଲମ୍ବନ କରି ସଂସଦୀୟ ମର୍ଯ୍ୟାଦାକୁ ଅକ୍ଷୁଣ୍ଣ ରଖିବେ। ଏହି ସମୟରେ ସେ ପୂର୍ବତନ ଉପରାଷ୍ଟ୍ରପତି ଜଗଦୀପ ଧନଖଡ଼ଙ୍କ ଅଚାନକ ଇସ୍ତଫା ପ୍ରସଙ୍ଗ ଉଠାଇଥିଲେ। ଧନଖଡ଼ଙ୍କୁ ବିଦାୟ ସମ୍ବର୍ଦ୍ଧନା ଦିଆଯାଇ ପାରିଲା ନାହିଁ ବୋଲି ସେ ଉଲ୍ଲେଖ କରିଥିଲେ। ତେବେ ତାଙ୍କର ଏହି ବକ୍ତବ୍ୟକୁ ସରକାରୀ ସଭ୍ୟ ଦୃଢ଼ ବିରୋଧ କରିଥିଲେ। ନୂଆ ଅଧକ୍ଷଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଉଥିବା ବେଳେ ପୁରୁଣା କଥା ଉଠାଯିବା ଠିକ୍ ନୁହେଁ ବୋଲି ମନ୍ତ୍ରୀ ରିଜିଜୁ ଏବଂ ଜେପି ନଡ୍ଡା କହିବା ସହିତ ଖଡ଼ଗେଙ୍କର ସମାଲୋଚନା କରିଥିଲେ। ନଡ୍ଡା କହିଥିଲେ ଯେ ଖଡ଼ଗେ ମାନସିକ ରୂପେ ଅସୁସ୍ଥ ଥିବାରୁ ସେ ଡାକ୍ତରଙ୍କୁ ଯାଇ ଦେଖା କରନ୍ତୁ।

ଇତିମଧ୍ୟରେ ଏସ୍ଆଇଆର୍ ଉପରେ ଆଲୋଚନା ପାଇଁ ବିରୋଧୀ ସଭ୍ୟମାନେ ଦେଇଥିବା ଏକାଧିକ ମୁଲତବୀ ନୋଟିସକୁ ରାଜ୍ୟସଭା ଅଧ୍ୟକ୍ଷ ଖାରଜ କରଦେଇଥିଲେ। ଜିରୋ ଆୱାର ବେଳେ ଏହି ପ୍ରସଙ୍ଗ ଉଠାଇବା ଲାଗି ରାଧାକ୍ରିଷ୍ଣନ ବିରୋଧୀ ସଭ୍ୟମାନଙ୍କୁ ପରାମର୍ଶ ଦେଇଥିଲେ। କିନ୍ତୁ ବିରୋଧୀ ସଭ୍ୟ ଏହାକୁ ଗ୍ରହଣ ନକରି କକ୍ଷତ୍ୟାଗ କରିଥିଲେ।

ଅନ୍ୟପକ୍ଷରେ ଆଜି ସଂସଦ ଅଧିବେଶନ ପୂର୍ବରୁ ପ୍ରଧାନମନ୍ତ୍ରୀ ମୋଦୀ ଗଣମାଧ୍ୟମରେ ଦେଇଥିବା ବିବୃତିକୁ ବିରୋଧୀ ଦଳ ସମାଲୋଚନା କରିଥିଲେ। ମୋଦୀ କହିଥିଲେ ଯେ କାମ କରିବା ପରିବର୍ତ୍ତେ ବିରୋଧୀ ସଭ୍ୟ ସଂସଦ ।।ରେ ଡ୍ରାମାବାଜି କରୁଛନ୍ତି। କଂଗ୍ରେସ ନେତ୍ରୀ ପ୍ରିୟଙ୍କା ଗାନ୍ଧୀ ପ୍ରଧାନମନ୍ତ୍ରୀଙ୍କର ସମାଲୋଚନା କରି କହିଲେ ଯେ ବିରୋଧୀ ସଭ୍ୟମାନେ ଗୃହରେ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉଠାଇବାକୁ ଚାହାନ୍ତି। ଏହା କଣ ଡ୍ରାମାବାଜି ବୋଲି ସେ ପ୍ରଶ୍ନ କରିଥିଲେ।

### ୫ ସହରରେ...

ପାଠକୀୟ ଆଦୃତି ଲାଭ କରିପାରିଛି ସେ ବିଷୟରେ ବକ୍ତବ୍ୟ ରଖିଥିଲେ। ସମ୍ମାନିତ ଅତିଥି ତଥା ପୂର୍ବତନ ସାଂସଦ, ଭାରତୀୟ କ୍ରିକେଟ ଟିମ୍ର ପୂର୍ବତନ ମ୍ୟାନେଜର ତଥା ଆଇପିଏଲର ପୂର୍ବତନ ଅଧ୍ୟକ୍ଷ ରଞ୍ଜିବ ବିଶ୍ୱାଳ 'ସକାଳ'ର ପ୍ରୟାସକୁ ପ୍ରଶଂସା କରିଥିଲେ। ଟା' ପରି ଅନେକଙ୍କ ପାଇଁ ସମ୍ବାଦପତ୍ର ଏକ ନିଶା ବୋଲି ଉଲ୍ଲେଖ କରି ସେ ସମସ୍ତଙ୍କୁ ସ୍ୱାସ୍ଥ୍ୟ ସଚେତନ ହେବାକୁ ପରାମର୍ଶ ଦେଇଥିଲେ। ଅନୁରୂପ ଭାବରେ ଓଲିଉଡ୍ ଅଭିନେତ୍ରୀ ତଥା ସମାଜସେବୀ ବର୍ଷା ପ୍ରିୟଦର୍ଶିନୀ, ମିସେସ୍ ୱାଲର୍ଡ ୱାଇଡ୍(ଦୁବାଇ) ସଙ୍ଗୀତା ନାୟକ, ହିରୋ ମୋଟୋ କର୍ପର ଏରିଆ ମ୍ୟାନେଜର ଉଜ୍ୱଳ କୋହଲି ପ୍ରମୁଖ ଅତିଥି ରୂପେ ଯୋଗ ଦେଇଥିଲେ। ମିନି ମାରାଥନରେ ପୁରୁଷ ବିଭାଗରେ ପ୍ରଥମ ହୋଇଥିବା ଶଶିକାନ୍ତ ଓରାମ୍, ଦ୍ୱିତୀୟ ସ୍ଥାନ ଏସ୍. ଲୋକନାଥ ଏବଂ ତୃତୀୟ ସ୍ଥାନ ଅଧିକାର କରିଥିବା ପରମେଶ୍ୱର ମାଝୀଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ଅନୁରୂପ ଭାବରେ ମହିଳା ବର୍ଗରେ ପ୍ରଥମସ୍ଥାନ ଅଧିକାର କରିଥିବା ମାମିନା ମୁର୍ମୁ, ଦ୍ୱିତୀୟ ପ୍ରଜ୍ଞାଶ୍ରୀ ସୁନ୍ଦର ରାୟ ଦ୍ୱିତୀୟ ଓ ତୃତୀୟସ୍ଥାନ ଅଧିକାର କରିଥିବା ଜଲି ସ୍ୱାଇଁଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ।

'ହିରୋ ମୋଟୋ କର୍ପ' ଓ 'ଫାଲକନ୍' ସହଯୋଗରେ ଅନୁଷ୍ଠିତ ଏହି ମିନି ମାରାଥନ ଉଦ୍‌ଘାଟନ ଓ ଉଦ୍‌ଯାପନୀ ଉତ୍ସବରେ 'ସକାଳ' ସିଇଓ ସୁବ୍ରତ ଦାସ, ପ୍ରକାଶକ ଅମିତ କୁମାର ମଲ୍ଲିକ, କାର୍ଯ୍ୟନିର୍ବାହୀ ସମ୍ପାଦକ ସମରେନ୍ଦୁ ଦାସ, ବ୍ୟୁରୋ ମୁଖ୍ୟ ରଞ୍ଜିତ୍ ମହାନ୍ତି, ବାର୍ତ୍ତା ସମ୍ପାଦକ ମହେଶ୍ୱର ସାହୁ, ନନ୍ଦିଘୋଷ ଟିଭିର ସିଓଓ ଜବରସିଂ ପନୱର, ସମ୍ପାଦକ ଶିଶିର ଭଟ୍ଟମିଶ୍ର, ବିଜ୍ଞାପନ ବିଭାଗ ମୁଖ୍ୟ ନରୋତ୍ତମ ଗୁରୁ, ବାର୍ତ୍ତା ବିଭାଗ ସଂଯୋଜକ ତୁଷାର ରଞ୍ଜନ ମହାନ୍ତିଙ୍କ ସହ ସକାଳ ଓ ନନ୍ଦିଘୋଷ ଟିଭିର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। ସକାଳର ସହକାରୀ ବାର୍ତ୍ତା ସମ୍ପାଦକ ମହେଶ୍ୱର ସାହୁ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ। ଏହି ଅବସରରେ ପ୍ରାୟୋଜକ ଓ ସହପ୍ରାୟୋଜକ ସଂସ୍ଥା ହିରୋ, ଅଜନ୍ତା, ଓମଫେଡ୍, ମଣିପାଲ ହସ୍ପିଟାଲ, ମେଫେୟାର ଗ୍ରୁପ୍‌ଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହାସହ ମଞ୍ଜରୀ ଦେବୀ ନର୍ସିଂ ଏକାଡେମୀର ଉପସଭାପତି ଶରତ ବିଶ୍ୱାଳ, ନବଜ୍ୟୋତି କଲେଜ ଅଧ୍ୟକ୍ଷ ଭାସ୍କର ଚନ୍ଦ୍ର ପ୍ରଧାନ, ବିନାୟକ କନସେପ୍ଟ ସ୍କୁଲ ପ୍ରତିଷ୍ଠାତା ସଞ୍ଜୟ ରାଜ୍, ଡିଓସି ବାଇକର ଗ୍ରୁପ୍, ସିଭି ରମଣ କଲେଜ, ୱିଫର ଭୁବନେଶ୍ୱର, ଫେଡ଼େରେସନ ଅଫ୍ ବ୍ଲଡ୍ ଡ଼ୋନେସନ ଅର୍ଗାନାଇଜେସନ, ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଫାୟାର ଇଞ୍ଜିନିଅରିଂ ଓ ସେଫ୍ଟି ମ୍ୟାନେଜମେଣ୍ଟ ଆଦି ସଂସ୍ଥାକୁ ଅତିଥିମାନେ ସମ୍ବର୍ଦ୍ଧନା ପ୍ରଦାନ କରିଥିଲେ। ସେହିପରି କାର୍ଯ୍ୟକ୍ରମରେ ଉପସ୍ଥିତଥିବା ଓଡ଼ିଆ ସିନେମା 'ମନ୍ତ୍ରମୁଗଧ' ଟିମ୍‌କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା। ଉଦ୍‌ଯାପନୀ ଉତ୍ସବରେ ସଂଜୀବ ଓ ସୋନାଲୀ ସଂଯୋଜନା କରିଥିଲେ।

ପ୍ରସାର ବିଭାଗର ବରିଷ୍ଠ ଅଧିକାରୀ ପ୍ରିୟବ୍ରତ ଦାସ, ପ୍ରମୋଦ ନାୟକ, ସୁଧାଂଶୁ ସାହୁ, ବିଜ୍ଞାପନ ଅଧିକାରୀ ଅଭିଷେକ ସାହୁ, ନନ୍ଦିଘୋଷ ଟିଭିର ସତ୍ୟ ମହାନ୍ତି, ସନ୍ତୋଷ ପରିଡ଼ା, ଚନ୍ଦ୍ରକାନ୍ତ ପଣ୍ଡା, ମନୋଜ ସାହୁ, ସକାଳ ଡ଼ିଜିଟାଲ ମୁଖ୍ୟ ତାପସ କୁମାର, ବିତ୍ତ ବିଭାଗ ମୁଖ୍ୟ ସୌମ୍ୟରଞ୍ଜନ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

### ୪୫ ମିନିଟରେ...

ପ୍ଲାଟଫର୍ମରେ ଉପଲବ୍ଧ ଥିବାରୁ ଅନେକାଂଶ ଟିକଟ ପାଇବା ଆଶା ଛାଡି ଦେଇଥିଲେ। ଅଗ୍ରୀମ ବୁକିଂ କରିଥିବା କ୍ରିକେଟପ୍ରେମୀ ଆସନ୍ତା ୮ ଏବଂ ୯ ତାରିଖରେ ଟିକଟର ହାର୍ଡକପି ପାଇବେ। ଏଥି ନିମନ୍ତେ କେମ୍ବ୍ରିଜ ସ୍କୁଲରେ ସ୍ୱତନ୍ତ୍ର କାଉଂଟର ଖୋଲାଯିବ। ବାରବାଟୀରେ ଭାରତ ଓ ଦକ୍ଷିଣଆଫ୍ରିକା ମଧ୍ୟରେ ୯ ତାରିଖ (ମଙ୍ଗଳବାର) ଖେଳାଯିବାକୁ ଥିବା ପ୍ରଥମ ଟି-୨୦ ମ୍ୟାଚ୍ ଦେଖିବା ନିମନ୍ତେ କ୍ରିକେଟପ୍ରେମୀଙ୍କ ଭିତରେ ଉତ୍କଣ୍ଠା ବହୁଗୁଣିତ ହେବାରେ ଲାଗିଲାଣି। ମ୍ୟାଚ୍ ଦିବସ ଯେତିକି ପାଖେଇଆସୁଛି ବାରବାଟୀ ମୁକାବିଲାକୁ ନେଇ ଆଲୋଚନା ସେତିକି ସରଗରମ ହେଉଛି। ଅନଲାଇନ ଟିକଟ ବିକ୍ରି ଶେଷ ହେବା ପରେ ଆସନ୍ତା ୩ ଏବଂ ୪ ତାରିଖରେ ଓସିଏ ଅନୁବନ୍ଧିତ ୟୁନିଟ୍‌କୁ ଟିକଟ ବିକ୍ରି କରାଯିବ। ବିଭିନ୍ନ ସ୍କୁଲ, କଲେଜ, ବିଶ୍ୱବିଦ୍ୟାଳୟ, କ୍ଲବ, ଜିଲ୍ଲା ସଂଘ ଏବଂ ସଦସ୍ୟଙ୍କ ପାଇଁ ମୋଟ୍ ୧୧ହଜାର ଟିକଟ ବିକିବାକୁ ଓସିଏ ସ୍ଥିର କରିଛି। ପରେ ଅବଶିଷ୍ଟ ୧୦ହଜାର ଟିକଟ କାଉଣ୍ଟରକୁ ଚାଲିଯିବ। ଚଳିତଥର ୫ଟି କାଉଣ୍ଟର ଖୋଲିବ ବୋଲି ଓସିଏ ପକ୍ଷରୁ ସୂଚନା ଦିଆଯାଇଛି। ତନ୍ମଧ୍ୟରୁ ୨ଟି କାଉଣ୍ଟର କେବଳ ମହିଳାଙ୍କ ପାଇଁ ଉଦ୍ଦିଷ୍ଟ ରହିବ। ଅଫଲାଇନ୍ ଟିକଟ ବିକ୍ରି ନିମନ୍ତେ ୫ ଏବଂ ୬ ତାରିଖ ଧାର୍ଯ୍ୟ ହୋଇଛି। ଟିକଟ ବିକ୍ରି ପାଇଁ ଦୁଇଟି କନଟେନର ବ୍ୟବସ୍ଥା କରାଯିବ ବୋଲି ସୂଚନା ମିଳିଛି। ଅନ୍ୟପକ୍ଷରେ ଟି-୨୦ ଶୃଙ୍ଖଳାର ପ୍ରଥମ ମ୍ୟାଚ୍ ବାରବାଟୀରେ ହାଇସ୍କୋରିଂ ହେବ ବୋଲି ଆଶା ରହିଛି। ଗତ ୨୦ଦିନ ହେବ ପିଚ୍ ଏବଂ ଆଉଟଫିଲ୍ଡରେ କାମ ଚାଲିଥିବା ବେଳେ ପିଚ୍‌ର ଚୂଡ଼ାନ୍ତ ପ୍ରସ୍ତୁତି ମଙ୍ଗଳବାରଠାରୁ ଆରମ୍ଭ କରାଯିବ ବୋଲି ଓସିଏ ପକ୍ଷରୁ ଜଣାପଡ଼ିଛି।

### ଡିଜିଟାଲ ଆରେଷ୍ଟ...

ହାସଲ, ବ୍ୟାଙ୍କ ଆକାଉଣ୍ଟ ଜବତ କରିବାକୁ ଅଧିକାର ପ୍ରଦାନ କରିଛନ୍ତି ପ୍ରଧାନ ବିଚାରପତି ସୂର୍ଯ୍ୟକାନ୍ତଙ୍କ ନେତୃତ୍ୱାଧୀନ ଖଣ୍ଡପୀଠ।

ଶୁଣାଣି ସମୟରେ ଖଣ୍ଡପୀଠ କହିଥିଲେ ଯେ ଡିଜିଟାଲ ଆରେଷ୍ଟରେ ଠକ ନିଜକୁ ପୁଲିସ, କୋର୍ଟ କିମ୍ବା ସରକାରୀ ଏଜେନ୍ସିର ଅଧିକାରୀ କହି ଭିଡିଓ/ଅଡିଓ କଲ୍ ମାଧ୍ୟମରେ ପୀଡ଼ିତଙ୍କୁ, ବିଶେଷ କରି ବରିଷ୍ଠ ନାଗରିକଙ୍କୁ ଧମକ ଦେଉଛନ୍ତି। ସେମାନଙ୍କଠାରୁ ଟଙ୍କା ଆଦାୟ କରୁଛନ୍ତି। ଏହି ମାମଲାରେ ସୁପ୍ରିମକୋର୍ଟ ଆର୍‌ବିଆଇକୁ ମଧ୍ୟ ନୋଟିସ ଜାରି କରିଛନ୍ତି। ସାଇବର ଠକେଇରେ ବ୍ୟବହୃତ ବ୍ୟାଙ୍କ ଖାତାକୁ ତୁରନ୍ତ ଟ୍ରାକ୍ ଏବଂ ଜବତ କରିବାକୁ ଏଆଇ କିମ୍ବା ମେସିନ ଲର୍ଣ୍ଣିଂ ଜ୍ଞାନକୌଶଳର କାହିଁକି ବ୍ୟବହାର କରାଯାଉ ନାହିଁ ବୋଲି ପଚାରିଛନ୍ତି। ସେହିପରି ଆଇଟି ଇଣ୍ଟରମିଡିଆରିଜ ଆଇନ ଅଧୀନରେ ସିବିଆଇକୁ ଆବଶ୍ୟକ ସହଯୋଗ ଏବଂ ତଥ୍ୟ ଦେବାକୁ କର୍ତ୍ତୃପକ୍ଷମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ବିଦେଶରେ ଥିବା ସାଇବର ଅପରାଧୀଙ୍କ ପାଖରେ ପହଞ୍ଚିବାକୁ ଇଣ୍ଟରପୋଲର ସହାୟତା ନେବା ପାଇଁ ସିବିଆଇକୁ କହିଛନ୍ତି।

ଟେଲିକମ ବିଭାଗ ଏବଂ ରାଜ୍ୟମାନଙ୍କୁ ମଧ୍ୟ ସର୍ବୋଚ୍ଚ ନ୍ୟାୟାଳୟ କିଛି ନିର୍ଦ୍ଦେଶ ଜାରି କରିଛନ୍ତି। ଜ।।ଣେ ବ୍ୟକ୍ତି କିମ୍ବା ସଂସ୍ଥାକୁ ଏକାଧିକ ସିମ୍ ଜାରି ନ କରିବା ପାଇଁ କହିଛନ୍ତି। କାରଣ ସାଇବର ଅପରାଧରେ ଏଗୁଡ଼ିକର ବହୁଳ ବ୍ୟବହାର କରାଯାଉଛି। ସାଇବର ଠକେଇର ମୁକାବିଲା ପାଇଁ କି ଯୋଜନା କରିଛ ତାହାର ଜବାବ ଦେବାକୁ କୋର୍ଟ ଟେଲିକମ ବିଭାଗକୁ କହିଛନ୍ତି। ଆଞ୍ଚଳିକ ଏବଂ ରାଜ୍ୟସ୍ତରରେ ସାଇବର କ୍ରାଇମ କୋଅର୍ଡିନେସନ ସେଣ୍ଟର ପ୍ରତିଷ୍ଠା ପାଇଁ ରାଜ୍ୟଗୁଡ଼ିକୁ କହିଛନ୍ତି। ଏହା ଦ୍ୱାରା ସିବିଆଇ ଏବଂ ପୁଲିସ ମଧ୍ୟରେ ଉତ୍ତମ ସହଯୋଗ ରହିବ। ଏହି ତଦନ୍ତରେ ସହାୟତା ପାଇଁ ରାଜ୍ୟଗୁଡ଼ିକରୁ ଅଧିକାରୀ ଚୟନ ଲାଗି ମଧ୍ୟ କୋର୍ଟ ସିବିଆଇକୁ ସ୍ୱାଧୀନତା ଦେଇଛନ୍ତି।

### ୭ ମାସରେ...

କହିଥିଲେ ଯେ ମନ୍ତ୍ରୀଙ୍କ ଉତ୍ତର ଅନୁଯାୟୀ ଅକ୍ଟୋବର ଶେଷ ସୁଦ୍ଧା ମାତ୍ର ୩୯ ପ୍ରତିଶତ ବଜେଟ ଅର୍ଥ ବ୍ୟୟ ହୋଇଛି। ଏଥିରୁ ପ୍ରଶାସନିକ ବ୍ୟୟ ୪୪ ପ୍ରତିଶତ ଥିବା ବେଳେ କାର୍ଯ୍ୟକ୍ରମ ବ୍ୟୟ ୩୬ ପ୍ରତିଶତ। ଅକ୍ଟୋବର ଶେଷ ସୁଦ୍ଧା କ୍ରୀଡ଼ା ବିଭାଗ ମାତ୍ର ୮.୮୩ ପ୍ରତିଶତ ବଜେଟ ଅର୍ଥ ଖର୍ଚ୍ଚ କରିଥିବା ବେଳେ ଯୋଜନା ଓ ସଂଯୋଜନ ବିଭାଗ ୧୩.୨୮ ପ୍ରତିଶତ, ପଞ୍ଚାୟତିରାଜ ବିଭାଗ ୨୩.୨୦ ପ୍ରତିଶତ, ଖଣି ବିଭାଗ ୧୬.୩୩ ପ୍ରତିଶତ, ଶକ୍ତି ବିଭାଗ ୨୮.୮୬ ପ୍ରତିଶତ, ବିପର୍ଯ୍ୟୟ ପରିଚାଳନା ୧୧.୮୭ ପ୍ରତିଶତ, ଏମଏସଏମଇ ବିଭାଗ ମାତ୍ର ୧୭.୫୩ ପ୍ରତିଶତ ବଜେଟ ଅର୍ଥ ବ୍ୟୟ କରିଛନ୍ତି। ହାତରେ ଆଉ ମାତ୍ର ୪ ମାସ ସମୟ ବାକି ରହିଛି। ଏପରିସ୍ଥଳେ ବଜେଟ ଅର୍ଥ କିପରି ବ୍ୟୟ ହେବ ବୋଲି ସେ ପ୍ରଶ୍ନ କରିଥିଲେ। ଏପରିକି ଗଣଶିକ୍ଷା, ଗ୍ରାମ୍ୟ ଉନ୍ନୟନ, ପୂର୍ତ୍ତ, ଜଳସମ୍ପଦ , ପଞ୍ଚାୟତିରାଜ ବିଭାଗରେ ବିଭିନ୍ନ ଉନ୍ନୟନ ମୂଳକ ଯୋଜନା କାର୍ଯ୍ୟକାରୀ ହେଉଥିବା ବେଳେ ଏଥିରେ କମ୍ ଅର୍ଥ ବ୍ୟୟ ରାଜ୍ୟ ପାଇଁ ଶୁଭଙ୍କର ନୁହେଁ ବୋଲି ସେ କହିଥିଲେ। ସେହିପରି କେନ୍ଦ୍ରୀୟ ଅନୁଦାନ ଉପରେ ରାଜ୍ୟ ସରକାର ବଜେଟ ବ୍ୟୟ ଅଟକଳ କରିଥିଲେ। ୪୧ ହଜାର କୋଟି ଟଙ୍କା କେନ୍ଦ୍ରୀୟ ଅନୁଦାନ ପାଇବେ ବୋଲି ରାଜ୍ୟ ସରକାର ଆକଳନ କରିଥିଲେ। ମାତ୍ର ବର୍ତ୍ତମାନ ସୁଦ୍ଧା ୭ ହଜାର ୬୧୩ କୋଟି ଟଙ୍କା ପାଇଛନ୍ତି। ମାତ୍ର ୧୮ ପ୍ରତିଶତ ପାଇଛନ୍ତି। ଅବଶିଷ୍ଟ ୪ ମାସରେ କେନ୍ଦ୍ର ସବୁ ଟଙ୍କା କେନ୍ଦ୍ର ସରକାର ଦେବେ ତ। ଏହାଦ୍ୱାରା ରାଜ୍ୟ ଅସୁବିଧାର ସମ୍ମୁଖୀନ ହେବାକୁ ଯାଉଛି ବୋଲି ସେ କ୍ଷୋଭ ପ୍ରକାଶ କରିଥିଲେ। କଂଗ୍ରେସ ବିଧାୟକ ଦଳ ନେତା ରାମ କାଡାମ କହିଥିଲେ ଯେ ବିଭିନ୍ନ ବିଭାଗରେ ବଜେଟ ବ୍ୟୟ ଅତ୍ୟନ୍ତ ନୈରାଶ୍ୟଜନକ । ବଜେଟ ଅର୍ଥ ଖର୍ଚ୍ଚ ନହେଲେ, ଲୋକଙ୍କ ବିକାଶ ହୋଇପାରିବ ନାହିଁ। ଏ କ୍ଷେତ୍ରରେ ସରକାରଙ୍କର ଆନ୍ତରିକତାର ଅଭାବ ରହିଛି। ଆଉ ୨-୩ ମାସ ମଧ୍ୟରେ ଶତ ପ୍ରତିଶତ ବ୍ୟୟ କରିବା ପାଇଁ କେଉଁ ପଦକ୍ଷେପ ନେବେ ବୋଲି ସେ ପ୍ରଶ୍ନ କରିଥିଲେ। ସେହିପରି ବିଧାୟକ ନିରଞ୍ଜନ ପୂଜାରୀ ଗତବର୍ଷ କେତେ ବଜେଟ ସରେଣ୍ଡର ହୋଇଥିଲା ଏବଂ ଚଳିତ ବର୍ଷ କେତେ ହେବା ନେଇ ସରକାର ଅନୁମାନ କରୁଛନ୍ତି ବୋଲି ପ୍ରଶ୍ନ କରିଥିଲେ।

### ଅର୍ଥନୈତିକ ଅବରୋଧ...

ଅନ୍ୟପଟେ ଜୟନ୍ତପୁର ଛକ ପର୍ଯ୍ୟନ୍ତ ଭାରୀଯାନର ଲମ୍ବାଲାଇନ ଲାଗିଥିଲା। ଜିଲ୍ଲା ପ୍ରଶାସନ ପକ୍ଷରୁ ବାରମ୍ବାର ଅଧିକାରୀମାନେ ଚାଷୀମାନଙ୍କ ସହ ଆଲୋଚନା କରିଥିଲେ। ସନ୍ଧ୍ୟା ୭ଟାରେ ପ୍ରଶାସନିକ ଅଧିକାରୀ ମଙ୍ଗଳବାର ଧାନକ୍ରୟ ସ୍ୱାଭାବିକ ହେବ ବୋଲି ଲିଖିତ ପ୍ରତିଶ୍ରୁତି ଦେବା ପରେ ଅବରୋଧ ହଟିଥିଲା।

ସମ୍ବଲପୁର ଜିଲ୍ଲାରେ ଧାନ ସଂଗ୍ରହରେ ଚଳିତବର୍ଷ ବ୍ୟାପକ ଅବ୍ୟବସ୍ଥା ହୋଇଛି। ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି(ଡିଏଲ୍‌ପିସି) ବୈଠକରେ ସମ୍ବଲପୁର ଜିଲ୍ଲାରେ ନଭେମ୍ବର ୨୮ ତାରିଖରୁ ଧାନ ସଂଗ୍ରହ ତାରିଖ ଧାର୍ଯ୍ୟ ହୋଇଥିଲା। ସେହିଦିନ ଟୋକନ ପାଇଥିବା ଚାଷୀ ବରେଇପାଲି ମାର୍କେଟ୍ ୟାର୍ଡକୁ ଶହଶହ କ୍ୱିଣ୍ଟାଲ ଧାନ ନେଇଥିଲେ। ବରେଇପାଲିସ୍ଥିତ ନିୟନ୍ତ୍ରିତ ବଜାର କମିଟିଠାରେ ଜିଲ୍ଲା ପ୍ରଶାସନ, ଚାଷୀ ଓ ମିଲର୍‌ମାନଙ୍କ ମଧ୍ୟରେ ପ୍ରାୟ ୫ଘଣ୍ଟା ଧରି ଆଲୋଚନାର କିଛି ନିଷ୍କର୍ଷ ବାହାରି ନଥିଲା। ମିଲର୍ ୭ ଦଫା ଦାବି ପୂରଣ ନହେଲେ ଧାନ ନେବନି ବୋଲି ନଛୋଡ଼ବନ୍ଧା ଥିବା ବେଳେ ଚାଷୀମାନେ ଧାନ ଫେରାଇ ନେବେନି ବୋଲି ଜିଦ୍ ଧରିଲେ। ସଦର ଉପଜିଲ୍ଲାପାଳ ଶନିବାର ସମସ୍ୟାର ସମାଧାନ ହେବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଶନିବାର ସକାଳେ ମୁଖ୍ୟ ଜିଲ୍ଲା ଯୋଗାଣ ଅଧିକାରୀ ଏବଂ ସମବାୟ ସମିତି ସମୂହ ଉପନିବନ୍ଧକଙ୍କ ଉପସ୍ଥିତିରେ ମାର୍କେଟ୍ ୟାର୍ଡରୁ ଧାନ ମିଲ୍‌କୁ ଧାନ ପଠାଗଲା। କିନ୍ତୁ ସନ୍ଧ୍ୟା ପର୍ଯ୍ୟନ୍ତ ମିଲ୍‌ଗୁଡ଼ିକର ଫାଟକ ଖୋଲାଗଲା ନାହିଁ। ଏନେଇ ଉତ୍ତେଜନା ପ୍ରକାଶ ପାଇବା ପରେ ପ୍ରଶାସନିକ ଚାପରେ ମିଲ୍‌ର ଫାଟକ ଖୋଲି ଧାନ ସଂଗ୍ରହ କରିଥିଲା। ଧାନକୁ ଓଜନ କରି ସ୍ଲିପ ଦେଇଥିଲା। କିନ୍ତୁ ସ୍ଲିପ୍‌ରେ କେବଳ ଧାନର ଓଜନ ରହିଛି, ଏହାର ମୂଲ୍ୟ ନାହିଁ। ମିଲ୍ ଓ ଯୋଗାଣ ବିଭାଗ ମଧ୍ୟରେ ଏଗ୍ରିମେଣ୍ଟ କରାହୋଇନି। ଏହି ଧାନ ମିଲ୍‌ରେ ଗଚ୍ଛିତ ରହିବ। ଚାଷୀକୁ ତା'ର ପ୍ରାପ୍ୟ ମିଳିବ ନାହିଁ।

ଏହାକୁ ନେଇ ଆଜି ଚାଷୀମାନେ ସମ୍ବଲପୁର ସଦର ଥାନା ଅନ୍ତର୍ଗତ ଜାତୀୟ ରାଜପଥ ୫୩ ଓ ୫୫ର ସଂଯୋଗସ୍ଥଳୀ ତୁମ୍ବେସିଂହା ଛକଠାରେ ଅର୍ଥନୈତିକ ଅବରୋଧ କରିଥିଲେ। ଏଥିରେ ପରମାଣପୁର, ସେରସୁଆଁତଲ, କୁକୁଡ଼ାପାଲି, ତବଲା, ଧମା, ହୁମା, ଗୁଣ୍ଡେରପୁର, ମାନେଶ୍ୱର, ସାହାସପୁର, ଚାଉଁରପୁର ଆଦି ବିଭିନ୍ନ ମଣ୍ଡି ଗୁଡ଼ିକର ଚାଷୀମାନେ ଏହି ରାସ୍ତାରୋକରେ ସାମିଲ ହୋଇଥିଲେ। ବିକ୍ଷୋଭରତ ଚାଷୀମାନେ କେବଳ ମାଲବାହୀ ଗାଡ଼ିଗୁଡ଼ିକୁ ଅଟକାଇଥିଲେ। ଆନ୍ଦୋଳନ ସ୍ଥଳରେ ଅତିରିକ୍ତ ଏସ୍‌ପି, ଏସଡିପିଓ ଓ ବିଭିନ୍ନ ଥାନାର ଥାନାଧିକାରୀ ସମେତ ପୁଲିସ ଫୋର୍ସ ମୁତୟନ ଥିଲେ। ଅନ୍ୟପକ୍ଷରେ ଯୋଗାଣ ବିଭାଗର ଅଧିକାରୀ ଓ ପ୍ରଶାସନିକ ଅଧିକାରୀମାନେ ଚାଷୀଙ୍କ ସହ ଆଲୋଚନା କରିଥିଲେ। ସମ୍ବଲପୁର ଜିଲ୍ଲା କୃଷକ ସୁରକ୍ଷା ସଂଗଠନ ସଭାପତି ବ୍ୟୋମକେଶ ଠାକୁର କହିଛନ୍ତି, ଆସନ୍ତାକାଲିଠାରୁ ଅନ୍‌ଲାଇନରେ ଟୋକନ, ପି-ପାସ, ମିଲର୍ ଟାର୍ଗେଟ୍, ଆଇ-ସ୍କାନିଂ ଆଦି କରି ଧାନ ସଂଗ୍ରହ ହେବ ବୋଲି ପ୍ରଶାସନ ଲିଖିତ ପ୍ରତିଶ୍ରୁତି ଦେଇଛି। କାଲିଠୁ ଠିକ୍ ଭାବେ ଧାନ କିଣା ହେବ ବୋଲି ଆଶା ଅଛି। କିନ୍ତୁ, ପ୍ରାୟ ୧୯ ହଜାର ଚାଷୀଙ୍କ ଟୋକନ୍ ଆସି ନାହିଁ। ଯେଉଁ ୫୪ହଜାର ଚାଷୀଙ୍କ ଟୋକନ୍ ଆସିଛି, ସେମାନଙ୍କ କେବଳ ୭୫ କ୍ୱିଣ୍ଟାଲ ବିକ୍ରୟ ପାଇଁ ଆସିଛି, ବାକି ଧାନ ଚାଷୀ କ'ଣ କରିବ? ସାମଗ୍ରିକ ଭାବେ ଧାନ କିଣାବିକା ସ୍ୱାଭାବିକ ହୋଇପାରିନାହିଁ। ଜିଲ୍ଲା କୃଷକ ସଂଗଠନ ସମ୍ପାଦକ ଦେବେନ୍ଦ୍ର ପ୍ରଧାନ କହିଛନ୍ତି, ପ୍ରଶାସନର ଲିଖିତ ପ୍ରତିଶ୍ରୁତି ପରେ ଆସନ୍ତାକାଲିଠାରୁ ଧାନ କିଣାବିକା ସ୍ୱାଭାବିକ ହେବ ବୋଲି ଆଶା କରାଯାଉଛି। ଆଗକୁ ଖରିଫ ଧାନ କିଣାବିକାରେ କୌଣସି ସମସ୍ୟା ହେବ ନାହିଁ ବୋଲି ଆଶା କରୁଛୁ।

### ଭୁବନେଶ୍ୱର ଏମ୍ସକୁ...

ଭାରତୀ ମିଶ୍ର ଏହି କାର୍ଯ୍ୟର ତଦାରଖ କରୁଛନ୍ତି। ସ୍ୱାସ୍ଥ୍ୟସେବା ପ୍ରତି ଗୁରୁଙ୍କ ବଦାନ୍ୟତା ଦେଖି ଅଞ୍ଚଳବାସୀ, ଛାତ୍ରୀ ଖୁସି ହେବା ସହ ତାଙ୍କ ଆଦର୍ଶ ଅନେକଙ୍କୁ ଅନୁପ୍ରାଣିତ କରିବ ବୋଲି କହିଛନ୍ତି। ୧୯୨୬ ମସିହା ଡିସେମ୍ବର ୫ ତାରିଖରେ ଡା. ଲକ୍ଷ୍ମୀ ବାଇଙ୍କ ଜନ୍ମ। ୧୯୪୫ରୁ ୧୯୫୦ ମସିହା ମଧ୍ୟରେ ସେ କଟକ ଏସସିବି ମେଡିକାଲ କଲେଜରେ ଏମବିବିଏସ ପଢ଼ିବା ପରେ ୧୯୫୮ରେ ମାଡ୍ରାସ୍ ମେଡିକାଲ କଲେଜ ଡିଜିଓ ଆଣ୍ଡ ଏମ୍‌ଡି ଇନ୍ 'ଓଏସଜି' ପାଠ ପଢ଼ିଥିଲେ। ୧୯୫୦ ମସିହାରେ ସୁନ୍ଦରଗଡ଼ ଜିଲ୍ଲା ହସ୍ପିଟାଲରୁ ଚାକରି ଜୀବନ ଆରମ୍ଭ କରି ୧୯୮୬ ମସିହାରେ ଏମ୍‌କେସିଜିରେ ଅବସର ନେଇଥିଲେ। ସ୍ୱାସ୍ଥ୍ୟସେବାରେ ଉଲ୍ଲେଖନୀୟ କାର୍ଯ୍ୟ ପାଇଁ ସେ ଭାରତଜ୍ୟୋତି ଆୱାର୍ଡ, ଇଣ୍ଟରନ୍ୟାସ୍‌ନାଲ ଫ୍ରେଣ୍ଡସିପ୍ ସୋସାଇଟି ଆୱାର୍ଡ ଏବଂ ବେଷ୍ଟ ସିଟିଜେନ୍ ଅଫ୍ ଇଣ୍ଡିଆ ଆୱାର୍ଡ ଭଳି ବହୁ ସମ୍ମାନରେ ସମ୍ମାନିତ ହୋଇଛନ୍ତି।


**ପୂର୍ବ ତଟ ରେଳପଥ**

ଶୁଦ୍ଧିପତ୍ର ସଂ.01
ଟେଣ୍ଡର ବିଜ୍ଞପ୍ତି ସଂ. EPC-CECONIII BBS2025031, ତା.14.08.2025 ରିଖ
ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତି ସଂ. ସନ୍ଦର୍ଭରେ ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟରେ ରୂପାନ୍ତରଣ କରାଯାଇଛି ।

| ପ୍ରକାଶିତ ଅନୁଯାୟୀ | ପଢ଼ାଯିବା ଆବଶ୍ୟକ |
| --- | --- |
| 11.12.2025, 1200 ଘଟିକା | 27.01.2026, 1200 ଘଟିକା |

ବିସ୍ତୃତ ବିବରଣୀ ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ www.ireps.gov.in ଅବଲୋକନ କରିବାକୁ ପରାମର୍ଶ ଦିଆଯାଉଛି ।
ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ), ଭୁବନେଶ୍ୱର
PR-172/CI/25-26

**AFFIDAVIT**
By virtue of an affidavit before the Notary Public, Sonepur, dtd.01.12.2025. I, Priyanka Kaanr, resident of Bhajabajpur, PO-Dharmasala, PS-Birmaharajpur, Dist-Subarnapur, Odisha, PIN-767062, do hereby declare that my I have changed my name from Priyanka Kaanr to Priyankarani Kaanr. Henceforth I shall be known as Priyankarani Kaanr for all purposes.
Sd/- Priyankarani Kaanr

**AFFIDAVIT**
I, Praduymnya Rout, S/o- Dolagobinda Rout, resident of At-Balabhadrapur, Cuttack sadar, Cuttack, Dist-Cuttack, PIN-753012, Odisha declared by this affidavit No-982, dtd-01/12/2025 that now onwards I shall be known as **PRADYUMNA ROUT** for all future purposes.

**AFFIDAVIT**
I, Droupadi Agrawal, aged about 59 years, W/o-Binod Kumar Agrawal, resident of Ward No-8, Rajapada, Khariar, Po-Khariar, Ps- Khariar, Dist-Nuapada, Odisha, Pin-766107 declare by this affidavit No. 2421, dtd-30/11/2025, that now onwards I shall be known as **DROPTI DEVI AGRAWAL** for all future purposes.

**AFFIDAVIT**
I, Anusmita Sahoo, D/o Seshadev Sahu, W/o-Debabrata Sahu, resident of AT/PO- Ekatara, PS- M Rampur, Dist- Kalahandi, PIN- 766102, Odisha, present resident of AT/PO-Titilagarh, Dist- Balangir, PIN- 767033, Odisha declared by this affidavit No. 72AA 949067, date-12/11/2025 that now onwards I shall be known as **ANUSMITA SAHU** for all future purposes.

**AFFIDAVIT**
By virtue of an affidavit sworn before the Executive Magistrate, Bhubaneswar, vide No - 46, dtd 01/12/2025. I, Barun Kumar Sahoo, At/Po/Ps - Tamando, Pin - 752054, Dist - Khordha, Odisha, declare that I have changed my name from Barun Sahoo to Barun Kumar Sahoo. Henceforth I shall be known as Barun Kumar Sahoo for all purposes.

**AFFIDAVIT**
By Virtue of an affidavit sworn before Executive Magistrate, Khordha Dtd. 19/11/2025. Affidavit No.-3398, I Keshav Kelu Sahoo, Address- Govindapur, Po.-Parichhal, Ps.- Begunia, Dist.- Khordha, Pin-752062 declare that, my Name from **Keshav Chandra Sahu** to **Keshav Kelu Sahoo**. Henceforth, I shall be known as **Keshav Kelu Sahoo** for all purposes.

**AFFIDAVIT**
By virtue of an affidavit sworn before the Executive Magistrate, Nabarangpur, dated 25.11.2025 I, KEDARA SAHU, S/o - Late. Subash Chandra Sahoo, Residences of Bada Harijan Sahi, Nabarangpur, Po.- Nabarangpur, Ps.- Nabarangpur, Dist.- Nabarangpur, Odisha, Pin - 764059, declare that, I have changed the name of my Son from **SOUMYA HARIJAN SAHU** to **ANSUMAN SAHU**. Henceforth, he shall be known as **ANSUMAN SAHU** for all purposes.
Sd/- Kedara Sahu

**AFFIDAVIT**
By virtue of an affidavit sworn before the Executive Magistrate, Sohela, vide no. 02, dated 20.11.2025 I, Kalachand Bhue, S/o - Sujan Bhue, R/o Village/ P.O.- Chhuriapali, Ps.- Sohela, Dist.- Bargarh, declare that, I have changed the name of my minor Son from **ROHIT BHUE** to **PRITAM BHUE**. Henceforth, he shall be known as **PRITAM BHUE** for all purposes.
Sd/- Kalachand Bhue

**NOTICE**
By virtue of an affidavit sworn before Executive Magistrate, Puri, Dated 27.11.2025, I, Susanta Sahoo, S/o- Rajkishore Sahoo, At-Tridev Nagar, Markandeswar Sahi, Puri, Po-Puri, Ps- Baseli sahi, Dist- Puri, Pin- 752001, Odisha declare that I have changed my name from Susanta Kumar Sahoo to Susanta Sahoo. Henceforth, I shall be known as Susanta Sahoo for all purposes.
(Susanta Sahoo)

**AFFIDAVIT**
I Santosh Giri s/o- Krushna Prasad Giri -, resident of village - Sialia, Po-Pasarbindha Ps-Bhograi, Dist- Balasore, Odisha, declared by affidavit before Executive Magistrate , Bhograi No.6008/1.12. 2025, that my minor son's former name Aush Giri has changed to Ayush Giri form the date.Hence my son name shall be known as Ayush Giri for all future purpose.

**AFFIDAVIT**
I, Susmita Rout, W/o-Pradyumna Rout, resident of At-Balabhadrapur, Chhatra Bazar, Cuttack sadar, AD Market, Cuttack, Dist-Cuttack, PIN-753012, Odisha declared by this affidavit No-983, dtd-01/12/2025 that now onwards I shall be known as **SUSHMITA ROUT** for all future purposes.

**NOTICE FOR CANCELLATION OF TENDER** A-1026

Office of The Executive Engineer
Muran Dam Division
Upper Indravati Dam Circle, Khatiguda
Dist.: Nabarangpur-764085
Date: 28.11.2025

It is hereby informed to the public and all concerned that the Tender invited vide Tender Call Notice No. EEMDD-03/2025-26, Dated: 06.11.2025 for the work "Deployment of one light Commercial Vehicle (Bolero/TUV-300 / SUMO Gold/ Ertiga) on hire basis to be engaged for official use of the Executive Engineer, Muran Dam Division, UIDC, Khatiguda for one year/12 calendar months." has been cancelled.

The tender has been cancelled due to non-qualification of any bidder in the Techno-Commercial evaluation stage, resulting in no bidder is qualified for further proceedings.

OIPR-32230/11/0006/2526
Executive Engineer
Muran Dam Division

ADMISSION NOTICE-2025-26
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
Campus:
262, Puranpadhan, Balakati, Bhubaneswar
Mob. 7019799641, 7978608747 9853801459
Email: mdscnbbsr@gmail.com
• **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
• **D. Pharm** Rs. 48,000/- P.A. Eligibility: +2 Sc. (PCB/M)
• **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
• **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
• **M.P.H.** Rs. 42,000/- P.A. Eligibility: Any Graguate
ALL COURSE FEES ARE EXCLUDING HOSTEL

କୃଷି ମହାବିଦ୍ୟାଳୟ, ଭବାନୀପାଟଣା (ଓୟୁଏଟି) KK-286
**COLLEGE OF AGRICULTURE, BHAWANIPATNA**
*(Odisha University of Agriculture & Technology)*
Arkabahali Farm, Raipur Road, Bhawanipatna – 766001, Odisha
Email: **deancab@ouat.ac.in**
**HIRING OF VEHICLE**
**TENDER NOTICE No- 01/2025-26**

Sealed Quotation/Tender in the prescribed proforma are invited from interested reputed Travel agencies/Tour Operators/Private individuals for providing one number of AC Petrol/Diesel (**TUV-300, BOLERO, SUMO GOLD, ERTIGA** etc.) driven vehicles having sitting capacity not less than 07 including driver on monthly hire rent basis for official use of OUAT, as and when required. The vehicle should not be more than **3 (three) years old** from the date of initial registration and should be in a good running condition. The detail Terms and Conditions along with the Forms for hiring of the vehicle is available in the office of the undersigned on any working day during office hour on payment of tender paper cost amounting **Rs. 2000/- (Rupees two thousand)** (Non-refundable) from **08.12.2025 to 07.01.2026 up to 5.00 P.M.** or can be downloaded from official website www.ouat.ac.in. If tender papers are downloaded from website, the bid should be submitted with the tender paper cost amounting **Rs. 2000/- in shape of DD in favour of Dean, College of Agriculture, Bhawanipatna (Non-refundable).** The tender paper duly filled in (complete in all respect) and accompanied with the **Earnest Money Deposit (EMD) of Rs. 13,400/- (Rupees thirteen thousand four hundred only)** in shape of NSC/KVP/POTD/TDR (duly pledged in favour of the Dean, College of Agriculture, payable at Bhawanipatna) and proof of tender paper cost (money receipt/DD in favour of Dean, College of Agriculture, Bhawanipatna) should reach the undersigned on or before **Dt. 07.01.2026 by 5.00 P.M.** through registered post/speed post and shall be opened on the next day i.e. on **Dt. 08.01.2026 at 4.00 P.M.** in presence of the bidders or their authorized representatives. The EMD of unsuccessful bidders will be refunded on completion of tender process.

OIPR-01575/11/0003/2526
Sd/- Dean,
College of Agriculture, Bhawanipatna.

**ପୌର ପରିଷଦ, ଖୋରଧା** C-1584

ଦୈନିକ ଓଡ଼ିଆ ଖବର କାଗଜ "ସକାଳ"ର ପ୍ରତିଟି ଖବର ଖୋରଧା ତଥା ଓଡ଼ିଶାର ଜନସାଧାରଣଙ୍କ ନିକଟରେ ବେଶ୍ ପ୍ରିୟଭାଜନ ହୋଇପାରିଛି । ୫ମ ବାର୍ଷିକ ଉତ୍ସବ ପାଳନ ପରିପ୍ରେକ୍ଷୀରେ ଖୋରଧା ପୌର ପରିଷଦ ଓ ଜନସାଧାରଣଙ୍କ ତରଫରୁ ଏହାର ଉତ୍ତରୋତ୍ତର ଉନ୍ନତି ଓ ଦୀର୍ଘ ସଫଳତା କାମନା କରୁଅଛି ।

ରିଜ୍ୱାନା କଅକବ୍, (ଓ.ପ୍ର.ସେ.)
ନିର୍ବାହୀ ଅଧିକାରୀ
ପୌର ପରିଷଦ, ଖୋରଧା
OIPR-

RAIN, SUN AND FIREPROOF
KONARK IS THE RIGHT ROOF
KONARK Right at the top
USE
KONARK AC SHEETS & ACCESSORIES
**UAL - ODISHA**
(PROP. : UAL INDUSTRIES LTD.)
(AN ISO 9001, 14001 & 45001 CERTIFIED COMPANY)

ODISHA WORKS
At/P.o. Korian, Dist. Dhenkanal-759013 (Odisha)
Mobile : 9437021312, 9437960758
E-mail : brmohanty@ualind.com

BENGAL WORKS
UAL - BENGAL
Guptamani Kultikri Road, Midnapore (West Bengal)
Phone : (03222) 202401, 202402
Fax : (03222) 257274, E-mail : ual_kgp@ualind.com

U.P. WORK
UAL - UTTAR PRADESH
At- Barmanpur, Tehsil- Kerakat, Dist. Jaunpur - 222129 (U.P.)
Phone : (05450) 249301, E-mail : ual_up@ualind.com



WHILE SOME PERSUE FOR EXCELLENCE
WE ARE BORN TO EXCELL.

**ପୌରପରିଷଦ କାର୍ଯ୍ୟାଳୟ, ପଟ୍ଟାମୁଣ୍ଡାଇ,**

ପଟ୍ଟାମୁଣ୍ଡାଇ ପୌର ପରିଷଦ ତାହାର ଅଗଣିତ ଟିକସ ଦାତା, ପୌରବାସୀ, ବ୍ୟବସାୟୀ ଅନୁଷ୍ଠାନ ଓ ବୃଦ୍ଧିଜିବୀ ମାନଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଜଣାଇବା ସଙ୍ଗେ ସଙ୍ଗେ ସହଯୋଗ କାମନା କରୁଅଛି ।

ନିବେଦନ
01. ପୌର ପରିଷଦ ଅଞ୍ଚଳର ଜନ ସାଧାରଣ ନିଜ ନିଜର ଟିକସ ଠିକ୍ ସମୟରେ ପୈଠ କରନ୍ତୁ ।
02. ନୂତନ ଗୃହ ନିର୍ମାଣ କରିବା ପୂର୍ବରୁ ଗୃହ ନକ୍ସା ପରିଷଦରୁ ମଞ୍ଜୁର କରାଇ ନିଅନ୍ତୁ ଓ ଗୃହ ସମାପ୍ତ ପରେ ତାହାକୁ ପଞ୍ଜିକରଣ କରାଇ ନିଅନ୍ତୁ ।
03. ସହର ଓ ଆଭ୍ୟନ୍ତରିଣ ରାସ୍ତା ଗୁଡିକ ଉପରକୁ ଗୃହ ପାଳିତ ପଶୁମାନଙ୍କୁ ଅନଧିକାର ଭାବେ ଛାଡନ୍ତୁ ନାହିଁ ।
04. ପରିଷଦ ଅଞ୍ଚଳରେ ବ୍ୟବସାୟ ଆରମ୍ଭ କରିବା ପୂର୍ବରୁ ପରିଷଦରେ ବ୍ୟବସାୟ ଲାଇସେନ୍ସ କରାଇ ନିଅନ୍ତୁ ।
05. ପତିତ ଜମି ଓ ରାସ୍ତା କଡରେ ବୃକ୍ଷ ରୋପଣ କରିବା କାର୍ଯ୍ୟରେ ନିଜକୁ ସାମିଲ କରି ପରିବେଶ ସୁରକ୍ଷାରେ ସହାୟକ ହୁଅନ୍ତୁ ।
06. ସରକାରୀ ସମ୍ପତ୍ତି ଓ ସର୍ବସାଧାରଣ ସ୍ଥାନକୁ ଜବରଦଖଲ କରନ୍ତୁ ନାହିଁ ।
07. ପରିଷଦର ସମ୍ପତ୍ତି ସୁରକ୍ଷା କରିବା ଆପଣଙ୍କର ଦାୟିତ୍ୱ ଓ କର୍ତ୍ତବ୍ୟ ।
08. ସର୍ବସାଧାରଣ ରାସ୍ତା ଉପରେ ମଇଳା, ଆବର୍ଜ୍ଜନା ଜମା କରନ୍ତୁ ନାହିଁ କିମ୍ବା ରାସ୍ତା ଅବରୋଧ କରି ଜନସାଧାରଣଙ୍କ ଯାତାୟତରେ ବାଧା ସୃଷ୍ଟି କରନ୍ତୁ ନାହିଁ ।
09. ଡଷ୍ଟ ବିନକୁ ସୁଚାରୁ ରୂପେ ଘରେ ଏବଂ ମାର୍କେଟରେ ବ୍ୟବହାର କରନ୍ତୁ ।
10. ଭୂତଳ ଜଳ ସଂରକ୍ଷଣ ପାଇଁ ନିଜ ଗୃହ ଓ ପରିପାର୍ଶ୍ୱରେ ବୃକ୍ଷରୋପଣ କରନ୍ତୁ । ବର୍ଷା ଜଳ ସଂରକ୍ଷଣ ନିମନ୍ତେ ନିଜ ଗୃହରେ Rain Water Harvesting ଉପାୟ ଅବଲମ୍ବନ କରନ୍ତୁ ।

ଆମର ଲକ୍ଷ୍ୟ:-
- ବେକାର ଯୁବକ ଓ ଯୁବତୀଙ୍କ ଥଇଥାନ ପାଇଁ ରାମ ମନ୍ଦିର ନିକଟରେ ମାର୍କେଟ୍ କମ୍ପ୍ଲେକ୍ସ ଚଳିତ ବର୍ଷ ନିର୍ମାଣ କରାଯିବାକୁ ସ୍ଥିର କରାଯାଇଅଛି ।
- ପଟ୍ଟାମୁଣ୍ଡାଇ ତହସିଲ ପୋଖରୀର ପୁନଃଉଦ୍ଧାର ଓ ସୌନ୍ଦର୍ଯ୍ୟ କରଣ କାର୍ଯ୍ୟ ଚଳିତ ବର୍ଷ ପୂର୍ଣ୍ଣାଙ୍ଗ ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି ।
- ପଟ୍ଟାମୁଣ୍ଡାଇ ପୌରାଞ୍ଚଳରୁ ବର୍ଷାଜଳ ନିଷ୍କାସନ ପାଇଁ ଡ୍ରେନ ନିର୍ମାଣ ନିମନ୍ତେ ମାଷ୍ଟର ପ୍ଲାନ ପ୍ରସ୍ତୁତ ହେଉଅଛି ।
- ୱାର୍ଡ ନଂ-04,12,13, ଓ 15 ଠାରେ ନୂତନ କଲ୍ୟାଣ ମଣ୍ଡପ ନିର୍ମାଣର ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି ।

ଶ୍ରୀଯୁକ୍ତ ରଞ୍ଜନ କୁମାର ଦାସ, ଓ.ଆର.ଏସ୍
ନିର୍ବାହୀ ଅଧିକାରୀ

ଶ୍ରୀଯୁକ୍ତ ହେମନ୍ତ କୁମାର ସାହୁ
ଅଧ୍ୟକ୍ଷ
ଉପାଧ୍ୟକ୍ଷା ଓ ସମସ୍ତ ପାରିଷଦ ବୃନ୍ଦ



# ‘ସକାଳ’ ପକ୍ଷରୁ ମିନି ମାରାଥନ
































## ବ୍ୟବସାୟୀଙ୍କୁ ୨ ଲକ୍ଷ ଟଙ୍କା ଠକେଇ

ସାଲେପୁର,୧।୧୨(ସମିସ): ଏକ ବଡ଼ଧରଣର ଠକାମୀ ହୋଇଥିବା ସାଲେପୁର ଥାନାରେ ଲିଖିତ ଅଭିଯୋଗ ହୋଇଛି। କଟକ-ସାଲେପୁର ରାସ୍ତା ପାର୍ଶ୍ୱର ସପନପୁର ଗ୍ରାମ ନିକଟରେ ଏକ ଖେଳଣା ଦୋକାନୀଙ୍କୁ ଅଭିନବ ଉପାୟରେ ଠକାଯାଇଛି। ଏହି ଖେଳଣା ଦୋକାନୀଙ୍କ ନିକଟକୁ ୧୫ଦିନ ତଳେ ୨ ଜଣ ଅଚିହ୍ନା ଯୁବକ ପହଞ୍ଚି ୨ ଲକ୍ଷ ନଗଦ ଟଙ୍କା ଦେଲେ ୫ଲକ୍ଷ ଟଙ୍କାର ଖେଳଣା ସାମଗ୍ରୀ କମ୍ପାନୀ ପକ୍ଷରୁ ଯୋଗାଇ ଦିଆଯିବ ଏବଂ ଅବଶିଷ୍ଟ ଅର୍ଥକୁ କିସ୍ତି ହିସାବରେ ପରିଶୋଧ କରିବେ ବୋଲି ପ୍ରଲୋଭିତ କରିଥିଲେ। କିଛି ଦିନ ତଳେ ପୁନର୍ବାର ସଂପୃକ୍ତ ଦୋକାନୀ ଜଣଙ୍କର ବିଶ୍ୱାସଭାଜନ ହେବା ସହ ଆଜି ଦିନରେ କମ୍ପାନୀ ପକ୍ଷରୁ ମାଲ୍ ଡେଲିଭରି ହେବ ବୋଲି ସାକ୍ଷାତ ପୂର୍ବକ କହିଥିଲେ। ନିର୍ଦ୍ଧାରିତ ସମୟରେ ସଂପୃକ୍ତ ଯୁବକଦ୍ୱୟ ଉକ୍ତ ଦୋକାନରେ ଆସି ପହଞ୍ଚି ବିଭିନ୍ନ ପ୍ରକାର ଆଲୋଚନା କରି ବ୍ୟବସାୟୀଙ୍କୁ ଅନ୍ୟମନସ୍କ କରାଇ ହ୍ୟାଣ୍ଡ ବ୍ୟାଗ୍‌ରେ ରଖିଥିବା ୨ଲକ୍ଷ ଟଙ୍କାକୁ ହାତେଇବା ସହ ଅବିକଳ ସେହିଭଳି ଏକ ହ୍ୟାଣ୍ଡବ୍ୟାଗ୍ ଉକ୍ତ ସ୍ଥାନରେ ରଖି ପଳାଇଥିଲେ। ବ୍ୟବସାୟୀ ଜଣକ ସେମାନଙ୍କୁ ମୋବାଇଲ୍‌ରେ ଯୋଗାଯୋଗ କରିବାରୁ ସୁଇଚ୍ ଅଫ୍ ରହିଥିଲା। ପରେ ସେ ନିଜ ହ୍ୟାଣ୍ଡ ବ୍ୟାଗ୍ ଦେଖିଲାବେଳକୁ ବ୍ୟାଗ୍‌ରେ ଟଙ୍କା ନାହିଁ। ଏ ସଂପର୍କରେ ଅଭିଯୋଗ ପରେ ସାଲେପୁର ପୁଲିସ ସିସିଟିଭିକୁ ଆଧାର କରି ତଦନ୍ତ ଆରମ୍ଭ କରିଛି।

## ପେଟ୍ରୋଲ ପମ୍ପରୁ ହାଇୱା ଚୋରି

ତ୍ରିଶୂଳିଆ,୧।୧୨(ସମିସ): ବାରଙ୍ଗ ଥାନା ନରଣପୁରସ୍ଥିତ ଏକ ପେଟ୍ରୋଲ ପମ୍ପରୁ ଗୋଟିଏ ହାଇୱା ଗାଡ଼ି ଚୋରି ହୋଇଥିବା ନେଇ ଥାନାରେ ଅଭିଯୋଗ ହୋଇଛି। ବେଲଗଛିଆ ଗ୍ରାମର ମାନସ ରଞ୍ଜନ ସାହୁଙ୍କ ଓଡି ୦୫ଏଚ ୩୧୬୬ ହାଇୱା ଗାଡ଼ିଟି ବାରଙ୍ଗ ତହସିଲ କାର୍ଯ୍ୟାଳୟ ସମ୍ମୁଖରେ ଥିବା ପେଟ୍ରୋଲ ପମ୍ପରେ ଚାଳକ ରଖିଥାନ୍ତି। ରବିବାର ସଂଧ୍ୟାରେ ଚାଳକ ଗାଡ଼ି ରଖିଥିବା ବେଳେ ବିଳମ୍ବିତ ରାତିରେ କେହି ଦୁର୍ବୃତ୍ତ ଚୋରି କରି ନେଇଥିବା ସୋମବାର ସକାଳୁ ଜଣାପଡ଼ିଛି। ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

## ଦୁର୍ଘଟଣାରେ ସାଇକଲ ଆରୋହୀ ମୃତ

ବଡ଼ମ୍ବା,୧।୧୨(ସମିସ): ବଡ଼ମ୍ବା ଥାନା ଅଧୀନ କୃଷ୍ଣଚନ୍ଦ୍ରପୁରଠାରେ ମଟରସାଇକଲ ଧକ୍କାରେ ସାଇକଲ ଆରୋହୀଙ୍କ ମୃତ୍ୟୁ ଘଟିଛି। ଆଜି ସନ୍ଧ୍ୟା ସମୟରେ ଖଇରପଙ୍ଗା ଗ୍ରାମର ବୁଟା ବେହେରାଙ୍କ ପୁଅ ଅରୁଣ (୨୭) ସଉଦା କିଣିବା ପାଇଁ କୃଷ୍ଣଚନ୍ଦ୍ରପୁର ଦୋକାନକୁ ଆସୁଥିବାବେଳେ କଟକ ନରସିଂହପୁର ମୁଖ୍ୟରାସ୍ତାରେ ବିପରୀତ ଦିଗରେ ଏକ ମୋଟର ସାଇକଲ ଧକ୍କା ଦେଇଥିଲା। ଗୁରୁତର ଅବସ୍ଥାରେ ଅରୁଣଙ୍କୁ ସ୍ଥାନୀୟ ଲୋକଙ୍କ ସହାୟତାରେ ବଡ଼ମ୍ବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ସ୍ଥାନାନ୍ତରିତ କରାଯାଇଥିଲା ଏବଂ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ଏନେଇ ସ୍ୱାସ୍ଥ୍ୟକେନ୍ଦ୍ର ତରଫରୁ ବଡ଼ମ୍ବା ଥାନାକୁ ଜଣାଇ ଦିଆଯାଇଥିବା ବେଳେ ଥାନା ପକ୍ଷରୁ ଏକ ଅପମୃତ୍ୟୁ ମାମଲା ରୁଜୁ କରାଯିବା ସହ ଅଧିକ ତଦନ୍ତ ଚାଲୁ ରହିଥିବା ସୂଚନା ଦେଇଛନ୍ତି ଥାନା ଅଧିକାରୀ ଅନିରୁଦ୍ଧ ମୁଦୁଲି।

## ବସ୍‌ରୁ ଖସିପଡ଼ି ଜଣେ ମୃତ

ତିଗିରିଆ,୧।୧୨(ସମିସ): ତିଗିରିଆ ଥାନା ଅଧୀନ ଜେମାଦେଇପୁର ପଙ୍କାଳ ହରିଜନ ସାହିର ଜଣେ ଯୁବକ ସୋମବାର ଚଳନ୍ତା ବସରୁ ଖସିପଡି ମୃତ୍ୟୁବରଣ କରିଥିବା ଜଣାପଡ଼ିଛି। ଏଥିନେଇ ତିଗିରିଆ ପୁଲିସ ମୃତକଙ୍କ ଶବ ଜବତ ସହ ବ୍ୟବଚ୍ଛେଦ କରି ପରିବାରକୁ ହସ୍ତାନ୍ତର କରିଛି। ଦୁର୍ଘଟଣା ଘଟାଇଥିବା ଗାଡିକୁ ଜବତ କରାଯାଇଛି। ମୃତକ ହେଲେ ପଙ୍କାଳ ହରିଜନ ସାହିର ସୁରେଶ ନାୟକ (୩୧)। ବିନ୍ଧାଣିମା ବାଇପାସ ଛକ ନିକଟରେ ଏକ ଘରୋଇ ଯାତ୍ରୀବାହୀ ବସରେ ନିଜ ଘରକୁ ଯିବାକୁ ଚଢୁଥିବା ସମୟରେ ଅସାବଧାନତାବଶତଃ ଗୋଡ଼ ଖସିଯାଇଥିଲା। ଫଳରେ ଗାଡ଼ିର ଚକ ତାଙ୍କ ଉପରେ ଚଢ଼ିଯାଇଥିଲା।

## ଅଚ୍ୟୁତାନନ୍ଦ ପୀଠର ବରିଷ୍ଠ ସେବକଙ୍କ ପରଲୋକ

ନେମାଳ,୧।୧୨(ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ନେମାଳ ମହାପୁରୁଷ ଅଚ୍ୟୁତାନନ୍ଦ ପୀଠର ବରିଷ୍ଠ ସେବକ, ମାଳିକା ପ୍ରଚାରକ ରତ୍ନାକର ପୂଝାରୀଙ୍କ ଆଜି ସକାଳ ୮ଟା ସମୟରେ ପରଲୋକ ହୋଇଯାଇଛି। ସ୍ୱର୍ଗତ ପୂଝାରୀଙ୍କ ପରଲୋକ ଖବର ପ୍ରଚାର ହେବ ପରେ ସମଗ୍ର ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। କଟକ ସଦର



ପ୍ରାକ୍ତନ ବିଧାୟକ ଚନ୍ଦ୍ରସାରଥୀ ବେହେରା, ନେମାଳ ପଞ୍ଚାୟତର ପ୍ରାକ୍ତନ ସରପଞ୍ଚ ନାରାୟଣ ଦ୍ୱିବେଦୀ, ପ୍ରାକ୍ତନ ଜିଲ୍ଲା ପରିଷଦ ସଭ୍ୟ ଅଚ୍ୟୁତାନନ୍ଦ ଦାସ, ସମିତିସଭ୍ୟ ବିଶେନ୍ଦୁ ମହାରଣା, ଆଇନଜୀବୀ ଗଗନ ବିହାରୀ ସିଂ, ଅଚ୍ୟୁତାନନ୍ଦ ସେବକ ସଂଘ ସଭାପତି କ୍ଷମାନିଧି ପୂଝାରୀ, ବରିଷ୍ଠ ସେବକ ଧରଣୀଧର ପୂଝାରୀ, ଶାନ୍ତନୁ ପୂଝାରୀ, ପଦ୍ମଲାଭ ପୂଝାରୀ, କରୁଣାକର ପୂଝାରୀ, ହରେକୃଷ୍ଣ ପୂଝାରୀ, ରବୀନ୍ଦ୍ର ପୃଷ୍ଟି, ଶରତଚନ୍ଦ୍ର ମଳିକ, ରମେଶ ବେହେରା, ସାମ୍ବାଦିକ ଗୋବିନ୍ଦ ଦାସ, ହିମାଂଶୁ ଦାସ, ବଳଦେବାନନ୍ଦ ଦାସ ପ୍ରମୁଖ ଶେଷ ଦର୍ଶନ କରିଥିଲେ। ମରଶରୀରକୁ ଚିତ୍ରୋତ୍ପଳା ନଦୀ ଶଯ୍ୟା ସମାଧି ପଡ଼ିଆରେ ସମ୍ପୂର୍ଣ୍ଣ ବୈଷ୍ଣବ ପରମ୍ପରାରେ ସମାଧିସ୍ଥ କରାଯାଇଛି। ମୃତ୍ୟୁ ଶଯ୍ୟା ନିକଟରେ ପୁଅ ଯଶୋବନ୍ତ, ଶଶିକାନ୍ତ, ପ୍ରଶାନ୍ତ ଓ ଉମାକାନ୍ତଙ୍କ ସମେତ ପରିବାର ଓ ବନ୍ଧୁବାନ୍ଧବ ଉପସ୍ଥିତ ଥିଲେ।

# ଧାରଣାରେ ବସିଲେ ଜନପ୍ରତିନିଧି

ନିଆଳି,୧।୧୨(ସମିସ):




**୭ ଦଫା ଦାବି**

ଅପମାନିତ, ଅଣଦେଖା ହେବା ସହ ଉନ୍ନୟନମୂଳକ କାର୍ଯ୍ୟରେ ଅସହଯୋଗ ପ୍ରତିବାଦରେ ନିଆଳି ପଞ୍ଚାୟତସମିତିର ନିର୍ବାଚିତ ଜନପ୍ରତିନିଧି ସୋମବାର ସକାଳ ୧୦ଟା ୩୦ ମିନିଟ୍‌ରେ ୭ ଦଫା ଦାବିନେଇ ବ୍ଲକ କାର୍ଯ୍ୟାଳୟରେ ଥିବା ମହାତ୍ମାଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ଧାରଣାରେ ବସିଛନ୍ତି। ଜିପିଡିପିରେ ଥିବା ପ୍ରକଳ୍ପଗୁଡିକୁ କାର୍ଯ୍ୟ କରିବାରେ ଅସହଯୋଗ କରିବା, କନିଷ୍ଠଯନ୍ତ୍ରୀ, ସହକାରୀ ଯନ୍ତ୍ରୀ ଓ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କୁ କାର୍ଯ୍ୟର ଏଷ୍ଟିମେଟ ପ୍ରଦାନ ନ କରିବା, ବିପିଡିପିରେ ଅନୁମୋଦିତ ହୋଇଥିବା ପ୍ରକଳ୍ପଗୁଡିକ ସମିତିର ସଭ୍ୟସଭ୍ୟାଙ୍କ ତଦାରଖରେ କରାଯିବାକୁ ସମିତି ବୈଠକରେ ନିଷ୍ପତ୍ତି ନିଆଯାଇଥିଲେ ମଧ୍ୟ ବିଭାଗୀୟ ଯନ୍ତ୍ରୀମାନେ ଏଷ୍ଟିମେଣ୍ଟ ନ ଦେବା, ମହାତ୍ମାଗାନ୍ଧୀ ନିଶ୍ଚିତ କର୍ମନିଯୁକ୍ତି ଯୋଜନାରେ ଜବ୍‌କାର୍ଡଧାରୀଙ୍କୁ କାର୍ଯ୍ୟ ଯୋଗାଇ ଦେବା ପାଇଁ ସରକାରଙ୍କ ବିଧି ବ୍ୟବସ୍ଥା ଥିଲେ ମଧ୍ୟ ବିଭାଗୀୟ ଅଧିକାରୀ ଏପିଓଙ୍କ ମନୋମୁଖୀ କାର୍ଯ୍ୟ, ନିର୍ବାଚିତ ପ୍ରତିନିଧିମାନଙ୍କ ପ୍ରତି ଅଶାଳୀନ ମନ୍ତବ୍ୟ, ସର୍ବପରି ପ୍ରକଳ୍ପଗୁଡିକର କାର୍ଯ୍ୟକାରିତାରେ ଅସହଯୋଗ, ପଞ୍ଚାୟତସମିତିର ମୁଖ୍ୟ ଅଧ୍ୟକ୍ଷ ହୋଇଥିଲେ ମଧ୍ୟ ପଞ୍ଚାୟତ ସମିତି ତରଫରୁ ଆହୁତ ସରକାରୀ କାର୍ଯ୍ୟକ୍ରମ ସମ୍ବନ୍ଧରେ ପରାମର୍ଶ ନ କରିବା, ସରକାରୀ ଯୋଜନା ସମ୍ବନ୍ଧୀୟ ସୂଚନା ପ୍ରଦାନ ନ କରିବା, ସ୍ୱଚ୍ଛଭାରତ ମିଶନ ଯୋଜନାରେ କାର୍ଯ୍ୟକାରୀ ହେଉଥିବା ପ୍ରକଳ୍ପଗୁଡିକ ସମ୍ମୁଖରେ ସରପଞ୍ଚ ଓ ସମିତିସଭ୍ୟଙ୍କୁ ଅବଗତ ନ କରିବା ସହ ସ୍ଥଳ ବିଶେଷରେ ପକ୍ଷପାତିତା କରିବା, ରାଜ୍ୟ ସରକାରୀ କର୍ମଚାରୀ କନିଷ୍ଠଯନ୍ତ୍ରୀ ଓ ସହକାରୀ ଯନ୍ତ୍ରୀ ଗୋଟିଏ ସ୍ଥାନରେ ୩ ବର୍ଷରୁ ଉର୍ଦ୍ଧ୍ୱ ସମୟ କାର୍ଯ୍ୟ ନ କରିବା ପାଇଁ ସ୍ପଷ୍ଟ ନିର୍ଦ୍ଦେଶ ଥିଲେ ମଧ୍ୟ ଏଠାରେ ୭ ବର୍ଷରୁ ଉର୍ଦ୍ଧ୍ୱ ସମୟ ହେବ ଯନ୍ତ୍ରୀମାନେ ରହି କାର୍ଯ୍ୟ କରିବା ସହ ଉନ୍ନୟନମୂଳକ କାର୍ଯ୍ୟରେ ମୋଟା ଅଙ୍କର ପିସି ନେଇ ଉପରିସ୍ଥ ଅଧିକାରୀଙ୍କୁ ଦେଇ ନିର୍ବାଚିତ ଜନପ୍ରତିନିଧିଙ୍କ ପ୍ରତି ହେୟ ମନୋଭାବ ପ୍ରଦର୍ଶନ ପ୍ରତିବାଦରେ ଏହି ଧାରଣା ଦିଆଯାଇଛି। ଧାରଣାରେ ପଞ୍ଚାୟତ ସମିତି ଅଧ୍ୟକ୍ଷ ଉମେଶଚନ୍ଦ୍ର ବେହେରା, ଉପାଧ୍ୟକ୍ଷ ସ୍ୱର୍ଣ୍ଣପ୍ରଭା ରାଉତ, ସରପଞ୍ଚ ତ୍ରିନାଥ ମହାନ୍ତି, ବିଜରାମ ପଣ୍ଡା, ସୁରେଶ ପଟ୍ଟନାୟକ, ନିରଞ୍ଜନ ବେହେରା, ପ୍ରଶାନ୍ତ ସାହୁ, ସବିତା ନନ୍ଦ, ନମିତା ବାରିକ, ବବିତାରାଣୀ ବେହେରା, ଗୀତାଞ୍ଜଳି ନାୟକ, ଅଶ୍ୱିନୀ ମହାନ୍ତି, ସମିତିସଭ୍ୟ ଅବିନାଶ ପ୍ରଧାନ, କଲ୍ୟାଣୀ ବଡୁ, ଏଲିଜାବେଥ୍ ସାହୁ, ପ୍ରଦୀପ ପରିଡା, ସମ୍ପଦ ମହାନ୍ତି, ମମତା ଚମ୍ପିଆ, ମୀତାରାଣୀ ବାରିକ, ଗାୟତ୍ରୀ ବେହେରା, କଲ୍ୟାଣୀ ଭୋଇ ସାମିଲ୍ ହୋଇଛନ୍ତି। ପ୍ରଥମ ଦିନରେ ବିଡିଓ ଧର୍ମରଞ୍ଜନ ପଣ୍ଡା ଧାରଣାସ୍ଥଳକୁ ଯାଇ ଆଲୋଚନା କରିଥିଲେ ମଧ୍ୟ କୌଣସି ଫଳ ମିଳି ନ ଥିଲା। ଫଳରେ ଧାରଣା ଜାରି ରହିଛି। ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଏହି ଧାରଣା ଚାଲୁ ରହିବ ବୋଲି ନିର୍ବାଚିତ ଜନପ୍ରତିନିଧି ସୂଚନା ଦେଇଛନ୍ତି।

### ଚାରିମାଣିଆ-କରମୁଆଁ ଭାୟା କେରଙ୍ଗା ରାସ୍ତା

## ନିର୍ମାଣ କାର୍ଯ୍ୟରେ ଅନିୟମିତତା ଅଭିଯୋଗ

ସାଲେପୁର,୧।୧୨(ସମିସ): ରାସ୍ତା ନିର୍ମାଣର କିଛି ଘଣ୍ଟା ନ ବିତୁଣୁ ରାସ୍ତାରୁ ଫଡ଼ା ଫଡ଼ା ପିଚୁ ଉଠିଯାଉଥିବାରୁ ସ୍ଥାନୀୟ ଗ୍ରାମବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ରାସ୍ତା ନିର୍ମାଣ କାର୍ଯ୍ୟ ଅତ୍ୟନ୍ତ ନିମ୍ନମାନର ହୋଇଥିବା ଅଭିଯୋଗ କରି ସ୍ଥାନୀୟ ଲୋକେ ଏହାକୁ ପ୍ରତିବାଦ କରିବା ସହ ନିମ୍ନମାନର ରାସ୍ତା କାମ କରୁଥିବା ଠିକାଦାରଙ୍କ ବିଲ୍ ବନ୍ଦ କରିବାକୁ ଦାବି କରିଛନ୍ତି। ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ଚାରିମାଣିଆ ବଜାରଠାରୁ କରମୁଆଁ ଭାୟା କେରଙ୍ଗା ମାଣିତ୍ରୀ ରାସ୍ତା ନିର୍ମାଣ କାର୍ଯ୍ୟ ଚାଲିଥିବାବେଳେ ଠିକାଦାର ଜଣକ ଏହି ନିର୍ମାଣ କାର୍ଯ୍ୟରେ ନିମ୍ନମାନର ସାମଗ୍ରୀ ବ୍ୟବହାର କରୁଥିବାରୁ ରାସ୍ତା ନିର୍ମାଣର କିଛି ଘଣ୍ଟା ନ ପୂରୁଣୁ ରାସ୍ତାରୁ ଫଡ଼ାଫଡ଼ା ପିଚୁ ଉଠିଯାଉଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏହି ରାସ୍ତାର ଝରମୁହଁ-କରମୁଆଁ ରାସ୍ତାର ଆଖଣ୍ଡଳମଣି ମନ୍ଦିର ନିକଟରେ ଥିବା ରାସ୍ତାରୁ ପିଚୁ ଉଠିଯାଉଥିବାରୁ ସ୍ଥାନୀୟ ଗ୍ରାମବାସୀ ପ୍ରତିବାଦ କରିବା ସହ ନିମ୍ନମାନର ରାସ୍ତା ନିର୍ମାଣ କରୁଥିବା ଠିକାଦାରଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ ପାଇଁ ଦାବି କରିଛନ୍ତି।



## ମହାବିଦ୍ୟାଳୟ ଅଧ୍ୟକ୍ଷଙ୍କୁ ଅବସର ସମ୍ବର୍ଦ୍ଧନା

ତିଗିରିଆ,୧।୧୨(ସମିସ): ତିଗିରିଆ ବ୍ଲକ ନୂଆପାଟଣା ପଞ୍ଚାୟତ ଚୈତନ୍ୟ ସାହୁ ବିଜ୍ଞାନ ଓ କଳା ସ୍ନାତକ ମହାବିଦ୍ୟାଳୟର ଅଧ୍ୟକ୍ଷ ଜଗବନ୍ଧୁ ଦାସଙ୍କୁ ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ମହାବିଦ୍ୟାଳୟର ନୂତନ ଅଧ୍ୟକ୍ଷ ବିଜୟ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ରାଜ୍ୟ ସରକାରଙ୍କ ଉଚ୍ଚଶିକ୍ଷା ବିଭାଗର ଅବସରପ୍ରାପ୍ତ ଡେପୁଟି ଡାଇରେକ୍ଟର ଡ. ଦେବେନ୍ଦ୍ର ବେହେରା ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବେ ଅବସର ଗ୍ରହଣ କରୁଥିବା ଅଧ୍ୟକ୍ଷ ଶ୍ରୀ ଦାସଙ୍କ ଶଶୁର ତଥା ଆଠଗଡ ଗୋପବନ୍ଧୁ ବିଜ୍ଞାନ ମହାବିଦ୍ୟାଳୟର ଅବସରପ୍ରାପ୍ତ ଅଧ୍ୟକ୍ଷ ଶରତ ଭଞ୍ଜ, ଶାଶୂ ସମାଜସେବୀ ଉଷାରାଣୀ ଭଞ୍ଜ, ଧର୍ମପତ୍ନୀ ତୃପ୍ତିଶ୍ରୀ ଦାସ, ସାଲେପୁର ବହୁଗ୍ରାମ ମହାବିଦ୍ୟାଳୟର ଓଡ଼ିଆ ବିଭାଗ ଅବସରପ୍ରାପ୍ତ ଅଧ୍ୟାପକ ନାରାୟଣ ସାହୁ, ୪୨ମୌଜା ସୁଦର୍ଶନ ସ୍ନାତକ ମହାବିଦ୍ୟାଳୟ ଅବସରପ୍ରାପ୍ତ ଅଧ୍ୟକ୍ଷ ଡ. ବିଜୟ ପଟ୍ଟନାୟକ, ଭୁବନେଶ୍ୱର ପଟିଆ ମହାବିଦ୍ୟାଳୟର ଅବସରପ୍ରାପ୍ତ ଓଡ଼ିଆ ଅଧ୍ୟାପକ ଡ. ଦିବାକର ତ୍ରିପାଠୀ, ଅବସରପ୍ରାପ୍ତ ବାୟୁସେନା ଅଧିକାରୀ ପ୍ରଦୀପ ପଟ୍ଟନାୟକ, ବହୁଗ୍ରାମ ଡାକଘର ପୋଷ୍ଟାଲ ଆସିଷ୍ଟାଣ୍ଟ ନିମାଇଁ ଚରଣ ମହାରଣା, ଚୈତନ୍ୟ ସାହୁ ବିଜ୍ଞାନ ଓ କଳା ସ୍ନାତକ ମହାବିଦ୍ୟାଳୟର ଏଜୁକେସନ ଅଧ୍ୟାପକ ବିନାୟକ ପଣ୍ଡା, ଇତିହାସ ଅଧ୍ୟାପିକା ସିପ୍ରା ମହାପାତ୍ର, ଇଂରାଜୀ ଅଧ୍ୟାପକ ଦେବରାଜ ପଣ୍ଡା, ଏଜୁକେସନ ଡେମୋନଷ୍ଟ୍ରେଟର ସରୋଜ କିଶୋର ପାଣିଗ୍ରାହୀ ଯୋଗଦେଇଥିଲେ। ମହାବିଦ୍ୟାଳୟର କ୍ରୀଡା ଶିକ୍ଷକ ଶୁଭେନ୍ଦୁ କୁମାର ସାହୁ ସଂଯୋଜନା କରିଥିଲେ।



## ବଡ଼ମ୍ବା ବିଧାୟକଙ୍କୁ ନାଗରିକ ମଞ୍ଚର ଦାବିପତ୍ର



ବଡ଼ମ୍ବା,୧।୧୨(ସମିସ): ବଡ଼ମ୍ବା ବ୍ଲକ ନାଗରିକ ମଞ୍ଚ ତରଫରୁ ବଡ଼ମ୍ବା ବିଧାୟକ ବିଜୟ କୁମାର ଦଳବେହେରାଙ୍କୁ ଅଞ୍ଚଳର ବିଭିନ୍ନ ସମସ୍ୟା ନେଇ ଏକ ୪ ଦଫା ଦାବିପତ୍ର ପ୍ରଦାନ କରାଯାଇଛି। ନାଗରିକ ମଞ୍ଚର ସଭାପତି ଦାମୋଦର ରଣାଙ୍କ ନେତୃତ୍ୱରେ ଏହି ଦାବିପତ୍ର ଦିଆଯାଇଛି। ମୁଖ୍ୟତଃ, ପୂର୍ବରୁ ‘ଶକ୍ତି ସୁଗାର କମ୍ପାନୀ’ ଦ୍ୱାରା ଆଖୁ ଚାଷ ପାଇଁ ୪୦ ହେକ୍ଟର ଜମିରେ କରାଯାଇଥିବା ନଷ୍ଟ ହୋଇଯାଇଥିବା ଜଳସେଚନ ବ୍ୟବସ୍ଥାର ପୁନରୁଦ୍ଧାର ପାଇଁ ଦାବି କରାଯାଇଛି। ଏହାସହ ୩୬ କୋଟି ଟଙ୍କା ବ୍ୟୟରେ ଉନ୍ନତିକରଣ ହୋଇଥିବା ବଡ଼ମ୍ବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଶିଶୁ ବିଶେଷଜ୍ଞ, ସ୍ତ୍ରୀ ଓ ପ୍ରସୂତି ବିଭାଗ ବିଶେଷଜ୍ଞ ଏବଂ ମେଡିସିନ୍ ବିଶେଷଜ୍ଞ ଡାକ୍ତରଙ୍କ ସମେତ ଅନ୍ୟାନ୍ୟ ଡାକ୍ତର ନିଯୁକ୍ତି ଦିଆଯାଉ ବୋଲି ମଧ୍ୟ ଦାବି କରାଯାଇଛି। ବର୍ତ୍ତମାନ ଏହି କେନ୍ଦ୍ରରେ ମାତ୍ର ୨ ଜଣ ଡାକ୍ତର ଅଛନ୍ତି। ଅନ୍ୟ ଦୁଇଟି ମୁଖ୍ୟ ଦାବି ମଧ୍ୟରେ ସୁନାପାଳଠାରେ ନିର୍ମାଣାଧୀନ ଥିବା ଆଇଟିଆଇ କାର୍ଯ୍ୟ ପାଇଁ ବଳକା ୬ କୋଟି ଟଙ୍କା ମଞ୍ଜୁର କରାଯାଇ ଅର୍ଦ୍ଧନିର୍ମିତ କାର୍ଯ୍ୟକୁ ତୁରନ୍ତ ଶେଷ କରିବାକୁ ନିବେଦନ କରାଯାଇଛି। ଶେଷରେ, ରାଜସ୍ୱ ସମ୍ବନ୍ଧୀୟ ମାମଲା ପାଇଁ ବଡ଼ମ୍ବା ଓ ନରସିଂହପୁରର ଜନସାଧାରଣଙ୍କୁ ୧୦୦ କିମି ଦୂରକୁ ଯିବାକୁ ପଡୁଥିବାରୁ ଏହି ଦୁଇ ବ୍ଲକରେ ଉପଜିଲ୍ଲାପାଳଙ୍କ କ୍ୟାମ୍ପ କୋର୍ଟ ଆୟୋଜନ କରିବାକୁ ଦାବି କରାଯାଇଛି। ନାଗରିକ ମଞ୍ଚ ପକ୍ଷରୁ ଏହି ଦାବିଗୁଡ଼ିକ ଉପରେ ତୁରନ୍ତ ପଦକ୍ଷେପ ନେବାକୁ ବିଧାୟକ ଶ୍ରୀ ଦଳବେହେରାଙ୍କୁ ଅନୁରୋଧ କରାଯାଇଛି। ଦାବିପତ୍ର ପ୍ରଦାନ ସମୟରେ ମଞ୍ଚର ସମ୍ପାଦକ ମନୋଜ ପଟ୍ଟନାୟକ ଓ ଅନ୍ୟ ସଦସ୍ୟ ଉପସ୍ଥିତ ଥିଲେ।

## ଅଲ୍ ଇଣ୍ଡିଆ ଶଙ୍ଖାମେରୀ ପ୍ରିମିୟର ଲିଗ୍ ଉଦ୍‌ଘାଟିତ



ବଡ଼ମ୍ବା,୧।୧୨(ସମିସ): ବଡ଼ମ୍ବା ବ୍ଲକ ଅନ୍ତର୍ଗତ ଶଙ୍ଖାମେରୀ ହାଇସ୍କୁଲ ପଡ଼ିଆରେ ବାପୁଜୀ କ୍ରିକେଟ କ୍ଲବ୍ ଆନୁକୂଲ୍ୟରେ ଚାଲିଥିବା ପଞ୍ଚମ ଅଲ୍ ଇଣ୍ଡିଆ ଶଙ୍ଖାମେରୀ ପ୍ରିମିୟର ଲିଗ୍ (ପଚାଶ ବଲ୍ ଲିଗ୍) ସୋମବାର ଉଦଘାଟିତ ହୋଇଯାଇଛି। ପ୍ରଥମ ଦିନରେ ଦୁଇଟି ଲିଗ୍ ମଧ୍ୟରୁ ପ୍ରଥମ ଲିଗ୍ ମ୍ୟାଚ୍ ଭଦ୍ରକ ବନାମ ନୟାଗଡ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଏହି ମ୍ୟାଚରେ ଭଦ୍ରକ ବିଜୟଲାଭ କରିଥିବା ବେଳେ ଦ୍ୱିତୀୟ ଲିଗ୍ ମ୍ୟାଚ୍ ଷ୍ଟାର ଇଲେଭେନ ପୁରୀ ବନାମ କେନ୍ଦ୍ରାପଡା ମଧ୍ୟରେ ଆୟୋଜିତ ମ୍ୟାଚରେ ପୁରୀ ବିଜୟଲାଭ କରିଛି। ଆଜିର ମ୍ୟାଚରେ ମୁଖ୍ୟଅତିଥି ଭାବେ ବଡ଼ମ୍ବା ବ୍ଲକ୍ ପୂର୍ବତନ ଅଧ୍ୟକ୍ଷ ବିଭୁଦତ୍ତ ପଟ୍ଟନାୟକ ମୁଖ୍ୟଅତିଥି ଭାବେ ଯୋଗଦାନ କରିଥିଲେ। ଖେଳକୁ ଅମ୍ପାୟର ସତ୍ୟନାରାୟଣ ସାବତ ଏବଂ ଜ୍ଞାନ ରଞ୍ଜନ ସ୍ୱାଇଁ ପରିଚାଳନା କରିବା ବେଳେ ରାକେଶ ଏବଂ ବୁଦ୍ଧଦେବ ଧାରା ବିବରଣୀ ପ୍ରଦାନ କରିଥିଲେ।

## ବକେୟା ପ୍ରାପ୍ୟ ଦାବିରେ ଲିବ୍ରା କାର୍ପେଟ ଶ୍ରମିକଙ୍କ ଆନ୍ଦୋଳନ


ଚୌଦ୍ୱାର,୧।୧୨(ସମିସ): ବନ୍ଦ ପଡ଼ିଥିବା ଚୌଦ୍ୱାରସ୍ଥିତ ଲିବ୍ରା କାର୍ପେଟ କାରଖାନାର ଶ୍ରମିକଙ୍କ ସମସ୍ତ ବକେୟା ପ୍ରାପ୍ୟ ପ୍ରଦାନ ଓ କାରଖାନା ପୁନର୍ଗଠନ ଦାବିରେ ଲିବ୍ରା ଶ୍ରମିକ ସଂଗଠନ ତରଫରୁ ଲିବ୍ରା ଗେଟ ସମ୍ମୁଖରେ ସୋମବାରଠାରୁ ଗଣଧାରଣା ଆରମ୍ଭ ହୋଇଛି। ଚାମ୍ପାଦାନୀ ଗ୍ରୁପ ଅଫ୍ କମ୍ପାନୀ ଦ୍ୱାରା ଚୌଦ୍ୱାରଠାରେ ପରିଚାଳିତ ଲିବ୍ରା କାର୍ପେଟ ଓ ଲିବ୍ରା ଏକସପୋଟରର୍ସ ଲିମିଟେଡ ନାମକ ଏକ ଝୋଟ କାରଖାନା ପରିଚାଳନାଗତ ତ୍ରୁଟି ହେତୁ ୨୦୧୫ରୁ ସଂପୂର୍ଣ୍ଣ ବନ୍ଦ ହୋଇଯାଇଛି। କମ୍ପାନୀରେ କାର୍ଯ୍ୟରତ ବହୁ ଶ୍ରମିକଙ୍କ ବକେୟା ପ୍ରାପ୍ୟ କାରଖାନା ବନ୍ଦଠାରୁ ଏଯାବତ୍ ମିଳିନାହିଁ। କମ୍ପାନୀର କୌଣସି ଅଧିକାରୀ କମ୍ପାନୀକୁ ନ ଆସିବା ଏବଂ ବନ୍ଦ କାରଖାନାର ରକ୍ଷଣାବେକ୍ଷଣ ଦାୟିତ୍ୱ ଏକ ସିକ୍ୟୁରିଟି ସଂସ୍ଥାକୁ ଦେଇ ଫେରାର ହୋଇଯାଇଥିବା ଶ୍ରମିକମାନେ କ୍ଷୋଭ ପ୍ରକାଶ କରିଛନ୍ତି। ଏଭଳି ପରିସ୍ଥିତିରେ ଗତ ୨୫ ତାରିଖରେ କାରଖାନାରୁ ପୁରୁଣା ମେସିନ ଉଠାଯାଉଥିବା ଏବଂ ଏହାକୁ ବାହାରକୁ ଚାଲାଣ ହେବାକୁ ଥିବା ଖବରପାଇ କିଛି ଶ୍ରମିକ ଗାଡ଼ିଗୁଡ଼ିକ ଅଟକାଇବା ସହିତ ଯନ୍ତ୍ରାଂଶଗୁଡ଼ିକୁ ବାହାରକୁ ଯିବାକୁ ଦେଇ ନ ଥିଲେ। ଫଳରେ ସିକ୍ୟୁରିଟି କର୍ମଚାରୀ ଗାଡିଗୁଡିକୁ କାରଖାନାରେ ଅଟକ ରଖି ଚୌଦ୍ୱାର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଶ୍ରମିକଙ୍କ ନ୍ୟାଯ୍ୟ ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବା ସହିତ ଆଗାମୀ ଦିନରେ ଅହୋରାତ୍ର ଆନ୍ଦୋଳନ କରାଯିବ ବୋଲି ହରିଶଙ୍କର ନାୟକ, ଚିତ୍ତରଞ୍ଜନ ବାରିକ, ପୂର୍ଣ୍ଣଚନ୍ଦ୍ର ସାହୁ, ତ୍ରିଲୋଚନ ସାହୁ, ଅନିରୁଦ୍ଧ ସାହୁ, ମୁରଲୀଧର ବେହେରା ପ୍ରକାଶ କରିଛନ୍ତି।




## ଜିଲ୍ଲାସ୍ତରୀୟ ଗୀତା ଆବୃତ୍ତି ପ୍ରତିଯୋଗିତାରେ ୨ ଛାତ୍ରୀଙ୍କ ସଫଳତା

ତିଗିରିଆ,୧।୧୨(ସମିସ): ପ୍ରଜ୍ଞାନ ମିଶନ ଦ୍ୱାରା ଆୟୋଜିତ ଜିଲ୍ଲାସ୍ତରୀୟ "ଗୀତା ସୁଗୀତା କର୍ତ୍ତବ୍ୟା’ କାର୍ଯ୍ୟକ୍ରମରେ ଅନୁଷ୍ଠିତ ଗୀତା ଆବୃତ୍ତି ପ୍ରତିଯୋଗିତାରେ ତିଗିରିଆ ବ୍ଲକ ଖଣ୍ଡହତା ଶ୍ରୀ ଜଗନ୍ନାଥ ନୋଡାଲ ବିଦ୍ୟାପୀଠର ଦଶମ ଶ୍ରେଣୀର ଛାତ୍ରୀ ହରପ୍ରିୟା ପ୍ରଧାନ ପ୍ରଥମ ସ୍ଥାନ ଓ ନୂଆପାଟଣା ପିଏମଶ୍ରୀ ଅର୍ଜୁନ ସୁବୁଦ୍ଧି ଉଚ୍ଚ ବିଦ୍ୟାଳୟର ଦଶମ ଶ୍ରେଣୀର ଛାତ୍ରୀ ନନ୍ଦିନୀ ଦାସ ତୃତୀୟ ସ୍ଥାନ ଅଧିକାର କରି ଆସନ୍ତା ୨୬ରୁ ପୁରୀର ବାଲିଘାଇଠାରେ ରାଜ୍ୟସ୍ତରୀୟ ପ୍ରତିଯୋଗିତା ପାଇଁ ଯୋଗ୍ୟତା ଅର୍ଜନ କରିଛନ୍ତି। ରବିବାର କଟକ ସେଣ୍ଟ ଜାଭିୟର ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ଏହି ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ଜିଲ୍ଲାର ମୋଟ ୧୪ଟି ବ୍ଲକର ୧୧୬ ଜଣ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ଏଥିରେ ଉଭୟ ଛାତ୍ରୀଙ୍କ ସଫଳତା ପାଇଁ ତିଗିରିଆ ବ୍ଲକ ଶିକ୍ଷାଧିକାରୀ ଅମର ମହାରଣା ଅଭିନନ୍ଦନ ଜଣାଇବା ସହ ଆୟୋଜକ ପିଏମଶ୍ରୀ ଅର୍ଜୁନ ସୁବୁଦ୍ଧି ଉଚ୍ଚ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ସୁଶାନ୍ତ ସାହୁ ଓ ଜେମାଦେଇପୁର ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିଚିତ୍ରାନନ୍ଦ ବେହେରାଙ୍କୁ ଧନ୍ୟବାଦ ଜଣାଇଛନ୍ତି।





### ସ୍ଥାୟୀ ସାପ୍ତାହିକ ହାଟ ନିର୍ମାଣ ପାଇଁ ଶିଳାନ୍ୟାସକୁ ୫ ମାସ ବିତିଲା

# ଖୋଲା ଆକାଶ ତଳେ ବସୁଛନ୍ତି ବ୍ୟବସାୟୀ

ନେମାଳ,୧।୧୨(ସମିସ):

ରାଜ୍ୟ ସରକାର କୃଷିର ବିକାଶକୁ ଅଗ୍ରାଧିକାର ଦେବା ସହିତ ଚାଷୀଙ୍କୁ ଉପଯୁକ୍ତ ପ୍ରାପ୍ୟ ପାଇବା ଉପରେ ଅଧିକ ଗୁରୁତ୍ୱ ଦେଉଥିବା କହୁଥିବା ବେଳେ ମହାନଦୀ-ଚିତ୍ରୋତ୍ପଳା ଓ ଲୁଣା -ଚିତ୍ରୋତ୍ପଳା ଦ୍ୱିପାଞ୍ଚଳରେ ତାହା ପ୍ରହସନରେ ପରିଣତ ହୋଇଛି। ଯାହାର ନଗ୍ନ ନମୁନା ଦେଖିବାକୁ ମିଳିଛି ନିଶ୍ଚିନ୍ତକୋଇଲି ବ୍ଲକ ନେମାଳ ଶତାୟୁ ଶ୍ରୀ ଅଚ୍ୟୁତ ସପ୍ତାହିକ ହାଟର ବିକଳ ଚିତ୍ରରୁ। ଖବର ନେବାରୁ ଜଣାପଡିଛି ଦ୍ୱିପାଞ୍ଚଳର ୭୦ଭାଗ ପରିବାର ମୁଖ୍ୟତଃ ଚାଷ ଉପରେ ନିର୍ଭର କରି ନିଜ ନିଜର ପରିବାର ପ୍ରତିପୋଷଣ କରିବା ସହିତ ନିଜର ଜୀବିକା ନିର୍ବାହ କରିଆସୁଛନ୍ତି। ହେଲେ ହାଟଟି ପ୍ରଥମରୁ ମହାପୁରୁଷ ଅଚ୍ୟୁତାନନ୍ଦ ପୀଠ ନିକଟରେ ପରିଚାଳତ ହେଉଥିବା ବେଳେ ପୀଠର ବିକାଶ ପାଇଁ ହାଟ କର୍ମକର୍ତ୍ତା, ବ୍ୟବସାୟୀ, ଚାଷୀ ଏକତ୍ର ହୋଇ ନଦୀ ବାନ୍ଧ ପାଖକୁ ହାଟକୁ ସ୍ଥାନାନ୍ତରିତ କରି ଦୀର୍ଘ ୮ ବର୍ଷରୁ ଉର୍ଦ୍ଧ୍ୱ ସମୟ ହେବ ଖରା ବର୍ଷା ଶୀତ କାକରରେ ଜରିପାଲ ତଳେ ବ୍ୟବସାୟ କରି ଆସୁଥଲେ ମଧ୍ୟ ସରକାର ଚାଷୀ, ବ୍ୟବସାୟୀ, ଖାଉଟିଙ୍କ ପାଇଁ କୌଣସି ସୁବ୍ୟବସ୍ଥା ଗ୍ରହଣ କଲେ ନାହିଁ। ଫଳରେ ସାଧାରଣରେ ଏନେଇ ତୀବ୍ର ଅସନ୍ତୋଷ ଦେଖାଦେବାରୁ କଟକ ସଦର ବିଧାୟକ ପ୍ରକାଶ ସେଠୀ ଗତ ଜୁନ ମାସ ୨ ତାରିଖରେ ସ୍ଥାୟୀ ହାଟ ନିର୍ମାଣ ଲାଗି ଭିତ୍ତିପ୍ରସ୍ତର ଶୁଭ ଶିଳାନ୍ୟାସ କରିଥିଲେ ମଧ୍ୟ ଅଦ୍ୟାବଧି ଦୀର୍ଘ ୫ ମାସ ବିତିଥିଲେ ମଧ୍ୟ ସାମାନ୍ୟ ଟିକେ କାର୍ଯ୍ୟର ଅଗ୍ରଗତି ଦେଖିବାକୁ ମିଳୁ ନ ଥିବା ଦେଖିବାକୁ ମିଳିଛି। ଫଳରେ ସପ୍ତାହର ବୁଧବାର ଓ ରବିବାର ଶସ୍ତା ଓ ତଟକା ପରିବା ପାଇଁ ସୁନାମ ଅର୍ଜନ କରିଥିବା ଏହି ହାଟ ଉପରେ ନିର୍ଭର କରୁଥିବା ଆଖପାଖ ୨୦ଟି ପଞ୍ଚାୟତର ଜନସାଧାରଣଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଯାଇଛି। ତୁରନ୍ତ ରାଜ୍ୟ ସରକାର, ସ୍ଥାନୀୟ ବିଧାୟକ ଓ ଜିଲ୍ଲାପାଳ ଦୃଷ୍ଟିଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

### ପ୍ରେସର କୁକର ଫାଟି ଛାତ୍ର ଗୁରୁତର ଘଟଣା

# ବିଧାନସଭାରେ ବିଜେଡିର ଉଦ୍‌ବେଗ

ଭୁବନେଶ୍ୱର, ୧।୧୨(ସମିସ): ନବରଙ୍ଗପୁର ଜିଲ୍ଲା କୋଷାଗୁମଡ଼ା ବ୍ଲକ କେ.ସେମଲା ଗାଁର ଏକ ସ୍କୁଲ ହଷ୍ଟେଲରେ ପ୍ରେସର କୁକର ଫାଟି ଜଣେ ଛାତ୍ର ଗୁରୁତର ହେବା ଘଟଣାକୁ ନେଇ ସୋମବାର ବିଧାନସଭାରେ ଗଭୀର ଉଦ୍‌ବେଗ ପ୍ରକାଶ ପାଇଛି। ଛାତ୍ରଟି ଆହତ ହେବା ପରେ ତାଙ୍କୁ ସଙ୍ଗେ ସଙ୍ଗେ ଡାକ୍ତରଖାନାକୁ ନିଆନଯିବା ଏବଂ ଏପରି ଅଭାବନୀୟ ସ୍ଥିତି କିପରି ଘଟିଲା ତାହାକୁ ନେଇ ବିଜେଡିର ବିଧାୟକମାନେ କ୍ଷୋଭ ପ୍ରକାଶ କରିଥିଲେ। ଏହାର ଉଚ୍ଚସ୍ତରୀୟ ତଦନ୍ତ କରାଯାଇ ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିଧାୟକମାନେ ଦାବି କରିଥିଲେ। ଅପରପକ୍ଷେ, ବିଜେଡିର ଅଭିଯୋଗ ଉପରେ ପାଲଟା ଅଭିଯୋଗ ଆଣିଥିଲେ ନବରଙ୍ଗପୁର ବିଜେପି ବିଧାୟକ ଗୌରୀଶଙ୍କର ମାଝୀ। ଏପରି ଦୁଃଖଦପୂର୍ଣ୍ଣ ଘଟଣାରେ ଆମ ପିଲାମାନଙ୍କୁ ନେଇ ବିରୋଧୀ ରାଜନୀତି କରୁଛନ୍ତି ବୋଲି ସେ ଯୁକ୍ତି ବାଢ଼ିଥିଲେ।

ଆଜି ଶୂନ୍ୟକାଳରେ ପ୍ରଥମେ ଉପରୋକ୍ତ ପ୍ରସଙ୍ଗ ଉଠାଇଥିଲେ ବିଜେଡି ବିଧାୟକ ରମେଶ ଚନ୍ଦ୍ର ବେହେରା। ସେ କହିଥିଲେ ଯେ କେଉଁ ପରିସ୍ଥିତିରେ ଏପରି ଘଟଣା ଘଟିଲା, ତାହାର ପୁଙ୍ଖନାପୁଙ୍ଖ ତଦନ୍ତର ଆବଶ୍ୟକତା ରହିଛି। ବିଧାୟକ ପ୍ରଦୀପ ଦିଶାରୀ କହିଥିଲେ, ବିଭିନ୍ନ ସୂତ୍ରରୁ ଶୁଣିବାକୁ ମିଳୁଛି ଯେ ଉକ୍ତ ହଷ୍ଟେଲରେ କର୍ମଚାରୀଙ୍କ ଦରମା ବନ୍ଦ ଅଛି। ଅନ୍ୱେଷା ଯୋଜନା ବନ୍ଦ କରିବାକୁ ସରକାର ଉଦ୍ୟମ କରୁଥିବା ବେଳେ ଏପରି ସ୍ପର୍ଶକାତର ଘଟଣା ଘଟିବା ଦୁର୍ଭାଗ୍ୟଜନକ। ବିଧାୟକ ଧ୍ରୁବଚରଣ ସାହୁ ଟଣାର ଉଚ୍ଚସ୍ତରୀୟ ତଦନ୍ତ କରି ଦୋଷୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି କରିଥିଲେ। ବିଧାୟକ ଗୌତମବୁଦ୍ଧ ଦାସ କହିଥିଲେ ଯେ ରାଜ୍ୟରେ ଆଦିବାସୀ ମୁଖ୍ୟମନ୍ତ୍ରୀ ଏବବଂ ଶିକ୍ଷାମନ୍ତ୍ରୀ ଥିବା କାରଣରୁ ଆଦିବାସୀ ପିଲାଙ୍କୁ ଉନ୍ନତ ସୁରକ୍ଷା ଏବଂ ଶିକ୍ଷା ମିଳିବ ବୋଲି ସମସ୍ତେ ଆଶା ରଖିଥିଲେ। ମାତ୍ର ସରକାର ଅନ୍ୱେଷା ଯୋଜନାକୁ ବନ୍ଦ କରିବାକୁ ଉଦ୍ୟମ କରୁଥିବା ବେଳେ ଏହି ଦୁର୍ଘଟଣା ଏହାର ପରିଣତି ନୁହେଁ ତ ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଲାଣି।

### ଏସ୍‌ଆଇ ଚାକିରି ବିକ୍ରି ମାମଲା

# ୨ ଦିନିଆ ରିମାଣ୍ଡରେ ଅରବିନ୍ଦ

ଭୁବନେଶ୍ୱର, ୧।୧୨(ସମିସ): ଏସ୍‌ଆଇ ଚାକିରି ବିକ୍ରି ମାମଲାରେ ୪ ମଧ୍ୟସ୍ଥଙ୍କ ସିବିଆଇ ରିମାଣ୍ଡ ଶେଷ ହେବା ପରେ ସୋମବାର ଆଉ ଜଣେ ମଧ୍ୟସ୍ଥକୁ ରିମାଣ୍ଡରେ ନେଇଛି ସିବିଆଇ। ସେ ହେଲା, ବାଲେଶ୍ୱର ଜିଲ୍ଲାର ଅରବିନ୍ଦ ଦାସ। ଅରବିନ୍ଦଙ୍କୁ ୩ଦିନିଆ ରିମାଣ୍ଡ ପାଇଁ ସିବିଆଇ ଆବେଦନ କରିଥିବା ବେଳେ କୋର୍ଟ ୨ ଦିନ ପାଇଁ ଅନୁମତି ଦେଇଛନ୍ତି। ତଦନୁସାରେ, ସିବିଆଇ ଆଜି ସଂଧ୍ୟାରେ ତାଙ୍କୁ ରିମାଣ୍ଡରେ ନେଇଛି। ଅରବିନ୍ଦ ପଞ୍ଚସଫ୍ଟର ମାଲିକ ଶଙ୍କର ପୃଷ୍ଟିର ଘନିଷ୍ଠ ସହଯୋଗୀ। ସେ ଏସ୍‌ଆଇ ଚାକିରି ବିକ୍ରି କ୍ରାଇମ୍ ସିଣ୍ଡିକେଟ୍‌ର ଉତ୍ତର-ଓଡ଼ିଶା ମୁଖ୍ୟ ଭାବେ କାମ କରୁଥିଲା। ଦୀଘା ଚାପ୍ଟରକୁ ସେ ସମ୍ପୂର୍ଣ୍ଣ ଭାବେ ସମ୍ଭାଳୁଥିଲା। ଉତ୍ତର-ଓଡ଼ିଶାରେ ତାଙ୍କର ଦଲାଲ ନେଟ୍‌ୱର୍କ ରହିଥିଲା। ଅନେକ ଛୋଟ ଦଲାଲ, କୋଚିଂ ସେଣ୍ଟର କର୍ମଚାରୀ, ସରକାରୀ ଏବଂ ବେସରକାରୀ କଲେଜ କର୍ମଚାରୀଙ୍କୁ ସେ କମିସନ୍ ଦେଇ ନିଜ ପାଖରେ ରଖିଥିଲେ। ସୋମନଙ୍କ ଜରିଆରେ ଆଶାର୍ଥୀଙ୍କୁ କ୍ୟାସ ଫର୍ ଜବ୍ ସ୍କିମ୍‌ରେ ଚୟନ କରୁଥିଲେ। ନିଜେ କିଛି କମିସନ ରଖି ସମସ୍ତ ଟଙ୍କା ସଙ୍କର ପୃଷ୍ଟିଙ୍କୁ ହସ୍ତାନ୍ତର କରୁଥିବା ଜଣାପଡ଼ିଛି।

## ନବୀନଙ୍କ ଆଗରେ ଅଭିଯୋଗ ବାଢ଼ିଲେ ଭଦ୍ରକର ଦଳୀୟ ନେତା

# ଅଧ୍ୟକ୍ଷମାନଙ୍କୁ ଧମକାଇ ଦଳ ଛାଡ଼ିବାକୁ ବାଧ୍ୟ କରାଯାଉଛି

ଭୁବନେଶ୍ୱର, ୧।୧୨(ସମିସ): ଭଦ୍ରକରେ ଦେଖା ଦେଇଥିବା ରାଜନୈତିକ ହଟଚମଟକୁ ନେଇ ନବୀନ ନିବାସରେ ଦଳର ସଭାପତି ନବୀନ ପଟ୍ଟନାୟକ ଭଦ୍ରକ ଜିଲ୍ଲାର ବରିଷ୍ଠ ନେତାମାଙ୍କ ସହ ଆଲୋଚନା କରିବା ସହିତ ଦଳ କିପରି ଏଠାରେ ସଂଗଠିତ ହୋଇ ରହିବ, ସେନେଇ କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।

**ନିଜେ ବିଜେପି ରାଜ୍ୟ ସଭାପତି ଭିଆଉଛନ୍ତି ଏଭଳି କାଣ୍ଡ**

**ଅଧ୍ୟକ୍ଷମାନଙ୍କ ସହ ଆଲୋଚନା କରିବେ ପ୍ରଫୁଲ୍ଲ ସାମଲ**

ବୈଠକ ପରେ ଗଣମାଧ୍ୟମକୁ ସୂଚନା ଦେଇ ବରିଷ୍ଠ ବିଜେଡି ବିଧାୟକ ଡଃ ବ୍ୟୋମକେଶ ରାୟ କହିଛନ୍ତି ଯେ ବିଜେପି ସରକାର ଆସିବା ପରେ ବିଜେଡି ବ୍ଲକ୍ ଅଧ୍ୟକ୍ଷମାନଙ୍କ ଉପରେ ବିଭିନ୍ନ ଉପାୟରେ ଚାପ ପ୍ରୟୋଗ କରାଯାଉଛି। ସେମାନଙ୍କୁ ଡରାଇ ଧମକାଇ ବିଜେପି ନଜ ଦଳକୁ ନେବା ପାଇଁ ଉଦ୍ୟମ କରୁଛି। କଳ-ବଳ-କୌଶଳ ଲଗାଇ ବିଜେପି ଏହି କାମ କରୁଥିବା ଯୋଗୁଁ ଜିଲ୍ଲାରେ ୪ ଜଣ ବ୍ଲକ୍ ଅଧ୍ୟକ୍ଷ ବିଜେଡିରୁ ଇସ୍ତଫା ଦେଇଛନ୍ତି। ନିଜେ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ ଏହି କାର୍ଯ୍ୟ କରୁଛନ୍ତି ଓ ଏହାଦ୍ୱାରା ଗଣତାନ୍ତ୍ରିକ ପରମ୍ପରାରେ ଏକ କଳୁଷିତ ବାତାବରଣ ସୃଷ୍ଟି ହେଉଛି।



ଭଦ୍ରକ ଜିଲ୍ଲାରେ ଯେଉଁ ଅଧ୍ୟକ୍ଷମାନେ ଦଳ ଛାଡ଼ି ଯାଉଛନ୍ତି, ସେମାନେ ଦଳରୁ ଗଲେ କୌଣସି ପ୍ରଭାବ ପଡ଼ିବ ନାହିଁ। ଜିଲ୍ଲାର ବିଧାୟକ ପ୍ରାର୍ଥୀ ଓ ବିଧାୟକମାନଙ୍କ ବିଜୁ ଜନତା ଦଳ ସଂଗଠନ ଉପରେ ସମ୍ପୂର୍ଣ୍ଣ କର୍ତ୍ତୃତ୍ୱ ରହିଛି। ଆଗାମୀ ପଞ୍ଚାୟତ ନିର୍ବାଚନରେ ବିଜେଡି ଭଦ୍ରକ ଜିଲ୍ଲାରେ ବହୁତ ଭଲ ଫଳାଫଳ କରିବ।

ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ ମଲ୍ଲିକ କହିଛନ୍ତି ଯେ ଦଳର ସଭାପତି ନବୀନ ପଟ୍ଟନାୟକ ଆମ ଦଳର ବରିଷ୍ଠ ଉପସଭାପତି ପ୍ରଫୁଲ୍ଲ ସାମଲଙ୍କୁ ଭଦ୍ରକ ଜିଲ୍ଲାର ଦାୟିତ୍ୱ ଦେଇଛନ୍ତି। ଯେଉଁ ଅଧ୍ୟକ୍ଷମାନେ ଦଳ ଛାଡୁଛନ୍ତି ବା ଏଭଳି ଆଶଙ୍କା ରହୁଛି, ଦଳର ନେତାମାନଙ୍କ ସହ ସେ ଆଲୋଚନା କରିବେ। ଜିଲ୍ଲାରେ ଦଳର ସ୍ଥିତି ମଜଭୁତ କରିବାକୁ ସଭାପତି ତାଙ୍କୁ ଦାୟିତ୍ୱ ଦେଇଛନ୍ତି। ତେବେ ଏହି ନେତାମାନେ ଅନ୍ୟ ଦଳକୁ ଯିବା ଦ୍ୱାରା ବିଜେଡିରେ କୌଣସି କ୍ଷତି ହେବ ନାହିଁ ଶ୍ରୀ ମଲ୍ଲିକ ଦୋହରାଇଛନ୍ତି। ବରିଷ୍ଠ ବିଜେଡି ନେତା ପ୍ରଫୁଲ୍ଲ ସାମଲ କହିଛନ୍ତି, ଓଡ଼ିଶାର ପ୍ରିୟ ନେତା ହେଉଛନ୍ତି ନବୀନ ପଟ୍ଟନାୟକ। ନବୀନଙ୍କ ମୂଲ୍ୟବୋଧ ଓଡ଼ିଶାର ଯେକୌଣସି ନେତାଙ୍କ ମୂଲ୍ୟବୋଧଠାରୁ ଅଧିକ। ନବୀନ ପଟ୍ଟନାୟକଙ୍କୁ ଛାଡ଼ି କେହି ଯିବେ ନାହିଁ। ଯେଉଁମାନଙ୍କ କୌଣସି ମୂଲ୍ୟନାହିଁ, ସେମାନେ ଦଳ ଛାଡୁଛନ୍ତି। ବିଜୁ ଜନତା ଦଳରେ ମୁଁ ଅଛି, ଏହି ଦଳରେ ରହିବି ଓ ଦଳକୁ ମଜଭୁତ କରିବି ବୋଲି ପ୍ରଫୁଲ୍ଲ କହିଛନ୍ତି।

### ବାଙ୍କୀ ଜନଶୁଣାଣିରେ ଅଭାବନୀୟ ଘଟଣା

# ଭତ୍ତା ନ ମିଳିବାରୁ ମହିଳାଙ୍କ ଆତ୍ମାହୁତି ଉଦ୍ୟମ

କଟକ, ୧।୧୨ (ସମିସ): କଟକ ଜିଲ୍ଲା ବାଙ୍କୀ ବ୍ଲକ୍ କାର୍ଯ୍ୟାଳୟରେ ଚାଲିଥିବା ଜିଲ୍ଲାପାଳଙ୍କ ଜନଶୁଣାଣି ସମୟରେ ଏକ ଅଭାବନୀୟ ତଥା ହୃଦୟବିଦାରକ ଦୃଶ୍ୟ ଦେଖିବାକୁ ମିଳିଛି। ସରକାରୀ ସହାୟତା ପାଇବାରେ ବାରମ୍ବାର ବିଫଳ ହେବା ପରେ ଜଣେ ମହିଳା ନିଜ ଦେହରେ ପେଟ୍ରୋଲ ଢାଳି ଆତ୍ମାହୁତି ଉଦ୍ୟମ କରିଛନ୍ତି।



ଜିଲ୍ଲାପାଳଙ୍କ ସମ୍ମୁଖରେ ଦେହରେ ପେଟ୍ରୋଲ ଢାଳିଲେ ମହିଳା

ସୂଚନା ମୁତାବକ, ସ୍ୱାମୀଙ୍କ ମୃତ୍ୟୁ ପରେ ବୈଦେଶ୍ୱର ଗାଁର ମହିଳା ସସ୍ମିତା ମାଝୀ ଦୀର୍ଘ ଦିନ ଧରି ନିଜ ପରିବାର ଭତ୍ତା ବାବଦରେ ପ୍ରାପ୍ୟ ୨୦ ହଜାର ଟଙ୍କା ପାଇବା ପାଇଁ ସଂଘର୍ଷ କରୁଥିଲେ। ଏହି ପ୍ରାପ୍ୟ ପାଇବା ଲାଗି ସେ ବାରମ୍ବାର ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରିଣୀ ସସ୍ମିତା ସେଠୀଙ୍କ ନିକଟରେ ଅଭିଯୋଗ କରିଆସୁଥିଲେ। ମାତ୍ର ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରିଣୀ, ଲିଗାଲ ହେୟାର ସାର୍ଟିଫିକେଟ୍‌ରେ କିଛି ତ୍ରୁଟି ରହିଥିବା ଦର୍ଶାଇ ବାରମ୍ବାର ତାଙ୍କୁ ଫେରାଇ ଦେଉଥିଲେ। ବ୍ଲକ୍‌ରୁ ନିରନ୍ତର ନିରାଶ ଏବଂ ଅଧିକାରୀଙ୍କ ଉଦାସୀନତା ଯୋଗୁଁ ଆର୍ଥିକ ଅନାଟନରେ ଥିବା ସସ୍ମିତା ହତାଶ ହୋଇପଡ଼ିଥିଲେ। ଆଜି ଜିଲ୍ଲାପାଳଙ୍କ ଜନଅଭିଯୋଗ ଶୁଣାଣି ଚାଲିଥିବା ସମୟରେ ଉପସ୍ଥିତ ଅଧିକାରୀ ଓ ଜନସାଧାରଣଙ୍କ ସମ୍ମୁଖରେ ସସ୍ମିତା ନିଜ ଦେହରେ ପେଟ୍ରୋଲ ଢାଳି ନିଆଁ ଲଗାଇବାକୁ ଉଦ୍ୟମ କରିଥିଲେ। ତେବେ ତୁରନ୍ତ ସେଠାରେ ଉପସ୍ଥିତ ଥିବା ପୁଲିସ ଓ ସୁରକ୍ଷା କର୍ମୀମାନେ ତାଙ୍କଠାରୁ ପେଟ୍ରୋଲ ବୋତଲ ଛଡ଼ାଇ ନେବା ସହ ତାଙ୍କୁ ସୁରକ୍ଷିତ ଭାବରେ ଉଦ୍ଧାର କରିଥିଲେ। ସସ୍ମିତା କହିଛନ୍ତି ଯେ ଯଦି ଆଗାମୀ ଦିନରେ ତାଙ୍କ ସମସ୍ୟାର ସମାଧାନ ନ ହୁଏ, ତେବେ ସେ ପୁନର୍ବାର ଆତ୍ମାହୁତି ପରି ଚରମ ପଦକ୍ଷେପ ନେବାକୁ ବାଧ୍ୟ ହେବେ। ଏହି ଘଟଣା ସ୍ପଷ୍ଟ ଭାବରେ ଦର୍ଶାଉଛି ଯେ ସାଧାରଣ ଲୋକଙ୍କ ସମସ୍ୟାକୁ ସରକାରୀ କର୍ମଚାରୀମାନେ କିପରି ଅଣଦେଖା କରୁଛନ୍ତି ଏବଂ ଜନ ଅଭିଯୋଗ ଶୁଣାଣି ଭଳି କାର୍ଯ୍ୟକ୍ରମରେ ମଧ୍ୟ ଲୋକଙ୍କୁ କିପରି ନିରାଶ ହେବାକୁ ପଡୁଛି।

### ଋଣ କିସ୍ତି ଶୁଝି ନପାରିବାରୁ ଝିଅକୁ ମାଡ଼ ମାରି ଲହୁଲୁହାଣ

# ମୁଲତବୀ ଆଲୋଚନାରେ ବର୍ଷିଲେ ବିରୋଧୀ

ଭୁବନେଶ୍ୱର, ୧।୧୨(ସମିସ): ରାଜ୍ୟରେ ପୂର୍ବ ବିଜେଡି ସରକାର ମହିଳାଙ୍କୁ ସଶକ୍ତ, ଆତ୍ମନିର୍ଭର ଭାବେ ଗଢ଼ି ତୋଳିବା ପାଇଁ ମିଶନ ଶକ୍ତିକୁ ବଳ ଦେଇଥିଲେ। ମାତ୍ର ମିଶନ ଶକ୍ତିର ସାମାଜିକ ଆନ୍ଦୋଳନ ବର୍ତ୍ତମାନ ଭୁଶୁଡ଼ିବାକୁ ବସିଲାଣି। ମିଶନ ଶକ୍ତିରେ ମା' ଋଣ ଆଣିଥିବା ବେଳେ କିସ୍ତି ଖିଲାପ କାରଣରୁ ଝିଅକୁ ରାଜରାସ୍ତାରେ ମାଡ଼ ଖାଇ ଲହୁଲୁହାଣ କରାଗଲା। ଏହା ଅତ୍ୟନ୍ତ ସ୍ପର୍ଶକାତର ଘଟଣା। ଏ ଯୁଗରେ ମଧ୍ୟ ଦ୍ରୌପଦୀଙ୍କ ବସ୍ତ୍ରହରଣ ହେଉଛି ବୋଲି ସୋମବାର ମୁଲତବୀ ପ୍ରସ୍ତାବ ଆଲୋଚନାରେ ଭାଗ ନେଇ ବିରୋଧୀ କଡ଼ା ସମାଲୋଚନା କରିଛନ୍ତି।



**"ଏ ଯୁଗରେ ବି ଦ୍ରୌପଦୀଙ୍କ ବସ୍ତ୍ର ହରଣ"**

ଅପରପକ୍ଷେ, ଶାସକ ଦଳର ସଭ୍ୟ ଅଭିଯୋଗକୁ କପୋଳକଳ୍ପିତ କହିବା ସହ ମହିଳାଙ୍କ ସୁରକ୍ଷା ପାଇଁ ମୋହନ ସରକାର ପ୍ରତିବଦ୍ଧ ବୋଲି କହିଛନ୍ତି।

ବିଧାୟକ ଗୌତମବୁଦ୍ଧ ଦାସ କହିଥିଲେ ଯେ ଭଦ୍ରକ ଜିଲ୍ଲା ଗଣିଯାଙ୍ଗ ଅରଞ୍ଚି ଗାଁରେ ଏସ୍‌ଏଚ୍‌ଜି ଗ୍ରୁପ ମହିଳାଙ୍କ ମୃତ୍ୟୁ ପରେ ଋଣ ପାଇଁ ତାଙ୍କ ଝିଅଙ୍କୁ ମାଡ଼ ମରାଯାଇଛି। ମିଶନ ଶକ୍ତିର ସାମାଜିକ ଆନ୍ଦୋଳନ ରାଜ୍ୟରେ ବର୍ତ୍ତମାନ ଭୁଶୁଡ଼ିବାକୁ ବସିଲାଣି। ଏହି ଘଟଣା ତାହାର ଜ୍ୱଳନ୍ତ ଉଦାହରଣ। ବିଜେଡି ବିଧାୟକ ସଞ୍ଜୀବ ମଲ୍ଲିକ କହିଥିଲେ ଯେ ମୋ ଅଞ୍ଚଳର ଜଣେ ଭଉଣୀ ଉପରେ ଅତ୍ୟାଚାର ହୋଇଛି, ଯାହାର ଭିଡିଓ ଗଣମାଧ୍ୟମରେ ଘୂରି ବୁଲୁଛି। ଋଣ ଟଙ୍କା ନଦେବାରୁ ରାସ୍ତା ମଝିରେ ଯୁବତୀଙ୍କୁ ମାଡ଼ କରାଯିବା ସହ ତାଙ୍କ ଡ୍ରେସ ଚିରି ଦିଆଗଲା। ଏ ଯୁଗର ମଧ୍ୟ ଦ୍ରୌପଦୀଙ୍କ ବସ୍ତ୍ରହରଣ ହେଉଛି। ଝିଅର ଇଚ୍ଛା ଥିଲା ମା'ର କିସ୍ତି ଶୁଝିବା। ହେଲେ ତାଙ୍କୁ ଏଭଳି ମାଡ଼ ମାରି ନିର୍ଯାତନା ଦିଆଯିବା ଘଟଣା ନିନ୍ଦନୀୟ। ଏଭଳି ଏକ ସମ୍ବେଦନଶୀଳ ଘଟନାର ତୁରନ୍ତ ତଦନ୍ତ କରି ଦୋଷୀ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ସେ ଦାବି କରିଥିଲେ। ବିଜେଡି ବିଧାୟିକା ସୁଭାସିନୀ ଜେନା କହିଥିଲେ ଯେ ଏହା ଏକ ରାଜନୈତିକ ବିଷୟ ନୁହେଁ ବରଂ ମାନବୀୟ ବିଷୟ। ତେଣୁ ପ୍ରସଙ୍ଗକୁ ହାଲୁକା ଭାବରେ ନନେଇ ଉଚିତ୍ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ। କଂଗ୍ରେସ ବିଧାୟକ ଅଶୋକ ଦାସ କହିଥିଲେ ଯେ ଦେଶର ରାଷ୍ଟ୍ରପତି, ଆମ ବାଚସ୍ପତି , ଉପମୁଖ୍ୟମନ୍ତ୍ରୀ ଜଣେ ମହିଳା। ମହିଳା ସଶକ୍ତିକରଣ ରାଷ୍ଟ୍ରରେ ଏଭଳି ଘଟଣା ନିନ୍ଦନୀୟ। ଏସଏଚଜି ପରିଚାଳନା ପାଇଁ ସ୍ୱତନ୍ତ୍ର ଆଇନ ବ୍ୟବସ୍ଥା ହେଉ। ବିଜେପି ବିଧାୟକ ସୀତାଂଶୁ ମହାପାତ୍ର କହିଥିଲେ ଯେ ବିରୋଧୀଙ୍କ ଅଭିଯୋଗ ଭିତ୍ତିହୀନ, କପୋଳକଳ୍ପିତ।

## ବିଶ୍ୱ ବାଣିଜ୍ୟ



| ମୁଦ୍ରା ବିନିମୟ ମୂଲ୍ୟ | ସୁନା, ରୁପା ଦର (ଟଙ୍କାରେ) | ଷ୍ଟକ୍ ମାର୍କେଟ୍ | ପେଟ୍ରୋଲ-ଡିଜେଲ୍ |
|---|---|---|---|
| ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ) | ୧୦ ଗ୍ରାମ ପିଛା (୨୨ କ୍ୟାରେଟ୍) | ବଜାର କାରବାର (ପଏଣ୍ଟରେ) | ଲିଟର ପିଛା (ଟଙ୍କାରେ) |
| ଡଲାର ୮୯.୭୯ • ପାଉଣ୍ଡ ୧୧୮.୭୪ | ସୁନା: ୧,୧୯,୬୦୦ (ନୂଆଦିଲ୍ଲୀ) | ସେନ୍‌ସେକ୍ସ ୮୫,୬୪୧.୦୦ | ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର) |
| ୟୁରୋ ୧୦୩.୧୯ • ୟେନ୍ ୦.୫୭ | ରୁପା : ୧,୮୮,୦୦୦ (କେଜି) | ନିଫ୍ଟି ୨୬,୧୭୫.୦୦ | ଡିଜେଲ୍ - ୯୨.୮୦ |

### ନଭେମ୍ବରରେ ଜିଏସ୍‌ଟି ସଂଗ୍ରହ କମିଲା

# ଅକ୍ଟୋବର ତୁଳନାରେ ୨୬ ହଜାର କୋଟି କମ୍

ନୂଆଦିଲ୍ଲୀ,୧।୧୨(ଏଜେନ୍ସି): ନଭେମ୍ବରରେ ଦ୍ରଦେଶରେ ବ୍ୟ ଏବଂ ସେବା ଟିକସ (ଜିଏସ୍‌ଟି) ସଂଗ୍ରହରେ ବଡ଼ ଧରଣର ହ୍ରାସ ଘଟିଛି। ଚଳିତବର୍ଷ ଅକ୍ଟୋବରରେ ୧.୯୬ ଲକ୍ଷ କୋଟି ଟଙ୍କାର ଜିଏସଟି ସଂଗ୍ରହ ହୋଇଥିବାବେଳେ ନଭେମ୍ବରରେ ୧.୭୦ ଲକ୍ଷ କୋଟି ଟଙ୍କା ସଂଗ୍ୟହୀତ ହୋଇଛି। ଫଳରେ ଅକ୍ଟୋବାର ତୁଳନାରେ ନଭେମ୍ବରରେ ଅକ୍ଟୋବର ତୁଳନାରେ ୨୬ ହଜାର କୋଟି ଟଙ୍କାର କମ୍ ଜିଏସ୍‌ଟି ସଂଗ୍ରହ ହୋଇଛି, ଯାହାକି ବିଗତ ୧୨ ମାସରେ ସବୁଠୁ କମ୍। ୨୦୨୪ ନଭେମ୍ବରରେ ୧.୬୯ ଲକ୍ଷ କୋଟି ଟଙ୍କାର ଜିଏସ୍‌ଟି ରାଜସ୍ୱ ଆୟ ହୋଇଥିଲା। କେବଳ ୨୦୨୪ ନଭେମ୍ବର ତୁଳନାରେ ଚଳିତବର୍ଷର ନଭେମ୍ବରରେ ଜିଏସ୍‌ଟି ସଂଗ୍ରହରେ ୦.୭%ର ବୃଦ୍ଧି ଘଟିଛି। ଘରୋଇ କ୍ଷେତ୍ରରେ ରାଜସ୍ୱରେ ୧.୫% ହ୍ରାସ ଯୋଗୁ ଜିଏସ୍‌ଟିରେ ଏଭଳି ହ୍ରାସ ଘଟିଥିବା କୁହାଯାଉଛି।

## ଜିନ୍ଦଲ ଷ୍ଟେନଲେସ୍‌ର ଲୟାଲ୍ଟି ପ୍ରୋଗ୍ରାମ୍ 'ଜେଏସ୍‌ଏଲ୍ ସାଥୀ ପ୍ରଗତି'


ଭୁବନେଶ୍ୱର, ୧।୧୨(ସମିସ): ଭାରତର ସବୁଠାରୁ ବଡ଼ ଷ୍ଟେନଲେସ୍ ଷ୍ଟିଲ୍ ଉତ୍ପାଦକ କମ୍ପାନୀ ଜିନ୍ଦଲ ଷ୍ଟେନଲେସ୍ ଲିମିଟେଡ୍ (ଜେଏସ୍‌ଏଲ୍) ଦେଶରେ ପ୍ରଥମ ଥର ପାଇଁ ଷ୍ଟେନଲେସ୍ ଷ୍ଟିଲ୍ ପାଇପ୍ସ ଆଣ୍ଡ ଟ୍ୟୁବ୍ସ (ପି ଆଣ୍ଡ ଟି)ର ସବୁଠାରୁ ବଡ଼ ଲୟାଲ୍ଟି ପ୍ରୋଗ୍ରାମ୍ 'ଜେଏସ୍‌ଏଲ୍ ସାଥୀ ପ୍ରଗତି' ଆରମ୍ଭ ଘୋଷଣା କରିଛି। ଏହା ଖୁଚୁରା ବ୍ୟବସାୟୀ ଓ ଫ୍ୟାବ୍ରିକେଟରମାନଙ୍କୁ (ଯେଉଁମାନେ ଏହି କ୍ଷେତ୍ରର ମୂଲ୍ୟ ଶୃଙ୍ଖଳାର ମୁଖ୍ୟ ଅଂଶୀଦାର) ସଶକ୍ତ କରିବା ପାଇଁ ତିଆରି ହୋଇଛି। ନୂଆ ପ୍ରୋଗ୍ରାମ୍ 'ଜେଏସ୍‌ଏଲ୍ ସାଥୀ ପ୍ରଗତି' ଯୋଜନା ଏହି ଉଦ୍ଦେଶ୍ୟକୁ ଆଗକୁ ବଢ଼ାଇ ପ୍ରକୃତତ୍ୱ ନିଶ୍ଚିତତାକୁ ଏକ ନିର୍ଦ୍ଦିଷ୍ଟ ଯୋଗାଯୋଗ ମଡେଲ୍ ସହ ମିଶାଇ ଖୁଚୁରା ବ୍ୟବସାୟୀ ଓ ଫ୍ୟାବ୍ରିକେଟରମାନଙ୍କ ପାଇଁ ପ୍ରସ୍ତୁତ କରାଯାଇଛି। ପ୍ରତ୍ୟେକ ଜେଏସ୍‌ଏଲ୍ ପାଇପ୍ ଓ ଟ୍ୟୁବ୍‌ରେ ଏକ ଅନନ୍ୟ କ୍ୟୁଆର୍ କୋଡ୍ ରହିଛି। ଜେଏସ୍‌ଏଲ୍ ସାଥୀ ପ୍ରଗତି ଆପ୍ ମାଧ୍ୟମରେ ଏହି କୋଡ୍ ସ୍କାନ୍ କରି ଖୁଚୁରା ବ୍ୟବସାୟୀ ଓ ଫ୍ୟାବ୍ରିକେଟରମାନେ ତୁରନ୍ତ ଉତ୍ପାଦର ପ୍ରକୃତତ୍ୱ ଯାଂଚ କରିପାରିବେ।

**ରେକର୍ଡ ସ୍ତରକୁ ଖସିଲା ଟଙ୍କା**

# ୧ ଡଲାର= ୮୯.୭୯ ଟଙ୍କା

## ୨୦୨୫ରେ ଟଙ୍କା ଏ ପର୍ଯ୍ୟନ୍ତ ୪.୭୭% ଦୁର୍ବଳ ହୋଇଛି

ମୁମ୍ବଇ, ୧।୧୨(ଏଜେନ୍ସି): ଆମେରିକୀୟ ଡଲାର ତୁଳନାରେ ଘରୋଇ ମୁଦ୍ରା ଟଙ୍କା ଏହାର ରେକର୍ଡ ସର୍ବନିମ୍ନ ସ୍ତରକୁ ଖସିଆସିଛି। ସୋମବାର କାବରାର ପ୍ରାରମ୍ଭରେ ଡଲାର ତୁଳନାରେ ଟଙ୍କା ମୂଲ୍ୟରେ ୩୪ ପଇସା ହ୍ରାସ ପାଇ ୮୯.୭୯ ଟଙ୍କାରେ ପହଞ୍ଚିଛି। ଦୁଇ ସପ୍ତାହ ପୂର୍ବେ ଟଙ୍କା ମୂଲ୍ୟ ସର୍ବକାଳୀନ ସର୍ବନିମ୍ନ ୮୯.୬୬ ଟଙ୍କା ସ୍ତରରେ ରହିଥିଲା। ଘରୋଇ ଷ୍ଟକ୍ ବଜାରରେ ହ୍ରାସ ସହ ବିଦେଶୀ ପାଣ୍ଠିର ବର୍ହିଗମନ ଯୋଗୁ ଟଙ୍କା ଚାପରେ ରହିଛି। ସୋମବାର ସକାଳେ ଟଙ୍କା ପ୍ରତି ଡଲାର ୮୯.୪୫ ଟଙ୍କାରେ କାରବାର ଆରମ୍ଭ କରିଥିଲା।



୨୦୨୫ରେ ଟଙ୍କା ଏ ପର୍ଯ୍ୟନ୍ତ ୪.୭୭% ଦୁର୍ବଳ ହୋଇଛି। ଚଳିତବର୍ଷ ଜାନୁଆରୀ ପହିଲାରେ ଟଙ୍କା ଡଲାର ତୁଳନାରେ ୮୫.୭୦ ଟଙ୍କା ସ୍ତରରେ ରହିଥିଲା। ଏବେ ଏହା ୮୯.୭୯ ଟଙ୍କା ସ୍ତରକୁ ଖସିଆସିଛି। ଟଙ୍କାରେ ହ୍ରାସର ଅର୍ଥ ହେଉଛି ଭାରତ ପାଇଁ ଆମଦାନି ମହଙ୍ଗା ହେବ। ଏହାବ୍ୟତୀତ, ବିଦେଶକୁ ଯାତ୍ରା ଏବଂ ପାଠପଢ଼ା ମଧ୍ୟ ମହଙ୍ଗା ହୋଇଛି। ଉଦାହରଣ ସ୍ୱରୂପ, ଯେତେବେଳେ ଡଲାର ତୁଳନାରେ ଟଙ୍କା ୫୦ ଟଙ୍କା ରହିଥିଲା, ସେତେବେଳେ ଆମେରିକାରେ ଭାରତୀୟ ଛାତ୍ରମାନେ ୫୦ ଟଙ୍କାରେ ୧ ଡଲାର ପାଇପାରିବେ। ବର୍ତ୍ତମାନ, ଛାତ୍ରମାନଙ୍କୁ ଡଲାର ପାଇଁ ୮୯.୭୯ ଟଙ୍କା ଖର୍ଚ୍ଚ କରିବାକୁ ପଡିବ। ଏହା ଛାତ୍ରମାନଙ୍କ ପାଇଁ ଫି, ରହିବା, ଖାଦ୍ୟ ଏବଂ ଅନ୍ୟାନ୍ୟ ଜିନିଷର ଖର୍ଚ୍ଚ ବୃଦ୍ଧି କରିବ।

ଆମଦାନିକାରୀଙ୍କ ନିକଟରେ ଡଲାରର ପ୍ରବଳ ଚାହିଦା ମଧ୍ୟ ଟଙ୍କାର ବିନିମୟ ମୂଲ୍ୟକୁ ତଳ ମୁହାଁ କରିଛି। ତେଲ କିଣା, ସୁନା କିଣା ଏବଂ କର୍ପୋରେଟ୍ ଏବଂ କେନ୍ଦ୍ର ସରକାରଙ୍କ ଦ୍ୱାରା ଋଣ ପରିଶୋଧ ମଧ୍ୟ ଚାପ ବଢ଼ାଇଛି। ବାଣିଜ୍ୟ ଉତ୍ତେଜନା ଆମେରିକା ସହିତ ଆଲୋଚନାରେ ବାଧା ସୃଷ୍ଟି କରୁଛି। ଟ୍ରମ୍ପ ପ୍ରଶାସନ ଦ୍ୱାରା ଟିକସ ଲାଗୁ ଏହି ସ୍ଥିତିକୁ ଆହୁରି କଷ୍ଟକର କରିଦେଇଛି।

### ଏଚ୍-୧ ବି ଭିସା ବନ୍ଦ କରିବା ଉଚିତ ନୁହେଁ

# ଆମେରିକା ଭାରତୀୟ ପ୍ରତିଭାରୁ ବେଶ ଲାଭ ପାଇଛି: ମସ୍କ

ନୂଆଦିଲ୍ଲୀ,୧।୧୨(ଏଜେନ୍ସି): ଭାରତ ବିଶ୍ୱ ପାଇଁ ବହୁତ ଗୁରୁତ୍ୱପୂର୍ଣ୍ଣ। ଏଠାରେ ବହୁତ ଭଲ ପ୍ରତିଭା ଅଛନ୍ତି। ଆମେରିକା ଭାରତୀୟଙ୍କଠାରୁ ବହୁତ ଲାଭ ପାଇଛି। ଟେସ୍‌ଲା ଏବଂ ସ୍ପେସଏକ୍ସରେ ସବୁଠାରୁ ସ୍ମାର୍ଟ ଲୋକ ହେଉଛନ୍ତି ଭାରତୀୟ। ଏଚ୍-୧ବି କାର୍ଯ୍ୟକ୍ରମର ଅପବ୍ୟବହାର କରାଯାଇଥିଲା, କିନ୍ତୁ ଏହାକୁ ବନ୍ଦ କରିବା ଭୁଲ। ସୀମା ନିୟନ୍ତ୍ରଣ ବିନା କୌଣସି ଦେଶ କାର୍ଯ୍ୟ କରିପାରିବ ନାହିଁ, କିନ୍ତୁ ପ୍ରତିଭାବାନ୍ ପ୍ରବାସୀମାନଙ୍କୁ ସ୍ୱାଗତ କରାଯିବା ଉଚିତ। ଆମେରିକାକୁ ଶ୍ରେଷ୍ଠ ପ୍ରତିଭାର ଆବଶ୍ୟକତା ରହିଛି, ଏବଂ ଭାରତ ଏଥିରେ ଏକ ଅଗ୍ରେତା। ଆମ କମ୍ପାନୀଗୁଡ଼ିକରେ ଆମେ ସାରା ବିଶ୍ୱରୁ ଶ୍ରେଷ୍ଠ ଲୋକଙ୍କୁ ଆଣୁ। ପ୍ରବାସ ନୀତି ସନ୍ତୁଳିତ ହେବା ଆବଶ୍ୟକ। ଅବୈଧ ପ୍ରବାସ ବନ୍ଦ ହେବା ଉଚିତ, କିନ୍ତୁ ଦକ୍ଷ ଭିସାକୁ ପ୍ରୋତ୍ସାହିତ କରାଯିବା ଉଚିତ୍ ବୋଲି ଟେସଲା ଏବଂ ସ୍ପେସଏକ୍ସର ସିଇଓ ଏଲୋନ ମସ୍କ ଏକ ପଡକାଷ୍ଟରେ କହିଛନ୍ତି।

ମସ୍କ କହିଛନ୍ତି, ମୋ ସାଥୀ ହୃଦୟରୁ ଅଧା ଭାରତୀୟ। ନୋବେଲ ପୁରସ୍କାର ବିଜେତା ବୈଜ୍ଞାନିକ ସୁବ୍ରହ୍ମଣ୍ୟମ୍ ଚନ୍ଦ୍ରଶେଖରଙ୍କ ନାମ ଅନୁସାରେ ସେ ତାଙ୍କ ପୁଅର ନାମ ଶେଖର ରଖିଛନ୍ତି। ଆଗାମୀ ୧୦-୨୦ ବର୍ଷ ମଧ୍ୟରେ କାମ ଏକ ବିକଳ୍ପ ହୋଇଯିବ। ଲୋକମାନେ ଚାହିଁଲେ କାମ କରିପାରିବେ, କିମ୍ବା ଚାହିଁଲେ କରିବେନି। ଏଆଇ ଏତେ କାମ ସୃଷ୍ଟି କରିବ ଯେ ରୋବୋଟ୍ ଏବଂ ମେସିନ୍ ଅଧିକାଂଶ ଆବଶ୍ୟକତା ପୂରଣ କରିବ। ଚାକିରି ମଣିଷ ପାଇଁ ଆବଶ୍ୟକତା ଅପେକ୍ଷା ଅଧିକ ହବି ଭଳି ହୋଇଯିବ।

## ବେଦାନ୍ତ ଝାରସୁଗୁଡ଼ାରେ ବିଶ୍ୱ ଗୁଣବତ୍ତା ମାସ ପାଳନ

ଭୁବନେଶ୍ୱର,୧।୧୨(ସମିସ): ବେଦାନ୍ତ ଆଲୁମିନିୟମ ଝାରସୁଗୁଡାର ଏହାର ମେଗା ଆଲୁମିନିୟମ ପ୍ଲାଣ୍ଟରେ ବିଶ୍ୱ ଗୁଣବତ୍ତା ସପ୍ତାହ (୧୦-୧୪ ନଭେମ୍ବର) ପାଳିତ ହୋଇଯାଇଛି। ଏହି ବର୍ଷର ଥିମ୍ 'ଗୁଣବତ୍ତା: ଭିନ୍ନ ଭାବରେ ଚିନ୍ତା କର' ରହିଥିଲା। ୧୫୦୦ ରୁ ଅଧିକ ଅଂଶଗ୍ରହଣକାରୀଙ୍କୁ ନେଇ ଏକ ଗୁଣବତା ସଚେତନତା ରାଲି ସହିତ ଉତ୍ସବ ଆରମ୍ଭ ହୋଇଥିଲା, ଯାହା ନୂତନ ଦୃଷ୍ଟିକୋଣ ମାଧ୍ୟମରେ ଗୁଣବତ୍ତାର ପୁନଃକଳ୍ପନାର ବାର୍ତ୍ତା ପ୍ରସାର ଉପରେ ଧ୍ୟାନ ଦେଇଥିଲା। ଏକ ପ୍ଲାଂଟ-ବ୍ୟାପୀ ଗୁଣବତ୍ତା କୁଇଜ୍ ଏହି ଗତିକୁ ଆହୁରି ମଜବୁତ କରିଥିଲା, ଅଂଶଗ୍ରହଣକାରୀମାନେ ଶିଳ୍ପ ଗୁଣବତା ପ୍ରଣାଳୀ, ମାନଦଣ୍ଡ ଏବଂ ସମସ୍ୟା ସମାଧାନ ଢାଂଚା ବିଷୟରେ ସେମାନଙ୍କର ଜ୍ଞାନ ପରୀକ୍ଷା କରାଯାଇଥିଲା। ଏହି ପ୍ରୟାସର ସଫଳତା ଉପରେ ବେଦାନ୍ତ ଝାରସୁଗୁଡାର ସିଇଓ ସି.ଚନ୍ଦ୍ରୁ କହିଛନ୍ତି, ବେଦାନ୍ତ ଝାରସୁଗୁଡାରେ ଗୁଣବତ୍ତା ହେଉଛି ଆମେ କରୁଥିବା ପ୍ରତ୍ୟେକ କାର୍ଯ୍ୟର ମୂଳ, ଏକ ଧାରଣା ଯାହାକୁ ଆମେ ଏକ ସଂସ୍କୃତି, ଦାୟିତ୍ୱ ଏବଂ ପ୍ରତ୍ୟେକ ଅଂଶୀଦାରଙ୍କ ପ୍ରତି ଆମର ପ୍ରତିଶ୍ରୁତି ଭାବରେ ଗ୍ରହଣ କରୁ। ଏହି ବର୍ଷର ବିଶ୍ୱ ଗୁଣବତା ମାସର ପଦକ୍ଷେପଗୁଡ଼ିକ ଆମକୁ ଏକ ଦୃଢ଼ ମାଲିକାନା ଭାବନାରେ ଆକର୍ଷିତ କରିଛି।

# ସବୁ ଫୋନ୍‌ରେ ରହିବ ସାଇବର ସୁରକ୍ଷା ଆପ୍

ନୂଆଦିଲ୍ଲୀ,୧।୧୨(ଏଜେନ୍ସି): ଏଣିକି ପ୍ରତ୍ୟେକ ନୂତନ ସ୍ମାର୍ଟଫୋନ୍‌ରେ ସାଇବର ସୁରକ୍ଷା ଆପ୍ 'ସଞ୍ଚାର ସାଥୀ' ପୂର୍ବରୁ ସଂସ୍ଥାପିତ ହୋଇ ବଜାରକୁ ଆସିବ। କାରଣ ବର୍ତ୍ତମାନ କେନ୍ଦ୍ର ସରକାର ସ୍ମାର୍ଟଫୋନ୍ ନିର୍ମାତାଙ୍କୁ ସରକାର ପୂର୍ବରୁ ସଂସ୍ଥାପିତ ହୋଇଥିବା ସାଇବର ସୁରକ୍ଷା ଆପ୍ ବିଶିଷ୍ଟ ସ୍ମାର୍ଟଫୋନ୍ ବିକ୍ରିକରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏକ ରିପୋର୍ଟ ଅନୁଯାୟୀ, ଆପଲ୍ , ସାମସଙ୍ଗ, ଭିଭୋ, ଓପୋ ଏବଂ ସାଓମି ଭଳି କମ୍ପାନୀଗୁଡ଼ିକୁ ୯୦ ଦିନ ମଧ୍ୟରେ କାର୍ଯ୍ୟକାରୀ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ବ୍ୟବହାରକାରୀମାନେ ଆପ୍ ଡିଲିଟ୍ କିମ୍ବା ଅକ୍ଷମ କରିପାରିବେନାହିଁ। ଏହା ଏକ ସଫ୍ଟୱେର୍ ଅପଡେଟ୍ ମାଧ୍ୟମରେ ପୁରୁଣା ଫୋନ୍‌ରେ ସଂସ୍ଥାପିତ ହେବ। ତଥାପି, ଏହି ନିର୍ଦ୍ଦେଶ ଏ ପର୍ଯ୍ୟନ୍ତ ସାର୍ବଜନୀନ ହୋଇନାହିଁ। ବରଂ କିଛି ନିର୍ଦ୍ଦିଷ୍ଟ କମ୍ପାନୀଗୁଡ଼ିକୁ ବ୍ୟକ୍ତିଗତ ଭାବରେ ପଠାଯାଇଛି। ସରକାରଙ୍କ ଲକ୍ଷ୍ୟ ହେଉଛି ସାଇବର ଠକେଇ, ନକଲି ଆଇଏମ୍‌ଇଆଇ ନମ୍ବର ଏବଂ ଫୋନ୍ ଚୋରିକୁ ରୋକିବା। ସଞ୍ଚାର ସାଥୀ ଆପ୍ ଏ ପର୍ଯ୍ୟନ୍ତ ୭ ଲକ୍ଷରୁ ଅଧିକ ହଜିଯାଇଥିବା କିମ୍ବା ଚୋରି ହୋଇଥିବା ମୋବାଇଲ୍ ଫୋନ୍ ପୁନରୁଦ୍ଧାର କରିଛି। ଜଣେ ବରିଷ୍ଠ ସରକାରୀ ଅଧିକାରୀ କହିଛନ୍ତି, "ନକଲି ଆଇଏମ୍‌ଇଆଇ ଦ୍ୱାରା ହେଉଥିବା ଠକେଇ ଏବଂ ନେଟୱାର୍କ ଅପବ୍ୟବହାରକୁ ରୋକିବା ପାଇଁ ଏହି ଆପ୍ ଅତ୍ୟାବଶ୍ୟକ। ଭାରତରେ ୧.୨ ବିଲିୟନରୁ ଅଧିକ ମୋବାଇଲ୍ ବ୍ୟବହାରକାରୀ ଅଛନ୍ତି, ଯାହା ବିଶ୍ୱର ସବୁଠାରୁ ବଡ଼ ବଜାର, କିନ୍ତୁ ନକଲି କିମ୍ବା ଡୁପ୍ଲିକେଟ୍ ଆଇଏମ୍‌ଇଆଇ ନମ୍ବର ଯୋଗୁଁ ସାଇବର ଅପରାଧ ବୃଦ୍ଧି ପାଉଛି।

**କମ୍ପାନୀଗୁଡ଼ିକୁ ୯୦ ଦିନ ମହଲତ**

# ଚିନ୍ତା ବଢ଼ାଇଲାଣି ବିଏଲ୍‌ଓଙ୍କ ମୃତ୍ୟୁ

## ଆତ୍ମହତ୍ୟା କଲେଣି ୨୯, ହୃଦ୍‌ଘାତ ନେଲାଣି ୪୧ ଜଣଙ୍କ ଜୀବନ

ମୁରାଦାବାଦ, ୧।୧୨ (ଏଜେନ୍ସି): ମୁଁ ବଞ୍ଚିବାକୁ ଚାହୁଁଛି। ମାତ୍ର କାମର ଚାପ ବଞ୍ଚିବାକୁ ଦେବ ନାହିଁ। ଏଭଳି କହି ଏସ୍‌ଆଇଆର ପ୍ରକ୍ରିୟାରେ ସାମିଲ ଜଣେ ବୁଥ୍ ଲେଭୁଲ ଅଫିସର (ବିଏଲଓ) ଆତ୍ମହତ୍ୟା କରିଛନ୍ତି। ମୃତ୍ୟୁ ପୂର୍ବରୁ ସେ କରିଥିବା ଏହି ଭିଡିଓ ଭାଇରାଲ ହେବାରେ ଲାଗିଛି। ଏହା ଏସ୍‌ଆଇଆରକୁ ନେଇ ବିଏଲଓଙ୍କ ଉପରେ କିଭଳି ଭାବେ ଚାପ ରହିଛି ତାହା ଦର୍ଶାଉଛି। ସୂଚନା ଅନୁଯାୟୀ, ମୃତକ ହେଉଛନ୍ତି ଉତ୍ତର ପ୍ରଦେଶ ମୁରାଦାବାଦର ସର୍ବେଶ ସିଂହ। ସେ ସରକାରୀ ସ୍କୁଲରେ ସହକାରୀ ଶିକ୍ଷକ ଭାବେ କାମ କରୁଥିଲେ। ଅକ୍ଟୋବର ୭ରେ ସେ ବିଏଲଓ ଭାବେ ନିଯୁକ୍ତ ହୋଇଥିଲେ। ଏସ୍‌ଆଇଆର ପାଇଁ ତାଙ୍କୁ ଘର ଘର ବୁଲି ଭୋଟରଙ୍କ ସୂଚନା ଓ ପ୍ରମାଣପତ୍ର ସଂଗ୍ରହ କରିବାକୁ ପଡୁଥିଲା। ରବିବାର ସକାଳେ ତାଙ୍କ ମୃତଦେହ ମିଳିଥିଲା। ପ୍ରଥମେ ସ୍ତ୍ରୀ ବବ୍‌ଲି ତାଙ୍କୁ ମୃତ ଅବସ୍ଥାରେ ଦେଖିଥିଲେ। ଘଟଣାସ୍ଥଳରୁ ସୁଇସାଇଡ୍ ନୋଟ ଜବତ କରାଯାଇଛି। ଏଥିରେ କାର୍ଯ୍ୟଚାପ ସହ୍ୟ କରିପାରୁ ନ ଥିବା ସେ ଲେଖିଥିଲେ।

ମୃତ୍ୟୁ ପୂର୍ବରୁ କରିଥିବା ଭିଡିଓ ଏବଂ ଲେଖିଥିବା ଚିଠିରେ ସର୍ବେଶ କହୁଛନ୍ତି ଯେ 'ଦିଦି, ମୋତେ କ୍ଷମା କରିଦେବ। ମାଆ ଦୟାକରି ମୋ ପିଲାଙ୍କ ଯତ୍ନ ନେବ। ଏହି କାର୍ଯ୍ୟ କରିବାରେ ମୁଁ ବିଫଳ ହୋଇଛି। ତେଣୁ ଏପରି ପଦକ୍ଷେପ ନେଉଛି, ଯେଉଁଥି ପାଇଁ କେବଳ ମୁଁ ଦାୟୀ ରହିବି। ଆଉ କାହାର କୌଣସି ଦୋଷ ନାହିଁ। ମୁଁ ଅତ୍ୟନ୍ତ ଦୁଃଖିତ। ୨୦ ଦିନ ହେଲାଣି ଭଲ ସେ ଶୋଇ ପାରିନି। ଯଦି ପାଖରେ ସମୟ ଥାଆନ୍ତା ତେବେ ଏହି କାମ ସାରିଦେଇଥାନ୍ତି। ମୋର ୪ଟି ଛୋଟ ଝିଅ ଅଛନ୍ତି। ଦୟାକରି ମୋତେ କ୍ଷମା କରିଦେବ। ମୁଁ ତୁମମାନଙ୍କ ଠାରୁ ବହୁତ ଦୂରକୁ ଚାଲିଯାଉଛି। ବଞ୍ଚିବାକୁ ଚାହୁଁଥିଲେ ବି କିଛି କରିପାରୁନି। ବହୁତ ଦୁଃଖ କଷ୍ଟରେ ଫସି ଥିବା ମୁଁ ଅନୁଭବ କରୁଛି। ଦୁଃଖଦ ସ୍ଥିତି ମୋତେ ଘେରି ରହିଛି ଏବଂ ଗଭୀର ଯନ୍ତ୍ରଣା ଭୋଗୁଛି' ବୋଲି ସର୍ବେଶ ଲେଖିଛନ୍ତି। ସୂଚନାଯୋଗ୍ୟ ଯେ ଏବେ ୧୨ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଏସଆଇଆର ପ୍ରକ୍ରିୟା ଜାରି ରହିଛି।



ବିଏଲଓଙ୍କ ଆତ୍ମହତ୍ୟା ପୂର୍ବର ଭିଡିଓ ଭାଇରାଲ

ନିର୍ଦ୍ଦିଷ୍ଟ ସମୟରେ ଏହାକୁ ସାରିବା ପାଇଁ ବିଏଲଓଙ୍କ ଉପରେ ଚାପ ରହିଛି। ଏହା ସହିତ କ୍ଷମତାସୀନ ଦଳର ନେତା ଏବଂ କର୍ମୀ ମଧ୍ୟ ଧମକାଉଛନ୍ତି। ଏହି କାରଣ ଏ ପର୍ଯ୍ୟନ୍ତ ୨୯ ବିଏଲଓ ଆତ୍ମହତ୍ୟା କଲେଣି। ଆଉ କିଛି ରିପୋର୍ଟରେ ଏସଆଇଆର ଭୟରେ ୪୧ ଜଣଙ୍କ ମୃତ୍ୟୁ ହୋଇଥିବା କୁହାଯାଉଛି। ଭୟ, ଚିନ୍ତା, ଚାପ ଏବଂ ଅବସାଦ ଯୋଗୁଁ ବିଏଲଓଙ୍କ ମୃତ୍ୟୁ ହେଉଛି। ତେବେ ଏଭଳି ମୃତ୍ୟୁକୁ ନିର୍ବାଚନ କମିଶନଙ୍କ ପକ୍ଷରୁ ଖାରଜ କରାଯାଇଛି। କାର୍ଯ୍ୟ ଚାପ ଯୋଗୁଁ କାହାର ମୃତ୍ୟୁ ହୋଇ ନ ଥିବା କୁହାଯାଉଛି। ଅନ୍ୟପଟେ ଇସି ୧୨ ରାଜ୍ୟରେ ଏସଆଇଆର ଅବଧିକୁ ୭ ଦିନ ପର୍ଯ୍ୟନ୍ତ ବଢ଼ାଇ ଦେଇଛନ୍ତି।


### ପଶ୍ଚିମବଙ୍ଗରେ ଏସଆଇଆର ବିରୋଧରେ ବିଏଲଓଙ୍କ ବିକ୍ଷୋଭ

ଅକ୍ଟୋବର ୨୮ ତାରିଖରୁ ୧୨ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଏସଆଇଆର ପ୍ରକ୍ରିୟା ଆରମ୍ଭ ହୋଇଛି। ଏଥିପାଇଁ ବୁଥ୍ ସ୍ତରୀୟ ଅଧିକାରୀ (ବିଏଲଓ)ଙ୍କୁ ନିଯୁକ୍ତ କରାଯାଇଛି। ଏହା ସତ୍ତ୍ୱେ ଅନେକ ରାଜ୍ୟରୁ ବିଏଲଓଙ୍କ ଆତ୍ମହତ୍ୟା ଏବଂ ମୃତ୍ୟୁର ଖବର ସାମ୍ନାକୁ ଆସୁଛି। ଆଜି ଉତ୍ତର ପ୍ରଦେଶର ସମ୍ବଲରେ ଜଣେ ସହାୟକ ବିଏଲଓ ଶୋଇଥିବା ଅବସ୍ଥାରେ ମୃତ୍ୟୁବରଣ କରିଥିଲେ। ରାଜ୍ୟରେ ଏପର୍ଯ୍ୟନ୍ତ ଆଠ ଜଣ କର୍ମଚାରୀଙ୍କ ମୃତ୍ୟୁ ହୋଇଛି। ତିନି ଜଣ ଆତ୍ମହତ୍ୟା କରିଥିବାବେଳେ ତିନି ଜଣ ହୃଦ୍‌ଘାତରେ ଏବଂ ଜଣେ ବ୍ରେନ ହ୍ୟାମରେଜରେ ପ୍ରାଣ ହରାଇ ଥିଲେ। ଏ ପର୍ଯ୍ୟନ୍ତ ୭ ରାଜ୍ୟରେ ୨୯ ବିଏଲଓଙ୍କ ମୃତ୍ୟୁ ହୋଇଥିବାବେଳେ ମଧ୍ୟପ୍ରଦେଶ ସର୍ବାଧିକ ନଅ ଜଣ ସାମିଲ ଅଛନ୍ତି। ଏପରି ସମୟରେ ସୋମବାର କୋଲକାତାରେ ପଶ୍ଚିମବଙ୍ଗର ମୁଖ୍ୟ ନିର୍ବାଚନ ଅଧିକାରୀ (ସିଇଓ)ଙ୍କ କାର୍ଯ୍ୟାଳୟ ବାହାରେ ବିଏଲଓ ଅଧିକାର ସୁରକ୍ଷା କମିଟିର ସଦସ୍ୟମାନେ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ସେମାନେ ପୁଲିସ ବ୍ୟାରିକେଡ୍ ଭାଙ୍ଗିବାକୁ ଚେଷ୍ଟା କରିଥିଲେ। ଏହି ସମୟରେ ବିଜେପି ନେତା ଶୁଭେନ୍ଦୁ ଅଧିକାରୀ ଏବଂ ଅନେକ ଦଳୀୟ ବିଧାୟକ ନିର୍ବାଚନ ଅଧିକାରୀଙ୍କ ସହ ବୈଠକ ପାଇଁ ପହଞ୍ଚିଥିଲେ। ବିକ୍ଷୋଭକାରୀମାନେ ଏଠାରେ ଉପସ୍ଥିତ ବିଜେପି କର୍ମୀଙ୍କ ସହ ଧସ୍ତାଧସ୍ତି ହୋଇଥିଲେ। ସିଇଓଙ୍କ ସହ ବିଜେପିର ବୈଠକକୁ ସେମାନେ ବିରୋଧ କରିଥିଲେ। ବିଏଲଓମାନେ କାମ କରିବା ସ୍ଥିତିରେ ସୁଧାର ଦାବି କରି କିଛି ଦିନ ହେଲା ବିକ୍ଷୋଭ କରି ଆସୁଛନ୍ତି। ସୋମବାର ଏହି ଆନ୍ଦୋଳନ ଜୋରଦାର ହୋଇଥିଲା। ମୃତ ବିଏଲଓଙ୍କ ପରିବାରକୁ କ୍ଷତିପୂରଣ ଦେବାକୁ ଦାବି ହୋଇଥିଲା। ଏ ନେଇ ସିଇଓଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ଦିଆଯାଉ ବୋଲି ସେମାନେ ଦାବି କରିଥିଲେ। ତେବେ ଟିଏମସି ପ୍ରରୋଚନାରେ ଏହି ଆନ୍ଦୋଳନ ଚାଲିଛି ବୋଲି ଇସିଙ୍କୁ ପକ୍ଷରୁ କୁହାଯାଇଛି।

## ପାକିସ୍ତାନରେ ଆତ୍ମଘାତୀ ଆକ୍ରମଣ: ୬ ସୈନିକଙ୍କ ମୃତ୍ୟୁ

ଇସଲାମାବାଦ, ୧।୧୨ (ଏଜେନ୍ସି): ଆତଙ୍କବାଦକୁ ପ୍ରୋତ୍ସାହନ ଦେଉଥିବା ପାକିସ୍ତାନରେ ପୁଣି ଆତ୍ମଘାତୀ ଆକ୍ରମଣ ହୋଇଛି। ବେଲୁଚିସ୍ତାନ ପ୍ରଦେଶର ନୋକୁଣ୍ଡି ଅଞ୍ଚଳରେ ଅବସ୍ଥିତ ଚାଗାଇରେ ଫ୍ରଣ୍ଟିୟର୍ କର୍ପସ୍ (ଏଫସି) ମୁଖ୍ୟାଳୟର ମୁଖ୍ୟ ଫାଟକରେ ସୋମବାର ସକାଳେ ଆତ୍ମଘାତୀ ବିସ୍ଫୋରଣ ଘଟି ଛଅ ଜଣ ସେନା କର୍ମଚାରୀଙ୍କ ମୃତ୍ୟୁ ହୋଇଛି। ଏହି ଆକ୍ରମଣ ପାଇଁ ବେଲୁଚିସ୍ତାନ ଲିବରେସନ୍ ଫ୍ରଣ୍ଟ (ବିଏଲଫ)ର ସାଦଓ ଅପରେସନାଲ୍ ବାଟାଲିଅନ୍ (ଏସଓବି) ନିଜକୁ ଦାୟୀ କରିଛି। ଏହି ବିସ୍ଫୋରଣ ଏତେ ଭୟଙ୍କର ଥିଲା ଯେ, ମୁଖ୍ୟ ଫାଟକ ସମ୍ପୂର୍ଣ୍ଣ ନଷ୍ଟ ହୋଇଯାଇଥିଲା। ବିପୁଳ କ୍ଷୟକ୍ଷତି ହୋଇଛି। ପାକିସ୍ତାନୀ ଅଧିକାରୀଙ୍କ ସୂଚନା ଅନୁଯାୟୀ, ମୁଖ୍ୟ ଫାଟକ ଉପରେ ଆକ୍ରମଣ ପରେ ସଶସ୍ତ୍ର ଆକ୍ରମଣକାରୀମାନେ ନୋକୁଣ୍ଡିରେ ଥିବା ଏଫସି ମୁଖ୍ୟାଳୟରେ ପ୍ରବେଶ କରିଥିଲେ। ଏଠାରେ ସୁରକ୍ଷାବାହିନୀ ଏବଂ ଆତଙ୍କବାଦୀଙ୍କ ମଧ୍ୟରେ ଗୁଳିବିନିମୟ ଜାରି ରହିଛି। ସ୍ଥିତି ଉତ୍ତେଜନାପୂର୍ଣ୍ଣ ରହିଛି। ଆକ୍ରମଣକୁ ଦେଖି ଡାକ୍ତରଖାନାଗୁଡ଼ିକରେ ଜରୁରୀକାଳୀନ ପରିସ୍ଥିତି ଘୋଷଣା କରାଯାଇଛି। ଅନ୍ୟପଟେ ସୁରକ୍ଷାବାହିନୀକୁ ସହାୟତା ପାଇଁ କ୍ୱେଟାରୁ ଦୁଇଟି ହେଲିକପ୍ଟର ପଠାଯାଇଛି। ଏହା ପୂର୍ବରୁ ଗତ ୨୪ ଘଣ୍ଟା ତଳେ ପାକିସ୍ତାନର ୭ଟି ସ୍ଥାନରେ ବିସ୍ଫୋରଣ ହୋଇଥିଲା।

## ଦ୍ୱିତୀୟ ବିବାହ କଲେ ସାମନ୍ଥା



କୋଏମ୍ବାଟୁର, ୧।୧୨ (ଏଜେନ୍ସି): ଅଭିନେତ୍ରୀ ସାମନ୍ଥା ରୁଥ୍ ପ୍ରଭୁ ସୋମବାର ଦ୍ୱିତୀୟ ବିବାହ କରିଛନ୍ତି। ସେ ଚଳଚ୍ଚିତ୍ର ନିର୍ମାତା ତଥା ନିର୍ଦ୍ଦେଶକ ରାଜ୍ ନିଡିମୋରୁଙ୍କ ହାତ ଧରିଛନ୍ତି। କୋଏମ୍ବାଟୁରର ଈଶା ଯୋଗ କେନ୍ଦ୍ରର ଲିଙ୍ଗ ଭୈରବୀ ମନ୍ଦିରରେ ପ୍ରାଚୀନ ଯୋଗିନୀ ପରମ୍ପରାରେ ଉଭୟେ ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି। ବିବାହର ଫଟୋ ପୋଷ୍ଟ କରି ସାମନ୍ଥା ଏହି ସୂଚନା ଦେଇଛନ୍ତି। ଏହି ବିବାହରେ କେବଳ ପରିବାର ଲୋକେ ଏବଂ ଘନିଷ୍ଠ ବନ୍ଧୁ ସାମିଲ ହୋଇଥିଲେ। ଓସୋଙ୍କ ଈଶା ଫାଉଣ୍ଡେସନର ଲିଙ୍ଗ ଭୈରବୀ ମନ୍ଦିରରେ ଯୋଗିନୀ ପରମ୍ପରରା ଭୂତ ସୁଦ୍ଧି ବିବାହ କରିଛନ୍ତି। ଏହା ଏଭଳି ଏକ ବିବାହ ଯେଉଁଥିରେ ଦମ୍ପତିଙ୍କ ମଧ୍ୟରେ ଗଭୀର ସମ୍ପର୍କ ସୃଷ୍ଟି ହୋଇଥାଏ। ଏହା କେବଳ ଚିନ୍ତାଧାରା କିମ୍ବା ଶରୀର ମଧ୍ୟରେ ସୀମିତ ନ ହୋଇ ଶରୀରର ପଞ୍ଚ ଭୂତ ସହ ଯୋଡ଼ି ଥାଏ। ଏହି ବିବାହ ପଞ୍ଚ ଭୂତକୁ ଶୁଦ୍ଧି କରିଥାଏ। ସମ୍ପର୍କରେ ଶାନ୍ତି, ସମୃଦ୍ଧି ଏବଂ ଆଧାତ୍ମିକ ସନ୍ତୁଳନ ସୃଷ୍ଟି କରିଥାଏ। ଏହି ବିବାହକୁ ନେଇ ରାଜ୍‌ଙ୍କ ପୂର୍ବତନ ପତ୍ନୀ ଶ୍ୟାମଲୀ ଡେ ସାମାଜିକ ଗଣମାଧ୍ୟମରେ ଏକ ପୋଷ୍ଟ କରିଛନ୍ତି। ଧୈର୍ଯ୍ୟ ନ ଥିବା ଲୋକେ ଅଧୈର୍ଯ୍ୟପୂର୍ଣ୍ଣ କାମ କରନ୍ତି ବୋଲି ସେ ଲେଖିଛନ୍ତି।

## କଂଗ୍ରେସର ରଣନୀତି ବୈଠକରେ ସାମିଲ ହେଲେନି ଥରୁର

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): କଂଗ୍ରେସ କାର୍ଯ୍ୟନିର୍ବାହୀ କମିଟିର ସଦସ୍ୟ ତଥା ସାଂସଦ ଶଶୀ ଥରୁର ପୁଣି ଥରେ ଦଳର ରଣନୀତି ଗ୍ରୁପର ଜରୁରୀ ବୈଠକରେ ସାମିଲ ହୋଇ ନାହାନ୍ତି। ସଂସଦର ଶୀତ ଅଧିବେଶନ ଆରମ୍ଭ ହେବାର ଦିନକ ପୂର୍ବରୁ ସୋନିଆ ଗାନ୍ଧୀଙ୍କ ନେତୃତ୍ୱରେ ଏହି ବୈଠକ ବସିଥିଲା। ତେବେ କେରଳରେ ନିଜ ୯୦ ବର୍ଷୀୟ ମାଆଙ୍କ ପାଖରେ ଥିବାରୁ ଏଥିରେ ଅନୁପସ୍ଥିତ ଥିଲେ ବୋଲି ଶଶୀ ଥରୁରଙ୍କ ଅଫିସ ପକ୍ଷରୁ କୁହାଯାଇଛି। ଥରୁର ଦ୍ୱିତୀୟ ଥର ପାଇଁ ଦଳୀୟ ବୈଠକରେ ଅନୁପସ୍ଥିତ ରହିଛନ୍ତି। ପୂର୍ବରୁ ସେ ଅସୁସ୍ଥ ଥିବା ଦର୍ଶାଇ ଏସଆଇଆର ପ୍ରସଙ୍ଗରେ କଂଗ୍ରେସ ବୈଠକରେ ଯୋଗ ଦେଇ ନ ଥିଲେ। ସେ ସମୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହ ଏକ କାର୍ଯ୍ୟକ୍ରମରେ ଥରୁର ଯୋଗ ଦେଇଥିଲେ। ଏହାକୁ ନେଇ ବିବାଦ ସୃଷ୍ଟି ହୋଇଥିଲା।

## ନେତାଙ୍କ ସମ୍ପର୍କୀୟଙ୍କ ଲାଗି ଯୋଗ୍ୟ କର୍ମୀଙ୍କୁ ଅଣଦେଖା

ନାଗପୁର, ୧।୧୨ (ଏଜେନ୍ସି): କେନ୍ଦ୍ର ସଡ଼କ ପରିବହନ ମନ୍ତ୍ରୀ ନିତିନ ଗଡ଼କରୀ ପୁଣି ବଡ଼ ଟିପ୍ପଣୀ ଦେଇଛନ୍ତି। ରାଜନୀତିରେ ପରିବାରବାଦକୁ ସେ ସମାଲୋଚନା କରିଛନ୍ତି। ନିଷ୍ଠାପର କର୍ମୀଙ୍କ ଅଣଦେଖା କଲେ ବିରକ୍ତି ଲାଗେ ବୋଲି ସେ କହିଛନ୍ତି। ରାଜନେତାଙ୍କ ପାରିବାରିକ



ଉତ୍ତରାଧିକାରୀଙ୍କୁ ନିର୍ବାଚନରେ ହରାଇବା ପାଇଁ ସେ ଜନତାଙ୍କୁ ଆହ୍ୱାନ ଦେଇଛନ୍ତି। ରବିବାର ନାଗପୁରର ଏକ କାର୍ଯ୍ୟକ୍ରମରେ ସାମିଲ ହୋଇ ଗଡ଼କରୀ ଏହି ଟିପ୍ପଣୀ ଦେଇଥିଲେ। ସଙ୍କେତରେ ନିଜ ଦଳର କିଛି ନୀତି ଏବଂ ନେତାଙ୍କୁ ମଧ୍ୟ ସେ ସମାଲୋଚନା କରିଥିବା କୁହାଯାଉଛି।

ଗଡ଼କରୀ କହିଥିଲେ ଯେ ରାଜନୀତିରେ ବଡ଼ ନେତାଙ୍କ ସମ୍ପର୍କୀୟଙ୍କ ଲାଗି ଯୋଗ୍ୟ କର୍ମୀଙ୍କୁ ଅଣଦେଖା କରାଯାଇଥାଏ। ଏହା ଅତ୍ୟନ୍ତ ଦୁଃଖଦ ଘଟଣା। ଯେଉଁ ନେତାମାନେ ବଂଶବାଦକୁ ସମାଲୋଚନା କରୁଥିଲେ, ସେମାନେ ପରେ ନିଜ ସମ୍ପର୍କୀୟଙ୍କୁ ଟିକଟ ଦେବା ପାଇଁ ଦାବି କରିଥାନ୍ତି। ଏହା ଅତ୍ୟନ୍ତ ଦୁଃଖର ବିଷୟ। ଏଭଳି ଆଭିମୁଖ୍ୟ ଦ୍ୱାରା ଦଳର ପୁରୁଖା କର୍ମୀଙ୍କ ସହ ଅନ୍ୟାୟ ହେଉଛି। ୨୦-୩୦ ବର୍ଷ ହେଲା ଦଳ ପାଇଁ କାମ କରୁଥିବା ବ୍ୟକ୍ତି ଟିକଟ

### ଯିଏ ବଂଶବାଦକୁ ସମାଲୋଚନା କରୁଛି ସେ ସମ୍ପର୍କୀୟଙ୍କ ପାଇଁ ଟିକଟ ମାଗୁଛି: ଗଡ଼କରୀ

ମାଗିବାକୁ ଆସିଲେ ତାଙ୍କୁ ନ ଦେଇ ନେତା ନିଜ ପତ୍ନୀ, ପୁଅ କିମ୍ବା ଅନ୍ୟ ସମ୍ପର୍କୀୟଙ୍କୁ ଦେଉଛନ୍ତି। ଏହା ଗଭୀର ଭାବେ ବ୍ୟଥିତ କରୁଛି। ବଂଶବାଦ ଅପେକ୍ଷା ଯୋଗ୍ୟତାକୁ ପ୍ରାଥମିକତା ଦିଆଯିବା ଉଚିତ୍। ଏବେ ଏହି ପ୍ରସଙ୍ଗରେ ଜନସାଧାରଣଙ୍କୁ ନିଷ୍ପତ୍ତି ନେବାକୁ ପଡିବ। ବଂଶବାଦର ରାଜନୀତି ଦ୍ୱାରା ଦଳ ଏବଂ ଜନସାଧାରଣ ଉଭୟଙ୍କ କ୍ଷତି ହେଉଛି। ଏହାର ସମାଧାନ ପାଇଁ କଠୋର କାର୍ଯ୍ୟାନୁଷ୍ଠାନ ଆବଶ୍ୟକ ବୋଲି ଗଡ଼କରୀ କହିଛନ୍ତି।

କେନ୍ଦ୍ରମନ୍ତ୍ରୀଙ୍କ ଏହି ମନ୍ତବ୍ୟକୁ ବିଜେପି ପ୍ରତି କଟାକ୍ଷ ଭାବରେ ଦେଖାଯାଉଛି। କାରଣ ଏହି ଦଳ ଯାହା କହୁଛି ତାର ଓଲଟା କରୁଛି। ବଂଶବାଦକୁ ବିରୋଧ କରୁଥିଲେ ବି ନେତାଙ୍କ ପତ୍ନୀ, ପୁତ୍ର ଏବଂ ସମ୍ପର୍କୀୟଙ୍କୁ ଟିକଟ ଦେଉଥିବା ଦେଖାଯାଉଛି। କଂଗ୍ରେସ, ଠାକରେ ପରିବାର ଏବଂ ମୁଲାୟମ ସିଂହ ଯାଦବ ତଥା ଲାଲୁ ଯାଦବଙ୍କ ଭଳି ରାଜନୈତିକ ପରିବାର ଉପରେ ବଂଶବାଦକୁ ନେଇ ବିଜେପି ଅଭିଯୋଗ ଲଗାଇ ଥିଲା। ମାତ୍ର ମହାରାଷ୍ଟ୍ରରେ ସ୍ଥାନୀୟ ସଂସ୍ଥା ନିର୍ବାଚନରେ ଅନେକ ବିଜେପି ବିଧାୟକ, ସାଂସଦ ଏବଂ ମନ୍ତ୍ରୀଙ୍କ ପରିବାର ସଦସ୍ୟ ଯଥା ମା, ସ୍ତ୍ରୀ, ପିଲା କିମ୍ବା ନିକଟ ସମ୍ପର୍କୀୟଙ୍କୁ ପ୍ରାର୍ଥୀ କରାଯାଇଛି। ଏହା ଦ୍ୱାରା ବିଜେପିର ବିଶ୍ୱସ୍ତ କର୍ମୀ ନିରାଶ ହୋଇଛନ୍ତି। ସେମାନେ ଏହାକୁ ଦଳର ନୀତି ବିରୋଧୀ ବୋଲି କହୁଛନ୍ତି। ମନ୍ତ୍ରୀ ଗିରୀଶ ମହାଜନଙ୍କ ପତ୍ନୀ ସାଧନା ମହାଜନ ବିନା ନିର୍ବାଚନରେ ନଗର ପରିଷଦର ଅଧ୍ୟକ୍ଷ ପଦ ଜିତିବାରୁ ବିଜେପିରେ ଏହି ଚର୍ଚ୍ଚା ଆରମ୍ଭ ହୋଇଥିଲା। ଏହି ନିର୍ବାଚନରୁ କଂଗ୍ରେସ, ଏନ୍‌ସିପି (ଏସପି) ଏବଂ ଅଜିତ ପାୱାର ଗୋଷ୍ଠୀ ଓହରିଯିବାରୁ ସାଧନା ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଥିଲେ। ସେହିପରି ମନ୍ତ୍ରୀ ଜୟକୁମାର ରାୱଲଙ୍କ ମା ନୟନ କୁଅଁର ଡୋଣ୍ଡିୟାଚା-ବରବାଡେ ନଗର ପରିଷଦର ଅଧ୍ୟକ୍ଷ ନିର୍ବାଚିତ ହୋଇଛନ୍ତି। କାରଣ ତାଙ୍କ ବିରୋଧରେ ଛିଡ଼ା ହୋଇଥିବା ପ୍ରାର୍ଥୀଙ୍କ ପ୍ରାର୍ଥୀପତ୍ର ଖାରଜ ହୋଇ ଯାଇଥିଲା।

## ବିମାନ ଉପରେ ହୋଇଥିଲା ସାଇବର ଆକ୍ରମଣ

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଶେଷରେ କେନ୍ଦ୍ର ସରକାର ସତ ସ୍ୱୀକାର କରିଛନ୍ତି। ଗତ ୭ ତାରିଖରେ ଦିଲ୍ଲୀର ଇନ୍ଦିରା ଗାନ୍ଧୀ ଅନ୍ତର୍ଜାତୀୟ ବିମାନବନ୍ଦର (ଆଇଜିଆଇ)ର ଅଟୋମେଟିକ ମେସେଜ ସ୍ୱିଚିଂ ସିଷ୍ଟମ (ଏଏମଏସଏସ)ରେ ସାଇବର ଆକ୍ରମଣ ହୋଇଥିଲା ବୋଲି ମାନିଛନ୍ତି। ରାଜ୍ୟସଭାରେ ବେସାମରିକ ବିମାନ ଚଳାଚଳ ମନ୍ତ୍ରୀ କିଞ୍ଜରାପୁ ରାମମୋହନ ନାଇଡୁ ଏହା ସ୍ୱୀକାର କରିଛନ୍ତି। ସେ କହିଛନ୍ତି ଯେ 'ଆଇଜିଆଇର ରନୱେ ୧୦ରେ ବିମାନ ଜିପିଏସ ଆଧାରିତ ଅବତରଣ ପ୍ରକ୍ରିୟା ଆପଣାଉ ଥିବାବେଳେ ଜିପିଏସ ସ୍ପୁଫିଂ ହୋଇଥିଲା। ସାଇବର ଆକ୍ରମଣ ଯୋଗୁଁ ଭୁଲ୍ ସିଗ୍‌ନାଲ ମିଳିଥିଲା। ଏହା ପରେ ପାଇଲଟ ତୁରନ୍ତ ବ୍ୟାକ୍‌ଅପ ବ୍ୟବହାର କରିଥିଲେ। ତେବେ ଅନ୍ୟ ରନୱେ ଉପରେ ଏହି ସ୍ପୁଫିଂର କୌଣସି ପ୍ରଭାବ ପଡ଼ି ନ ଥିଲା। କାରଣ ସେଗୁଡ଼ିକରେ 'ଟ୍ରାଡିସନାଲ ଗ୍ରାଉଣ୍ଡ ବେସ୍‌ଡ ନେଭିଗେସନ ସିଷ୍ଟମ' ବ୍ୟବହାର କରାଯାଉଥିଲା'। ଏହି ଘଟଣା ଯୋଗୁଁ ଗତ ୭ ତାରିଖରେ ଦିଲ୍ଲୀ ବିମାନବନ୍ଦରରେ ବିମାନ ପରିଚାଳନା ୧୨ ଘଣ୍ଟାରୁ ଅଧିକ ସମୟ ପ୍ରଭାବିତ ହୋଇଥିଲା। ୮୦୦ରୁ ଅଧିକ ଘରୋଇ ଏବଂ ଅନ୍ତର୍ଜାତୀୟ ବିମାନ ବିଳମ୍ବରେ ଉଡ଼ାଣ କରିଥିଲା। ୨୦ଟି ଉଡ଼ାଣକୁ ବାତିଲ କରିବାକୁ ପଡ଼ିଥିଲା। ସେହିପରି ସାରା ବିଶ୍ୱରେ ର୍‍ୟାନସମୱେୟର-ମାଲୱେୟର ଆକ୍ରମଣର ବିପଦ ବୃଦ୍ଧି ପାଇଛି ବୋଲି ସେ କହିଛନ୍ତି।

**ବିଳମ୍ବିତ ହୋଇଥିଲା ୮୦୦ ବିମାନ**

## ବନ୍ୟା ବିପ୍ଳାତ: ହଜାରେ ମୃତ; ଶତାଧିକ ନିଖୋଜ

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଦକ୍ଷିଣ ଏସିଆରେ ବନ୍ୟା ବିପ୍ଳାତ ସୃଷ୍ଟି କରିଛି। ଇଣ୍ଡୋନେସିଆ, ଶ୍ରୀଲଙ୍କା, ମାଲେସିଆ ଏବଂ ଥାଇଲାଣ୍ଡରେ ଆସିଥିବା ଏହି ପ୍ରଳୟଙ୍କରୀ ବନ୍ୟା ଏବଂ ଭୂସ୍ଖଳନ ଜନିତ ମୃତ୍ୟୁସଂଖ୍ୟା ହଜାରେ ପାର୍ କରିଛି। ଶତାଧିକ ଲୋକ ନିଖୋଜ ମଧ୍ୟ ଅଛନ୍ତି। ଅନେକ ଦେଶରେ ଉଦ୍ଧାରକାର୍ଯ୍ୟ ଜାରି ରହିଛି। ରିପୋର୍ଟ ଅନୁଯାୟୀ, ଇଣ୍ଡୋନେସିଆରେ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇ ୫୦୨ରେ ପହଞ୍ଚି ଯାଇଛି। ଏବେ ବି ୫୦୮ ଜଣ ନିଖୋଜ ଅଛନ୍ତି। ଇଣ୍ଡୋନେସିଆର ଜାତୀୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷ ଏହି ସୂଚନା ଦେଇଛନ୍ତି। ସେହିପରି ଶ୍ରୀଲଙ୍କାରେ ୩୪୦ ଜଣ ପ୍ରାଣ ହରାଇଛନ୍ତି। ରାଜଧାନୀ କଲମ୍ବୋରେ ରବିବାର ରାତିସାରା ଜଳସ୍ତର ବଢ଼ି ଚାଲିଥିଲା। ସକାଳେ ବର୍ଷା ଥମିଯିବାରୁ ସାମାନ୍ୟ ଆଶ୍ୱସ୍ତି ମିଳିଛି। ଏହା ଦ୍ୱାରା ପାଣି ଛାଡ଼ିଯିବ ବୋଲି ଆଶା କରାଯାଉଛି। ଶ୍ରୀଲଙ୍କା ଏବଂ ଇଣ୍ଡୋନେସିଆରେ ଉଦ୍ଧାରକାର୍ଯ୍ୟ ପାଇଁ ସେନା ମୁତୟନ କରାଯାଇଛି। ଅନ୍ୟପଟେ ଥାଇଲାଣ୍ଡର ଦକ୍ଷିଣ ଭାଗରେ ଆସିଥିବା ବନ୍ୟା ୧୭୬ ଜଣଙ୍କ ଜୀବନ ନେଇଛି। ଏହାକୁ ଗତ ଦଶ ବର୍ଷ ମଧ୍ୟରେ ଆସିଥିବା ସବୁଠାରୁ ଭୟଙ୍କର ବନ୍ୟା ଧରାଯାଉଛି। ସେହିପରି ମାଲେସିଆର ପେରଲିସ ରାଜ୍ୟରେ ଦୁଇ ଜଣଙ୍କ ମୃତ୍ୟୁ ହୋଇଥିବା ସୂଚନା ମିଳିଛି। ଦକ୍ଷିଣ ଏସିଆରେ ଆସିଥିବା ଏହି ବନ୍ୟା ଭିତ୍ତିଭୂମିକୁ ଧ୍ୱସ୍ତବିଧ୍ୱସ୍ତ କରିଦେଇଛି। ଅନେକ କୋଠାବାଡ଼ି ଭୁଶୁଡ଼ି ପଡ଼ିଥିବାବେଳେ ପୋଲ ଭାଙ୍ଗି ଯାଇଛି। ଜନଜୀବନ ଅସ୍ତବ୍ୟସ୍ତ କରିଦେଇଛି। ଶ୍ରୀଲଙ୍କାରେ ବାତ୍ୟା ଦାତୱା ପ୍ରଭାବରେ ହେଉଥିବା ବର୍ଷା ଥମିବାରେ ଲାଗିଛି। ଏହା ତାମିଲନାଡୁକୁ ମଧ୍ୟ ପ୍ରଭାବିତ କରିଥିଲା। ବର୍ଷା ଜନିତ ଦୁର୍ଘଟଣାରେ ତିନି ଜଣଙ୍କ ଜୀବନ ଯାଇଥିଲା।



## କୁକୁର ଧରି ସଂସଦରେ ପହଞ୍ଚିଲେ ରେଣୁକା



**'କୁକୁର କାମୁଡୁନି; କାମୁଡ଼ିବା ଲୋକ ସଂସଦରେ ଅଛନ୍ତି'**

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ସଂସଦର ଶୀତ ଅଧିବେଶନର ପ୍ରଥମ ଦିନରେ ସୋମବାର କଂଗ୍ରେସ ସାଂସଦ ରେଣୁକା ଚୌଧୁରୀଙ୍କୁ ନେଇ ବିବାଦ ହୋଇଛି। ସେ କୁକୁରକୁ ସାଙ୍ଗରେ ଧରି ସଂସଦ ପରିସରରେ ପହଞ୍ଚିଛନ୍ତି। ଏ ବିଷୟରେ ପଚାରିବାରୁ ସେ ଯେଉଁ ମନ୍ତବ୍ୟ ଦେଇଛନ୍ତି ତାହାକୁ ନେଇ ହଙ୍ଗାମା ହୋଇଛି। ସେ କହିଛନ୍ତି ଯେ 'ସରକାରଙ୍କୁ ପଶୁ ପସନ୍ଦ ନୁହେଁ। ଏହା ଅତ୍ୟନ୍ତ ଛୋଟ ଏବଂ କାହାର କ୍ଷତି କରୁ ନ ଥିବା ପଶୁ। କାମୁଡୁ ଥିବା ଏବଂ ଦଂଶନ କରୁଥିବା ବ୍ୟକ୍ତି ସଂସଦ ଭିତରେ ଅଛନ୍ତି। କୁକୁର ଏଭଳି କରେ ନାହିଁ' ଏହି ଘଟଣାକୁ ବିଜେପି ତୀବ୍ର ବିରୋଧୀ କରିଛି। ଏହା ଦ୍ୱାରା ସଂସଦ ମର୍ଯ୍ୟାଦାର ଉଲ୍ଲଂଘନ ବୋଲି କୁହାଯାଇଛି। ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରାଯାଇଛି।

ବିବାଦ ହେବାପରେ ରେଣୁକା ଏ ନେଇ ପ୍ରତିକ୍ରିୟା ଦେଇଛନ୍ତି। ସେ କହିଛନ୍ତି ଯେ ଏହି ଘଟଣାକୁ ଅଯଥାରେ ଆଲୋଚନାର ପରିସରକୁ ଅଣାଯାଉଛି। ଯଦି କୁକୁର ଗୃହ ଭିତରକୁ ପଶିଆସିଲା ତେବେ ସମସ୍ୟା କ'ଣ? ଏହି କୁକୁର କାହାକୁ କାମୁଡ଼ିବ ନାହିଁ ବୋଲି ବିଶ୍ୱାସ ମୋର ଅଛି। କୁକୁରକୁ ଗୃହ ଭିତରକୁ ନ ନେବାର କୌଣସି ପ୍ରୋଟୋକଲ ଅଛି କି? ରାସ୍ତାରେ ଆସିବା ବେଳେ କାର୍ ଏବଂ ସ୍କୁଟର ଧକ୍କା ହେବାରୁ କୁକୁର ଛୁଆଟି ପଳେଇ ଆସିଥିଲା। ରାସ୍ତାରେ ସେ ବୁଲୁଥିବାବେଳେ ଗାଡ଼ି ତଳେ ଚାପି ହୋଇଯିବ ଭାବି ତାକୁ ଆଣି ଆସିଥିଲି। ପହଞ୍ଚିବା ପରେ ତାକୁ ପଠାଇ ଦେଲି। ଗାଡ଼ି ଏବଂ କୁକୁର ଉଭୟ ପଳେଇ ଗଲେଣି। ଏବେ କାହାକୁ ନେଇ ଚର୍ଚ୍ଚା ହେଉଛି। ଯେଉଁମାନେ ବାସ୍ତବରେ କାମୁଡୁଛନ୍ତି ସେମାନେ ସଂସଦରେ ବସିଛନ୍ତି। ସେ ସରକାର ଚଳାଉଛନ୍ତି। ଏଥିରେ ତ କାହାର ସମସ୍ୟା ନାହିଁ। କୁକୁର ନେଇ ଆସିଗଲେ ତାହା ଚର୍ଚ୍ଚାର ପ୍ରସଙ୍ଗ ପାଲଟି ଯାଉଛି। ଲାଗୁଛି ସରକାରଙ୍କ ପାଖରେ କୌଣସି ପ୍ରସଙ୍ଗ ନାହିଁ। ଯଦି ସରକାର ସଂସଦ ଅଧିବେଶନକୁ ନେଇ ଚିନ୍ତିତ ତେବେ ଅବଧି କାହିଁକି ହ୍ରାସ କଲେ। ମାସକର ଅଧିବେଶନକୁ ପନ୍ଦର ଦିନକୁ କାହିଁକି ହ୍ରାସ କରାଗଲା? ଆମେ ଗୃହରେ କେଉଁ ପ୍ରସଙ୍ଗ ଉଠାଇବୁ ତାହାକୁ ନେଇ ଆପଣମାନେ ଚିନ୍ତିତ କାହିଁକି? ସୂଚନାଯୋଗ୍ୟ ଯେ ସଂସଦକୁ ପୋଷା ପଶୁପକ୍ଷୀ ନେଇଯିବାକୁ ନିୟମର ଉଲ୍ଲଙ୍ଘନ ଧରାଯାଏ। ସଂସଦ ଭବନ ପରିସରର ଆଚର ନିୟମ ଏବଂ 'ଲୋକସଭା ହ୍ୟାଣ୍ଡବୁକ ଫର ମେମ୍ବର୍ସ' ଅଧୀନରେ ଏହା ଭୁଲ୍।

## ବିହାର: ଶପଥପତ୍ର ପଢ଼ିପାରିଲେନି ବାହୁବଳୀଙ୍କ ପତ୍ନୀ ବିଭା ଦେବୀ



ପାଟନା, ୧।୧୨ (ଏଜେନ୍ସି): ଅନେକ ସମୟରେ ନେତା, ମନ୍ତ୍ରୀଙ୍କ ପାଇଁ ଶିକ୍ଷାଗତ ଯୋଗ୍ୟତା ଧାର୍ଯ୍ୟ କରିବାକୁ ଦାବି ହେଉଛି। କିନ୍ତୁ ପ୍ରାୟ ସବୁ ଦଳ ଏହି ଦାବିକୁ ଏଡ଼ାଇ ଚାଲିଛନ୍ତି। ତଳସ୍ତରର ସରକାରୀ କର୍ମଚାରୀ ହେବାକୁ ନିର୍ଦ୍ଦିଷ୍ଟ ଯୋଗ୍ୟତା ଏବଂ ଆପରାଧିକ ପୃଷ୍ଠଭୂମିରୁ ନ ଆସୁଥିବାର ନିୟମ ଥିବାବେଳେ ନେତାଙ୍କ ପାଇଁ ଏଭଳି କୌଣସି ନିୟମ ନାହିଁ କହିଲେ ଚଳେ। ଏବେ ଶିକ୍ଷାଗତ ଯୋଗ୍ୟତା ଅଭାବରୁ ତଥା ପଢ଼ି ନ ପାରିବାରୁ ଜଣେ ନବ ନିର୍ବାଚିତ ବିଧାୟିକା କିଭଳି ହଟହଟା ହୋଇଛନ୍ତି ତାହାର ଭିଡିଓ ସାରା ଦେଶରେ ଭାଇରାଲ ହେବାରେ ଲାଗିଛି। ବିହାର ବିଧାନସଭାରେ ଏଭଳି ବିରଳ ଦୃଶ୍ୟ ଦେଖିବାକୁ ମିଳିଛି। ୧୮ତମ ବିଧାନସଭାର ପ୍ରଥମ ଅଧିବେଶନରେ ନବ ନିର୍ବାଚିତ ସଦସ୍ୟ ଶପଥ ନେଉଛନ୍ତି। କିନ୍ତୁ ବାହୁବଳୀ ରାଜବଲ୍ଲଭଙ୍କ ପତ୍ନୀ ତଥା ନୱାଦାର ଜେଡିୟୁ ବିଧାୟିକା ବିଭା ଦେବୀ ଶପଥ ପତ୍ର ପଢ଼ି ନ ପାରି ସର୍ବସମ୍ମୁଖରେ ହଟହଟା ହୋଇଛନ୍ତି।

ବିଭା ଦେବୀ ଶପଥ ନେବାକୁ ଛିଡ଼ା ହୋଇଥିଲେ। ସେ ଭୁଲ୍ ଶବ୍ଦ ଉଚ୍ଚାରଣ କରି ଶପଥ ପାଠ ଆରମ୍ଭ କରିଥିଲେ। ଶପଥ ନେଉଛି ବଦଳରେ ସତତ ନେଉଛୁ ବୋଲି କହିଥିଲେ। ରହି ରହି ସେ ଶପଥ ପତ୍ର ପଢ଼ି ଚାଲିଥିଲେ। କ୍ରମାଗତ ଭାବେ ସଠିକ ଶବ୍ଦ ଉଚ୍ଚାରଣ କରିପାରୁ ନ ଥିଲେ। ମଝିରେ ମଝିରେ ଅଟକି ଯାଉଥିଲେ। ତାଙ୍କର ସ୍ଥିତି ସଦନରେ ଉପସ୍ଥିତ ଥିବା ସବୁ ଲୋକଙ୍କ ପାଇଁ ଚର୍ଚ୍ଚାର ପ୍ରସଙ୍ଗ ପାଲଟି ଯାଇଥିଲା। ଏହାର ଭିଡିଓ ଖୁବ୍ ଭାଇରାଲ ହେବାରେ ଲାଗିଛି। ବିଭା ଦେବୀ କଷ୍ଟେ ମଷ୍ଟେ ଶପଥ ନେବାକୁ ପ୍ରୟାସ କରିଥିଲେ। ଏହି ସମୟରେ ତାଙ୍କ ନିକଟରେ ଜେଡିୟୁ ବିଧାୟିକା ମନୋରମା ଦେବୀ ବସିଥିଲେ। ଶପଥ ପତ୍ର ପଢ଼ି ଦେବାକୁ ପ୍ରଭା ଦେବୀ ତାଙ୍କୁ ଅନୁରୋଧ କରିଥିଲେ। ଛୁଟକୀ ପଢ଼ି ଦେ, କହି ଦେ ବୋଲି କହିଥିଲେ। ମନୋରମା ଦେବୀ କହିବା ସତ୍ତ୍ୱେ ବି ବିଭା ଠିକ୍‌ରେ ପଢ଼ି ପାରି ନ ଥିଲେ। ଜେନତେନ ପ୍ରକାରରେ ଖଣ୍ଡି ଅକ୍ଷରରେ ସେ ଶପଥ ନେଇଥିଲେ। ଏହି ଭିଡିଓକୁ ନେଇ ସାମାଜିକ ଗଣମାଧ୍ୟମରେ ମେମେର ବନ୍ୟା ଆସିଛି। ଶପଥ ପତ୍ର ପଢ଼ି ପାରୁ ନ ଥିବା ମହିଳା ବିହାରର କେମିତି ବିକାଶ କରିବେ ବୋଲି ଲୋକେ ପ୍ରଶ୍ନ କରୁଛନ୍ତି। ସୂଚନାଯୋଗ୍ୟ ଯେ ସ୍ୱାମୀଙ୍କ ରାଜନୈତିକ ପ୍ରଭାବକୁ ଆଗକୁ ବଢ଼ାଇ ବିଭା ଦେବୀ ନୱାଦା ସିଟ୍‌ରୁ ନିର୍ବାଚନ ଲଢ଼ି ବିଜୟୀ ହୋଇଥିଲେ। ଅନ୍ୟ ପଟେ ଆଜି ଆରଜେଡି ନେତା ତେଜସ୍ୱୀ ଯାଦବ, ବିଜେପି ବିଧାୟିକା ମୈଥିଳୀ ଠାକୁର, ବାହୁବଳୀ ଅଶୋକ ମାହୋତଙ୍କ ପତ୍ନୀ ଅନିତା ଦେବୀ ପ୍ରମୁଖ ଶପଥ ଗ୍ରହଣ କରିଛନ୍ତି।

## ଦିଲ୍ଲୀ-ଏନସିଆରରେ ପ୍ରଦୂଷଣ ପାଇଁ ଖାଲି ଚାଷୀ ଦାୟୀ ନୁହେଁ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଦିଲ୍ଲୀ-ଏନସିଆରରେ ବାୟୁ ପ୍ରଦୂଷଣକୁ ନେଇ ସୋମବାର ସୁପ୍ରିମକୋର୍ଟ କେନ୍ଦ୍ର ସରକାର ଏବଂ ସମ୍ପୃକ୍ତ ସଂସ୍ଥାଗୁଡ଼ିକୁ ଭର୍ତ୍ସନା କରିଛନ୍ତି। ବାୟୁ ପ୍ରଦୂଷଣ ପାଇଁ କେବଳ ଚାଷୀଙ୍କୁ ଦାୟୀ କରିବାରୁ କୋର୍ଟ ଆପତ୍ତି ଉଠାଇଛନ୍ତି। ଏମସି ମେହତାଙ୍କ ଆବେଦନର ଶୁଣାଣି କରି ସୁପ୍ରିମକୋର୍ଟ କହିଛନ୍ତି ଯେ ପାଳ ଜାଳିବା ଘଟଣା ନୂଆ ନୁହେଁ। ୪-୫ ବର୍ଷ ତଳେ କୋଭିଡ୍ ଏବଂ ଲକଡାଉନ୍ ସମୟରେ ମଧ୍ୟ ନଡ଼ା ପୋଡ଼ା ଯାଉଥିଲା। ଏହା ସତ୍ତ୍ୱେ ଆକାଶ ସ୍ୱଚ୍ଛ ଏବଂ ନୀଳ ଦେଖାଯାଉଥିଲା। ଏବେ କାହିଁକି ନୁହେଁ ବୋଲି କୋର୍ଟ ପ୍ରଶ୍ନ କରିଛନ୍ତି? ଭାରତର ପ୍ରଧାନ ବିଚାରପତି ସୂର୍ଯ୍ୟକାନ୍ତ ଏବଂ ବିଚାରପତି ବାଗଚୀଙ୍କୁ ନେଇ ଗଠିତ ଖଣ୍ଡପୀଠ କହିଛନ୍ତି ଯେ ପାଳ ପୋଡ଼ିବା ଉପରେ ବିତର୍କ ରାଜନୈତିକ କିମ୍ବା ଅହଂକାରର ପ୍ରସଙ୍ଗ ହେବା ଉଚିତ୍ ନୁହେଁ। ଦିଲ୍ଲୀର ବିଷାକ୍ତ ବାୟୁର ଅନେକ କାରଣ ଅଛି। ପାଳ ପୋଡ଼ିବା ବ୍ୟତୀତ ବୃଦ୍ଧି ପାଉଥିବା ବାୟୁ ପ୍ରଦୂଷଣର କାରଣଗୁଡ଼ିକ ଉପରେ ବୈଜ୍ଞାନିକ ବିଶ୍ଳେଷଣ କରାଯିବା ଉଚିତ। ଏହି ମାମଲାର ପରବର୍ତ୍ତୀ ଶୁଣାଣି ଡିସେମ୍ବର ୧୦ରେ ଅନୁଷ୍ଠିତ ହେବ।

# ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଆରମ୍ଭ




ଭୁବନେଶ୍ୱର,୧।୧୨(ସମିସ): ଆଇକନିକ୍ କଳିଙ୍ଗ ଷ୍ଟାଡିୟମ୍‌ରେ ଥିବା 'ଦ ସଟଲ'ରେ ଆଜିଠାରୁ ଆରମ୍ଭ ହୋଇଛି ୩୭ତମ ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହୋଇଛି। ଡିସେମ୍ବର ୬ ତାରିଖଯାଏ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୧୫ ଓ ୧୭ ବର୍ଷରୁ କମ୍ ବୟସ ବିଭାଗରେ ପ୍ରତିଯୋଗିତା ଆୟୋଜିତ ହେବ। ଏହି ଟୁର୍ଣ୍ଣାମେଣ୍ଟକୁ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲାବେଳେ କ୍ରୀଡ଼ା ଓ ଯୁବସେବା ବିଭାଗ ସଚିବ ସଚିନ ରାମଚନ୍ଦ୍ର ଯାଦବ ଓ ବିଭାଗୀୟ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ। ବ୍ୟାଡମିଣ୍ଟନ ଆସୋସିଏସନ ଅଫ୍ ଇଣ୍ଡିଆର ଓ ଓଡ଼ିଶା ବ୍ୟାଡମିଣ୍ଟନ ସଂଘର କର୍ମକର୍ତ୍ତାମାନେ ମଧ୍ୟ ଉପସ୍ଥିତ ଥିଲେ। ଏହି ପ୍ରତିଯୋଗିତାରେ ୨୫୦ରୁ ଊର୍ଦ୍ଧ୍ୱ ବାଳିକା ଓ ୩୦୦ରୁ ଊର୍ଦ୍ଧ୍ୱ ବାଳକ ପ୍ରତିଯୋଗୀ ଅଂଶଗ୍ରହଣ କରିଛନ୍ତି। ୧୩ ବର୍ଷରୁ କମ୍ ଜାତୀୟ ଚାମ୍ପିଅନ ଏବଂ ୧୫ ବର୍ଷରୁ କମ୍ ରନର୍ସଅପ୍ ଓଡ଼ିଶାର ତନ୍‌ଭି ପତ୍ରୀ ଏହି ଟୁର୍ଣ୍ଣାମେଣ୍ଟରେ ବାଳିକା ବିଭାଗର ଉଭୟ ଟାଇଟଲ ଜିତିବାର ଯଥେଷ୍ଟ ସମ୍ଭାବନା ରହିଛି।

# 'କୋହଲିଙ୍କ ଭବିଷ୍ୟତ ନେଇ ପ୍ରଶ୍ନ ଉଠାଇବା ଅନାବଶ୍ୟକ'

ନୂଆଦିଲ୍ଲୀ,୧।୧୨(ଏଜେନ୍ସି):

ଫର୍ମ ହେଉ ଅବା ଫିଟ୍‌ନେସ, ୩୭ ବର୍ଷରେ ବିରାଟ କୋହଲି ଯେପରି ଖେଳୁଛନ୍ତି ତାଙ୍କର ଭବିଷ୍ୟତ ନେଇ ଆଲୋଚନା କରିବା କିମ୍ବା ପ୍ରଶ୍ନ ଉଠାଇବା ଅପ୍ରାସଙ୍ଗିକ ଓ ଅନାବଶ୍ୟକ ବୋଲି କହିଛନ୍ତି ଭାରତୀୟ ଦଳର ବ୍ୟାଟିଂ କୋଚ୍ ସିତାଂଶୁ କୋଟକ। ରାଞ୍ଚିରେ ଗତକାଲି ଖେଳାଯାଇଥିବା ଦକ୍ଷିଣ ଆଫ୍ରିକା ବିପକ୍ଷ ପ୍ରଥମ ଦିନିକିଆ ମ୍ୟାଚ୍‌ରେ ସେ ଯେପରି ପ୍ରଭାବଶାଳୀ ଖେଳ ପ୍ରଦର୍ଶନ କରିଥିଲେ, ସେଥିରୁ ସେ ତାଙ୍କ ଉପସ୍ଥିତି ଜାହିର କରିଛନ୍ତି। ବିରାଟ କୋହଲି ଏବେ କେବଳ ଦିନିକିଆ ଫର୍ମାଟରେ ଖେଳୁଛନ୍ତି। ଟେଷ୍ଟ ଓ ଟି-୨୦ର ଅନ୍ତର୍ଜାତୀୟ ଫର୍ମାଟରୁ ସେ ଅବସର ନେଇସାରିଛନ୍ତି। ଭାରତୀୟ ଦଳର ନିରାଶାଜନକ ପ୍ରଦର୍ଶନ ପରେ କୋହଲି ଟେଷ୍ଟ ଫର୍ମାଟକୁ ଫେରିବେ ବୋଲି ଜୋର କଳ୍ପନା ଜଳ୍ପନା ଚାଲିଛି। ସେ ନିଜେ ଏହାର ପୂର୍ଣ୍ଣଛେଦ ପକାଇଛନ୍ତି। ଗତକାଲି ସେ କହିଥିଲେ, ଭାରତ ଲାଗି ଖେଳିବାକୁ ଗଲାବେଳେ ସେ ସର୍ବଦା ୧୨୦ ଭାଗ ଚେଷ୍ଟା କରିଥାନ୍ତି। ଏବେ ମୁଁ କେବଳ ଦିନିକିଆ ଫର୍ମାଟରେ ଖେଳ ଜାରି ରଖିବି ବୋଲି କହିବା ପରେ ଟେଷ୍ଟକୁ ତାଙ୍କର ପ୍ରତ୍ୟାବର୍ତ୍ତନ ଆଉ ସମ୍ଭବ ନୁହେଁ ବୋଲି ଏଥିରୁ ସ୍ପଷ୍ଟ ହୋଇଛି।




୨୦୨୭ରେ ଦିନିକିଆ ବିଶ୍ୱକପ୍ ଦକ୍ଷିଣ ଆଫ୍ରିକାରେ ଖେଳାଯିବ। ବିରାଟ କୋହଲି ଏବଂ ରୋହିତ ଶର୍ମା ଏହି ବିଶ୍ୱକପ୍ ଖେଳି ଅବସର ନେବାକୁ ଆଗ୍ରହୀ ବୋଲି ଆଲୋଚନା ହେଉଛି। ଉଭୟ ଅନ୍ତର୍ଜାତୀୟ କ୍ରିକେଟର ଅନ୍ୟ ଦୁଇ ଫର୍ମାଟରୁ ଅବସର ନେଇ ସାରିଥିବାରୁ ଏବେ କେବଳ ଦିନିକିଆ ଖେଳୁଛନ୍ତି। ଏହା ବ୍ୟତୀତ ଇଣ୍ଡିଆନ ପ୍ରିମିୟର ଲିଗ୍‌ରେ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି। ସେ ଯେତିକି ପରିମାଣରେ କ୍ରିକେଟ ଖେଳୁଛନ୍ତି, ସେଥିରୁ ବିଶ୍ୱକପ ପର୍ଯ୍ୟନ୍ତ ତାଙ୍କ ଫିଟ୍‌ନେସ ସ୍ତରରେ କିଛି ପରିବର୍ତ୍ତନ ହେବାର ଆଶଙ୍କା ନାହିଁ। ଏଣୁ ତାଙ୍କ ଭବିଷ୍ୟତ ସମ୍ପର୍କରେ କଳ୍ପନା ଜଳ୍ପନା, ଆଲୋଚନା କିମ୍ବା ପର୍ଯ୍ୟାଲୋଚନା କରିବା ଅନୁଚିତ ହେବ ବୋଲି କୋଟକ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି। ଟିମ୍ ମ୍ୟାନେଜ୍‌ମେଣ୍ଟ ଏ ସମ୍ପର୍କରେ କଥାବାର୍ତ୍ତା ହେବା ତ ଦୂରର କଥା, ଭାବିବାକୁ ମଧ୍ୟ ଉଚିତ ମନେକରିନାହିଁ।

ରାଞ୍ଚିରେ ଖେଳାଯାଇଥିବା ପ୍ରଥମ ଦିନିକିଆରେ କୋହଲି ତାଙ୍କ ଚିରାଚରିତ ଶୈଳୀରେ ବ୍ୟାଟିଂ କରି ଜୀବନର ୫୨ତମ ଶତକ ହାସଲ କରିଥିଲେ। ଅନ୍ତର୍ଜାତୀୟ କ୍ରିକେଟର ଗୋଟିଏ ଫର୍ମାଟରେ ଏହା ସର୍ବାଧିକ ଶତକ। ଟେଷ୍ଟ କ୍ରିକେଟରେ ସଚିନ ତେନ୍ଦୁଲକର ୫୧ଟି ଶତକ ହାସଲ କରିଛନ୍ତି। ଏହି ମ୍ୟାଚ୍‌ରେ ସେ ୧୦୨ଟି ବଲ୍‌ରୁ ଶତକ ହାସଲ କରିଥିଲେ। ସେ ମୋଟ ୧୨୦ଟି ବଲ୍ ଖେଳି ୧୩୫ ରନ୍ କରିଥିଲେ। ଏହା ମଧ୍ୟରେ ୧୦ଟି ସୁଦୃଶ୍ୟ ଚୌକା ଓ ୭ଟି ବିରାଟ ଛକା ରହିଥିଲା। ଏଥିରୁ ତାଙ୍କ ଫର୍ମ ଓ ଫିଟ୍‌ନେସ୍‌ର ପ୍ରମାଣ ମିଳିଥାଏ। ତାଙ୍କ ଶତକ ଓ ଅନ୍ୟତମ ବରିଷ୍ଠ ଖେଳାଳି ରୋହିତ ଶର୍ମାଙ୍କ ସହ ଦ୍ୱିତୀୟ ୱିକେଟ ଭାଗୀଦାରିରେ ୧୩୬ ରନ୍ ସଂଗୃହୀତ ହୋଇଥିଲା। ଏହି ରନ୍ ବଳରେ ଭାରତ ଏକ ବିଶାଳ ସ୍କୋର (୮ୱିକେଟରେ ୩୪୯ ରନ୍) କରିଥିଲା। କୁଳଦୀପ ଯାଦବ ୪ଟି ଓ ହର୍ଷିତ ରାଣା ୩ଟି ୱିକେଟ ନେବା ଫଳରେ ଭାରତ ଏହି ମ୍ୟାଚ୍‌କୁ ୧୭ ରନ୍‌ରେ ଜିତିନେଇଥିଲା।

### ସେହ୍ୱାଗଙ୍କ ପ୍ରଶଂସା

ବିରାଟ କୋହଲି ପୁଣିଥରେ ପ୍ରମାଣିତ କରିଛନ୍ତି ଯେ, ଚା' ତିଆରି କରିବା ଆମ ଲାଗି ଯେତିକି ସହଜ, ବିରାଟଙ୍କ ଲାଗି ରନ୍ ସଂଗ୍ରହ କରିବା ସେତିକି ସହଜ। ସେ ଆହୁରି କହନ୍ତି, ରେକର୍ଡ ପଛରେ କୋହଲି ଦୌଡୁନାହାନ୍ତି, ବରଂ ରେକର୍ଡ ତାଙ୍କ ପଛରେ ଦୌଡୁଛି। ଆଜ୍ ଭି ଭୁକ୍ ୱହି, ଜୁନୁନ ୱହି ବୋଲି ସେ କହିଛନ୍ତି। କିଙ୍ଗ୍ ଷ୍ଟେଜ୍ କିଙ୍ଗ୍ ବା ରାଜା ସର୍ବଦା ରାଜା ଭଳି ରହିବ ବୋଲି ସେହ୍ୱାଗ ତାଙ୍କ ପ୍ରଶଂସାରେ କୋହଲିଙ୍କୁ ପୋତିଦେଇଛନ୍ତି।

# ମହିଳା ହକି ଦଳର କୋଚ୍ ପଦ ଛାଡ଼ିଲେ ହରେନ୍ଦ୍ର

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଏକ ଅପ୍ରତ୍ୟାଶିତ ଘଟଣାକ୍ରମେ ଭାରତୀୟ ସିନିଅର ମହିଳା ହକି ଦଳର ମୁଖ୍ୟ ପ୍ରଶିକ୍ଷକ ହରେନ୍ଦ୍ର ସିଂହ ସୋମବାର ନିଜ ପଦରୁ ଇସ୍ତଫା



ଦେଇଛନ୍ତି। ବ୍ୟକ୍ତିଗତ କାରଣ ଦର୍ଶାଇ ହରେନ୍ଦ୍ର ନିଜର ନିଷ୍ପତ୍ତି ମେଲ୍ ଯୋଗେ ହକି ଇଣ୍ଡିଆକୁ ଜଣାଇ ଦେଇଛନ୍ତି। ୫୬ ବର୍ଷୀୟ ହରେନ୍ଦ୍ର ଗତବର୍ଷ ଏପ୍ରିଲରେ ଏହି ଗୁରୁଦାୟିତ୍ୱ ସମ୍ଭାଳିଥିଲେ। ୨୦୨୮ ଅଲିମ୍ପିକ୍ସ ପର୍ଯ୍ୟନ୍ତ ସେ ଟିମ୍ ସହ ଜଡ଼ିତ ରହିବେ ବୋଲି ଆଶା କରାଯାଉଥିଲା। କିନ୍ତୁ ଅଚାନକ ପଦ ଛାଡ଼ିବା ନେଇ ନାନା ଆଲୋଚନା ହେଉଛି। ରିପୋର୍ଟ ଅନୁସାରେ ୨୦୨୦ ଟୋକିଓ ଅଲିମ୍ପିକ୍ସରେ ଭାରତୀୟ ମହିଳା ଦଳର କୋଚ୍ ରହିଥିବା ନେଦରଲାଣ୍ଡସର ଶୋଡ୍ ମାରିନ ପୁଣିଥରେ ଏହି ସମ୍ମାନଜନକ ପଦ ସମ୍ଭାଳିବେ। ତାଙ୍କ ତତ୍ତ୍ୱାବଧାନରେ ମହିଳା ହକି ଦଳ ଟୋକିଓ ଅଲିମ୍ପିକ୍ସରେ ୪ର୍ଥ ସ୍ଥାନରେ ରହିଥିଲା। ତେବେ ହକି ଇଣ୍ଡିଆ ପକ୍ଷରୁ ଏନେଇ ଅଫିସିଆଲ୍ ଭାବେ କିଛି ଘୋଷଣା କରାଯାଇନାହିଁ। ସ୍ମରଣଯୋଗ୍ୟ, ହରେନ୍ଦ୍ରଙ୍କ ପ୍ରଶିକ୍ଷଣରେ ୨୦୧୬ରେ ଭାରତୀୟ ଦଳ ଜୁନିଅର ପୁରୁଷ ବିଶ୍ୱକପ୍‌ରେ ଚାମ୍ପିଅନ ହୋଇଥିଲା। ୨୦୨୧ରୁ ୨୦୨୪ ପର୍ଯ୍ୟନ୍ତ ସେ ଆମେରିକା ପୁରୁଷ ଦଳର କୋଚ୍ ଦାୟିତ୍ୱ ସମ୍ଭାଳିଥିଲେ।

# ଦୃଷ୍ଟିହୀନ ମହିଳା ବିଶ୍ୱଚାମ୍ପିଅନ ଖେଳାଳିଙ୍କୁ ୧୧ ଲକ୍ଷ ଟଙ୍କା

ଭୁବନେଶ୍ୱର,୧।୧୨(ସମିସ): ଶ୍ରୀଲଙ୍କାରେ ଅନୁଷ୍ଠିତ ପ୍ରଥମ ଦୃଷ୍ଟିହୀନ ମହିଳା ବିଶ୍ୱକପ୍ କ୍ରିକେଟରେ ଭାରତ ଚାମ୍ପିଅନ ହୋଇଛି। ଏହି ଚାମ୍ପିଅନ ଭାରତୀୟ ଦଳରେ ଓଡ଼ିଶାରୁ ୪ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ଫାଇନାଲରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିବା ବାଲେଶ୍ୱରର ଫୁଲ ସୋରେନ୍। ଏମାନଙ୍କ ବ୍ୟତୀତ ଆଉ ୩ଜଣ ଖେଳାଳି ମୟୂରଭଞ୍ଜ ଜିଲ୍ଲାର। ସେମିଫାଇନାଲରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିବା ବାସନ୍ତୀ ହାଁସ୍‌ଦା, ଯମୁନାରାଣୀ ଟୁଡୁ ଓ ପାର୍ବତୀ ମାର୍ଣ୍ଡି। ଏ ସମସ୍ତ ଖେଳାଳି ଓଡ଼ିଶାରେ ପହଞ୍ଚିବା ପରେ ବିମାନବନ୍ଦରରେ ଦୃଷ୍ଟିହୀନ କ୍ରିକେଟ ସଂଘ ପକ୍ଷରୁ ଖେଳାଳିମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହା ପରେ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ତାଙ୍କ ବାସଭବନରେ ଖେଳାଳିମାନଙ୍କୁ ସମ୍ବର୍ଦ୍ଧିତ କରିବା ସହ ୧୧ ଲକ୍ଷ ଲେଖାଏଁ ଟଙ୍କା ପ୍ରୋତ୍ସାହନ ରାଶି ପ୍ରଦାନ କରିଥିଲେ। ଏହି ଖେଳାଳିଙ୍କ ସହ ରାଜ୍ୟ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, କ୍ରୀଡ଼ା ଓ ଯୁବସେବା ବିଭାଗର ସଚିବ ତଥା କମିଶନର ସଚିନ ରାମଚନ୍ଦ୍ର ଯାଦବ, ନିର୍ଦ୍ଦେଶକ ଡଃ. ୟେଦୁଲା ବିଜୟ, ଦଳର କୋଚ୍ ଦେବାଶିଷ ଜେନା ଓ ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। କିନ୍ତୁ ଅନ୍ୟ ଖେଳାଳିମାନଙ୍କୁ ଦିଆଯାଉଥିବା ପ୍ରୋତ୍ସାହନ ରାଶି ତୁଳନାରେ ଏହା ବହୁତ କମ୍ ବୋଲି ଆଲୋଚନା ହେଉଛି।



■ ୨୩ ବର୍ଷରୁ କମ୍ ମହିଳା ଟି-୨୦

# ମୁମ୍ବଇଠାରୁ ହାରିଲା ଓଡ଼ିଶା

ଭୁବନେଶ୍ୱର, ୧।୧୨(ସମିସ): କେରଳର ତିରୁଅନନ୍ତପୁରମଠାରେ ଚାଲିଥିବା ୨୩ ବର୍ଷରୁ କମ୍ ମହିଳା ଟି-୨୦ ଏଲିଟ୍ ବିଭାଗ ମୁକାବିଲାରେ ଓଡ଼ିଶା ୧୮ ରନ୍‌ରେ ମୁମ୍ବଇଠାରୁ ହାରିଯାଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ମୁମ୍ବଇ ନିର୍ଦ୍ଧାରିତ ୨୦ ଓଭରରେ ୭ ୱିକେଟ ହରାଇ ୧୪୦ ରନ୍ କରିଥିଲା। ଦଳ ପକ୍ଷରୁ ପ୍ରଥମ ୩ ବ୍ୟାଟର ୦, ୪, ୬ରେ ଆଉଟ ହେବା ପରେ ଦଳ ୧୫ ରନ୍‌ରେ ୩ ୱିକେଟ ହରାଇଥିଲା। ଏହା ପରେ ନଂ-୮ ବ୍ୟାଟର ହର୍ଲି ଗାଲା ଅପରାଜିତ ୩୦, ନଂ-୪ ଓ ୫, ତୁଶି ଶାହ ଓ ସାଧବୀ ସଞ୍ଜୟ ୨୪ ରନ୍ ଲେଖାଏଁ, ନଂ-୮ ଶ୍ରଦ୍ଧା ୨୩ ରନ୍ କରିଥିଲେ। ଓଡ଼ିଶାର ଶ୍ରେୟା ପ୍ରିୟଦର୍ଶିନୀ ୨ଟି, ଅନନ୍ୟା ମିଶ୍ର, ଶୁଭ୍ରନିର୍ଝରିଣୀ ସ୍ୱାଇଁ ଓ ଏସ୍‌ବି ଲରେନ୍ସ ଜଣେ ଲେଖାଏଁ ଖେଳାଳିଙ୍କୁ ଆଉଟ କରିଥିଲେ।



ଶ୍ରେୟା ପ୍ରିୟଦର୍ଶିନୀ



ତନ୍ମୟୀ ବେହେରା

ଜବାବରେ ଓପନର ତନ୍ମୟୀ ବେହେରାଙ୍କ ୩୯ ବଲ୍‌ରେ ୪୪ ଓ ନଂ-୩ ବ୍ୟାଟର ତଥା ଅଧିନାୟିକା ଅଲିପ୍ସା ବିଶ୍ୱାଳଙ୍କ ୩୯ ବଲ୍‌ରେ ୩୮ ରନ୍ ସତ୍ତ୍ୱେ ଦଳ ସମାନ ସଂଖ୍ୟକ ଓଭର ଖେଳି ୬ ୱିକେଟରେ ୧୨୨ ରନ୍ କରିବାକୁ ସମର୍ଥ ହୋଇଥିଲା। ସିନିୟର ଖେଳାଳିଙ୍କୁ ନେଇ ଗଠିତ ଓଡ଼ିଶା ଦଳର ବ୍ୟାଟିଂ ଏଠାରେ କାମ ଦେଇ ନ ଥିଲା। ମୁମ୍ବଇର ଜିଲ ଡିମେଲୋ ଓ କାଶିଶ ୨ଜଣ ଲେଖାଏଁ ଖେଳାଳିଙ୍କୁ ଆଉଟ କରିଥିଲେ।

# ଦୃଢ଼ସ୍ଥିତିରେ ଉତ୍ତରାଖଣ୍ଡ

କୁଚ୍‌ବିହାର ଟ୍ରଫି

ଭୁବନେଶ୍ୱର, ୧।୧୨(ସମିସ): ଓଡ଼ିଶା ଓ ଉତ୍ତରାଖଣ୍ଡ ମଧ୍ୟରେ ୧୯ ବର୍ଷରୁ କମ୍ ୩ ଦିନିଆ କୁଚ୍‌ବିହାର ଟ୍ରଫି ଆଜିଠାରୁ ଆରମ୍ଭ ହୋଇଛି। ଉତ୍ତରାଖଣ୍ଡର କାଶିପୁରଠାରେ ପ୍ରଥମ ଦିନ ଖେଳରେ ଓଡ଼ିଶା ମାତ୍ର ୧୪୬ ରନ୍‌ରେ ଅଲଆଉଟ ହୋଇଯାଇଛି। ଜବାବରେ ପ୍ରଥମ ଦିନ ଖେଳ ଶେଷ ସୁଦ୍ଧା ଉତ୍ତରାଖଣ୍ଡ ୨ ୱିକେଟରେ ୧୪୯ ରନ୍ କରିଛି। ଉତ୍ତରାଖଣ୍ଡ ପକ୍ଷରୁ ଅଧିନାୟକ ରଖିତ ଡାଲାକୋଟି ସର୍ବାଧିକ ୬୪ ଓ ଆଦିତ୍ୟ ନାଇଥାନି ୫୯ ରନ୍‌ରେ ବ୍ୟାଟିଂ କରୁଥିଲେ। ପ୍ରିୟାଂଶୁ ମହାନ୍ତି ଓ ସମ୍ବିତ ବେଜା ୱିକେଟ ଦୁଇଟି ସମାନ ଭାବେ ବାଣ୍ଟି ନେଇଥିଲେ। ପୂର୍ବରୁ ପ୍ରଥମେ ବ୍ୟାଟିଂ କରିଥିବା ଓଡ଼ିଶା ପ୍ରିୟାଂଶୁ ସିଂଙ୍କ ବୋଲିଂର ମୁକାବିଲା କରି ନ ପାରି ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ପ୍ରିୟାଂଶୁ ୧୫.୧ ଓଭରରେ ୩୩ ରନ୍ ଦେଇ ସର୍ବାଧିକ ୮ଟି ୱିକେଟ ନେଇଥିଲେ। ଓଡ଼ିଶା ଇନିଂସରେ ଦଳର ପ୍ରଥମ ୪ଜଣ ଓ ନଂ-୬ ବ୍ୟାଟର ଦୁଇ ଅଙ୍କରେ ପହଞ୍ଚିପାରି ନ ଥିଲେ। ପୀୟୁଷ ରଞ୍ଜନ ମନ୍ତ୍ରୀ ସର୍ବାଧିକ ୬୧ ରନ୍ କରିଥିଲେ।

ଇଣ୍ଟରନ୍ୟାସନାଲ ଓପନ୍ ଗେଟବଲ୍ ଉଦ୍‌ଯାପିତ

# ଡବଲ୍ସରେ ଓଡ଼ିଶା-ଏ ଚାମ୍ପିଅନ

ଭୁବନେଶ୍ୱର, ୧।୧୨ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଅନୁଷ୍ଠିତ ଆଇକନିକ ଇଣ୍ଡିଆ ଇଣ୍ଟରନ୍ୟାସନାଲ ଓପନ୍ ଗେଟ୍‌ବଲ୍ ଟୁର୍ଣ୍ଣାମେଣ୍ଟ ସୋମବାର ଉଦଯାପିତ ହୋଇଯାଇଛି। ଏଥିରେ ଡବଲ୍ସ ବର୍ଗରେ ଓଡ଼ିଶା-ଏ ଦଳ ଚାମ୍ପିଅନ ଓ ତାଇୱାନ-ସି ରନର୍ସଅପ୍ ହୋଇଥିଲା। ସେହିଭଳି କ୍ଲାସିକ ବର୍ଗରେ ତାଇୱାନ-ବି ଟାଇଟଲ୍ ହାସଲ କରିଛି। ଫାଇନାଲରେ ତାଇୱାନ ବିହାରକୁ ପରାସ୍ତ କରିଥିଲା। ଆଇକନିକ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ଓ ଭାରତୀୟ ଗେଟ୍‌ବଲ ୟୁନିୟନ (ଆଇଜିୟୁ)ର ମିଳିତ ସହଯୋଗରେ ଆୟୋଜିତ ଏହି ଦୁଇଦିନିଆ ପ୍ରତିଯୋଗିତାରେ ଭାରତର ୧୮ ରାଜ୍ୟର ୨୦୦ରୁ ଊର୍ଦ୍ଧ୍ୱ ଖେଳାଳି ଅଂଶଗ୍ରହଣ କରିଥିଲେ। ସେହିଭଳି ଇଣ୍ଡୋନେସିଆ ଓ ତାଇୱାନରୁ ମଧ୍ୟ ଖେଳାଳି ଏଥିରେ ଭାଗନେଇଥିଲେ। ଉଦ୍‌ଯାପନୀ ଉତ୍ସବରେ




ରୋଟାରିଆନ ମନୋଜ ତ୍ରିପାଠୀ, ଡ. ପ୍ରବୋଧ ମହାନ୍ତି, ଯଜ୍ଞଶିଷ ମହାପାତ୍ର, ଟୁର୍ଣ୍ଣାମେଣ୍ଟ ଡିରେକ୍ଟର ତାରିଣୀ ପ୍ରସାଦ ମହାନ୍ତି, ଆଇଏସ୍‌ଏଫ୍‌ର ଡିରେକ୍ଟର ସଞ୍ଜୟ ଚୌଧୁରୀ, ଚିଦାତମିକା ଖଟୁଆ, ଶେଖ ଅବଦୁଲ ସମିସ ପ୍ରମୁଖ ଉପସ୍ଥିତ ରହିଥିଲେ।

# ବାରବାଟୀରେ ଖେଳିବେ ଗିଲ୍, ପାଣ୍ଡ୍ୟା!

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଦକ୍ଷିଣ ଆଫ୍ରିକା ବିପକ୍ଷ ଟି-୨୦ ସିରିଜ ପୂର୍ବରୁ ଆହତ ସମସ୍ୟା ଦେଇ ଗତି କରୁଥିବା ଭାରତର ଦୁଇ ପ୍ରମୁଖ ଖେଳାଳି ଶୁବମନ ଗିଲ୍ ଓ ଅଲ୍‌ରାଉଣ୍ଡର ହାର୍ଦ୍ଦିକ ପାଣ୍ଡ୍ୟା ଧିରେ ଧିରେ ସୁସ୍ଥ ହୋଇଛନ୍ତି। ପାଣ୍ଡ୍ୟାଙ୍କୁ ଚଳିତ ସୟଦ ମୁସ୍ତାକ ଅଲି ଟି-୨୦ରେ ବରୋଦା ପକ୍ଷରୁ ଖେଳିବାକୁ ବିସିସିଆଇ ସୋମବାର ସବୁଜ ସଙ୍କେତ ପ୍ରଦାନ କରିଛି। ଫଳରେ ସେ ମଙ୍ଗଳବାର ବରୋଦା-ପଞ୍ଜାବ ମୁକାବିଲାରେ ଖେଳାଯିବାର ଯଥେଷ୍ଟ ସମ୍ଭାବନା ରହିଛି। ସେହିଭଳି ଗିଲ୍ ସୋମବାର ବେଙ୍ଗାଲୁରୁସ୍ଥିତ ସେଣ୍ଟର ଅଫ୍ ଏକ୍ସିଲେନ୍ସରେ ନିୟମିତ ଫିଟନେସ ଯାଞ୍ଚ ପାଇଁ ରିପୋର୍ଟ କରିଛନ୍ତି। ଏହାପରେ ସେ ଦକ୍ଷିଣ ଆଫ୍ରିକା ବିପକ୍ଷ ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ଖେଳିବେ କି ନାହିଁ ସ୍ପଷ୍ଟ ହେବ। ତେବେ ରିପୋର୍ଟ ଅନୁଯାୟୀ ଟି-୨୦ ସିରିଜ ଲାଗି ଦଳ ଘୋଷଣା ବେଳକୁ ଉଭୟ ପାଣ୍ଡ୍ୟା ଓ ଗିଲ୍ ସମ୍ପୂର୍ଣ୍ଣ ସୁସ୍ଥ ହୋଇଯାଇଥିବେ ବୋଲି କୁହାଯାଉଛି। ଏଭଳି ହେଲେ କଟକର ବାରବାଟୀରେ ଖେଳାଯିବାକୁ ଥିବା ସିରିଜର ପ୍ରଥମ ମ୍ୟାଚରେ ଉଭୟ ତାରକା ଖେଳାଳିଙ୍କୁ କ୍ରିକେଟ୍‌ପ୍ରେମୀ ଦେଖିବାକୁ ପାଇବେ।

ଜୁନିଅର ମହିଳା ହକି ବିଶ୍ୱକପ୍ ଉଦ୍‌ଘାଟିତ

# ବିଜୟରୁ ଭାରତର ଅଭିଯାନ

ସାଣ୍ଟିଆଗୋ, ୧।୧୨ (ଏଜେନ୍ସି): ଜୁନିଅର ମହିଳା ହକି ବିଶ୍ୱକପ୍‌ର ୧୧ତମ ସଂସ୍କରଣ ସୋମବାରଠାରୁ ଚିଲିରେ ଆରମ୍ଭ ହୋଇଛି। ଡିସେମ୍ବର ୧୩ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ମେଗା ଇଭେଣ୍ଟରେ ଭାରତୀୟ ମହିଳା ଦଳ ବିଜୟରୁ ଅଭିଯାନ ଆରମ୍ଭ କରିଛି। ଭାରତ ପ୍ରଥମ ମ୍ୟାଚରେ ନାମିବ୍ୟାକୁ ୧୩-୦ ଗୋଲ୍‌ର ବଡ଼ ବ୍ୟବଧାନରେ ପରାସ୍ତ କରିଛି। ଏଥିସହ ପୁଲ୍-ସି'ରେ ସ୍ଥାନ ପାଇଥିବା ଭାରତ ୩ ପଏଣ୍ଟ ପାଇ ଖାତା ଖୋଲିଛି। ଭାରତ ଏହାର ପରବର୍ତ୍ତୀ ମ୍ୟାଚରେ ବୁଧବାର ଜର୍ମାନୀକୁ ଭେଟିବାର କାର୍ଯ୍ୟସୂଚୀ ରହିଛି। ପ୍ରଥମ ଦିବସରେ ଅନୁଷ୍ଠିତ ଅନ୍ୟ ଏକ ମ୍ୟାଚରେ ଜର୍ମାନୀ ୭-୧ ଗୋଲ୍‌ରେ ଏକପାଖିଆ ଭାବେ ଆୟର୍ଲାଣ୍ଡକୁ ପରାସ୍ତ କରିଥିଲା। ଏଥର ବିଶ୍ୱକପ୍‌ରେ ୫ଟି ମହାଦେଶର ୨୪ଟି ଦଳ ଅଂଶଗ୍ରହଣ କରିଛନ୍ତି। ୧୯୮୯ରୁ ଏହି ମେଗା ଇଭେଣ୍ଟ ଖେଳାଯାଇ ଆସୁଥିଲେ ମଧ୍ୟ ଭାରତ ଥରେ ହେଲେ ଫାଇନାଲରେ ପ୍ରବେଶ କରିବାରେ ସଫଳ ହୋଇନାହିଁ।

ଏଫ୍‌ଆଇଏଚ୍ ପୁରୁଷ ହକି ଜୁନିଅର ବିଶ୍ୱକପ୍

# କ୍ୱାର୍ଟରରେ ଜର୍ମାନୀ

ମଦୁରାଇ,୧।୧୨(ଏଜେନ୍ସି): ବିଶ୍ୱର ନଂ-୧ ଟିମ୍ ତଥା ଡିଫେଣ୍ଡିଂ ଚାମ୍ପିଅନ ଜର୍ମାନୀ ପ୍ରଥମ ଦଳ ଭାବେ ଏଠାରେ ଚାଲିଥିବା ଏଫ୍‌ଆଇଏଚ୍ ହକି ଜୁନିଅର ବିଶ୍ୱକପ୍ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଆଜି ଏଠାରେ ଅନୁଷ୍ଠିତ ବର୍ଷା ବାଧାପ୍ରାପ୍ତ ମୁକାବିଲାରେ ଜର୍ମାନୀ ୫-୧ ଗୋଲରେ ଆୟର୍ଲାଣ୍ଡକୁ ପରାସ୍ତ କରି ଗ୍ରୁପ୍-ଏ'ରେ ସମସ୍ତ ୩ଟି ଯାକ ମ୍ୟାଚ୍ ଜିତି ପ୍ରଥମ ସ୍ଥାନ ଅଧିକାର କରିଛି। ଜର୍ମାନୀ ଏବେ ଚେନ୍ନଇରେ କ୍ୱାର୍ଟର ଫାଇନାଲ ଖେଳିବ। ସେହିପରି ଏହି ଗ୍ରୁପ୍‌ରେ କାନାଡାକୁ ୯-୧ ଗୋଲରେ ପରାସ୍ତ କରି ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ସ୍ଥାନରେ ରହିଛି। ଗ୍ରୁପ୍-ବି'ରେ ଆସନ୍ତାକାଲି ଭାରତ ଓ ସ୍ୱିଜରଲାଣ୍ଡ ମଧ୍ୟରେ ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍‌ର ବିଜେତା ଗ୍ରୁପ୍‌ରେ ପ୍ରଥମ ସ୍ଥାନ ଅଧିକାର କରିବା ସହ ସିଧାସଳଖ କ୍ୱାର୍ଟରଫାଇନାଲ ଖେଳିବ।

ଲିସବନ୍ ଅନ୍ତର୍ଜାତୀୟ କଣ୍ଟିନେଣ୍ଟାଲ କପ୍ ଜିମ୍ନାଷ୍ଟିକ୍

# ଏଏମ୍/ଏନ୍‌ଏସ୍ ଏଚ୍‌ପିସି ଆଥ୍‌ଲେଟ୍‌ଙ୍କୁ ୨୦ ପଦକ



ଭୁବନେଶ୍ୱର, ୧।୧୨ (ସମିସ): ପର୍ତ୍ତୁଗାଲର ଲିସବନରେ ଅନୁଷ୍ଠିତ ଅନ୍ତର୍ଜାତୀୟ କଣ୍ଟିନେଣ୍ଟାଲ କପ୍‌ରେ ଓଡ଼ିଶା ଏଏମ୍/ଏନ୍‌ଏସ୍ ଇଣ୍ଡିଆ ଜିମ୍ନାଷ୍ଟିକ୍ସ ହାଇପରଫରମାନ୍ସ ସେଣ୍ଟର (ଏଚ୍‌ପିସି)ର ଆଥ୍‌ଲେଟ୍‌ମାନେ ଦମ୍‌ଦାର ପ୍ରଦର୍ଶନ କରି ୨୦ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୩ଟି ସ୍ୱର୍ଣ୍ଣ, ୬ଟି ରୌପ୍ୟ ଓ ୧୧ଟି କାଂସ୍ୟ ପଦକ ରହିଛି। ବିଶ୍ୱର ୧୮ଟି ଇଲାଇଟ୍ ଜିମ୍ନାଷ୍ଟିକ କ୍ଲବ ବିପକ୍ଷରେ ଖେଳି ଜିଏଚପିସି ଆଥ୍‌ଲେଟ୍‌ମାନେ ଏହି ପଦକ ସଫଳତା ପାଇଛନ୍ତି।

ଜୁନିଅର ପୁରୁଷ ଆର୍ଟିଷ୍ଟିକ୍ସ ଜିମ୍ନାଷ୍ଟିକ୍ସ ବର୍ଗରେ ଅଂଶୁମାନ ସୁନ୍ଦରା ସ୍ୱର୍ଣ୍ଣ ପଦକ ଜିତିଥିଲେ। ସେହିଭଳି ଦଳଗତ ଇଭେଣ୍ଟରେ ଅଂଶୁମାନ, ଦେବାଶିଷ ରେଡ୍ଡୀ ଓ ବିରୁଙ୍କୁ ନେଇ ଗଠିତ ଦଳ ପୋଡିୟମର ପ୍ରଥମ ସ୍ଥାନରେ ରହିଥିଲା। ତୃତୀୟ ସ୍ୱର୍ଣ୍ଣପଦକ ସିନିଅର ପୁରୁଷ ଆର୍ଟିଷ୍ଟିକ ଜିମ୍ନାଷ୍ଟିକ୍ସର ଦଳଗତ ଇଭେଣ୍ଟରୁ ଆସିଥିଲା। ସୁମିତ ଧଳ, ମୃତ୍ୟୁଞ୍ଜୟ ପଟ୍ଟନାୟକ ଓ ଜଗଦୀଶ ବାରିକ ସଦସ୍ୟ ରହିଥିଲେ।

ଖେଲୋ ଇଣ୍ଡିଆ ବିଶ୍ୱ ବିଦ୍ୟାଳୟ କ୍ରୀଡ଼ା

# ଫାଇନାଲରେ କିଟ୍ ମହିଳା ହକି ଦଳ



ଭୁବନେଶ୍ୱର, ୧।୧୨ (ସମିସ): ରାଜସ୍ଥାନରେ ଚାଲିଥିବା ଖେଲୋ ଇଣ୍ଡିଆ ବିଶ୍ୱ ବିଦ୍ୟାଳୟ କ୍ରୀଡ଼ାରେ କିଟ୍ ମହିଳା ହକି ଦଳ ଦମ୍‌ଦାର ପ୍ରଦର୍ଶନ ଜାରି ରଖି ଫାଇନାଲରେ ପ୍ରବେଶ କରିଛି। ସୋମବାର ଖେଳାଯାଇଥିବା ଏକ କଡ଼ା ସଂଘର୍ଷପୂର୍ଣ୍ଣ ମ୍ୟାଚରେ କିଟ୍ ପେନାଲ୍ଟି ସୁଟ୍ ଆଉଟ୍‌ରେ ୩-୨ ଗୋଲ୍‌ରେ ଗୁରୁ ନାନକ ଦେବ ବିଶ୍ୱବିଦ୍ୟାଳୟକୁ ପରାସ୍ତ କରିଥିଲା। ଏହି ମ୍ୟାଚର ନିର୍ଦ୍ଧାରିତ ସମୟସୀମା ସୁଦ୍ଧା ଉଭୟ ଦଳ ୨ଟି ଲେଖାଏ ଗୋଲ୍ ଦେଇଥିଲେ। ବୁଧବାର ମହିଳା ହକି ଫାଇନାଲ ଖେଳାଯିବ। ଏଥିରେ ଆଇଟିଏମ୍ ଗ୍ୱାଲିଅର ଓ କିଟ୍ ମଧ୍ୟରେ ଟାଇଟଲ୍ ଲଢ଼େଇ ହେବ। ସେହିଭଳି ଦେବାଶିଷ ସାହୁ ଓ କବୀର ହଂସଙ୍କୁ ନେଇ ଗଠିତ କିଟ୍ ପୁରୁଷ ଟେନିସ ଦଳ ଗୁଜରାଟ ବିଶ୍ୱବିଦ୍ୟାଳୟକୁ ହରାଇ ସେମିଫାଇନାଲରେ ପହଞ୍ଚିଛି। ଅପରପକ୍ଷରେ କିଟ୍ ମହିଳା ଭଲିବଲ୍ ଦଳ ମଧ୍ୟ ପ୍ରଥମ ମ୍ୟାଚରେ ୩-୧ ସେଟରେ ମହାତ୍ମା ଗାନ୍ଧୀ ବିଶ୍ୱବିଦ୍ୟାଳୟକୁ ହରାଇ ଅଭିଯାନ ଆରମ୍ଭ କରିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS